


'ନୋ ଏଣ୍ଟ୍ରି ୨'
ଛାଡ଼ିଲେ ବରୁଣ
▶ପୃଷ୍ଠା ୧୧ ଦେଖନ୍ତୁ...

RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-111 ◆FRIDAY ◆17 OCTOBER 2025 ◆PAGE-12 ◆₹ 6.00 | PANIKOILI | ◆ବର୍ଷ-୪୩ ◆ସଂଖ୍ୟା-୧୧୧ ◆ଶୁକ୍ରବାର ◆୧୭ ଅକ୍ଟୋବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦




# ମହଙ୍ଗା ଭତ୍ତା ୩ % ବଢ଼ିଲା

**ପିଛିଲା ଭାବେ ଜୁଲାଇ ମାସରୁ ଲାଗୁ**

■ **ଭୁବନେଶ୍ୱର, ୧୬।୧୦ (ସମିସ):** ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଦୀପାବଳି ପୂର୍ବରୁ ରାଜ୍ୟ ସରକାରୀ କର୍ମଚାରୀଙ୍କ ମହଙ୍ଗା ଭତ୍ତାରେ ତିନି ପ୍ରତିଶତ ବୃଦ୍ଧି କରିଛନ୍ତି। ଏହା ଫଳରେ ସରକାରୀ କର୍ମଚାରୀଙ୍କ ମହଙ୍ଗା ଭତ୍ତା ୫୫ ପ୍ରତିଶତରୁ ୫୮ ପ୍ରତିଶତକୁ ବୃଦ୍ଧି ପାଇଛି। ଏହା ଜୁଲାଇ ପହିଲା ୨୦୨୫ରୁ ପିଛିଲା ଭାବରେ ଲାଗୁ ହେବ। ଏହି ବର୍ଦ୍ଧିତ ମହଙ୍ଗା ଭତ୍ତା ଚଳିତ ଅକ୍ଟୋବର ମାସ ଦରମାରେ ନଗଦ ଆକାରରେ ମିଳିବ। ଏହା ସହିତ ପେନ୍‌ସନଭୋଗୀ ମାନଙ୍କ ଟିଆଇରେ ମଧ୍ୟ ତିନି ପ୍ରତିଶତ ବୃଦ୍ଧି କରାଯାଇଛି। ସେମାନେ ମଧ୍ୟ ଅନୁରୂପ ଭାବେ ଅକ୍ଟୋବର ମାସ ପେନ୍‌ସନରେ ଏହି ବର୍ଦ୍ଧିତ ଟିଆଇ ପାଇବେ। ଏହା ଦ୍ୱାରା ପ୍ରାୟ ସାଢ଼େ ଆଠ ଲକ୍ଷ ସରକାରୀ କର୍ମଚାରୀ ଓ ପେନ୍‌ସନଭୋଗୀ ଉପକୃତ ହେବେ।

## ଜନସମ୍ପର୍କ ପଦଯାତ୍ରାରେ ନବୀନ

# ଶେଷ ପର୍ଯ୍ୟନ୍ତ ଓଡ଼ିଶା ମା'ର ସେବା ଜାରି ରଖିବି



**ବିଜୁ ଜନତା ଦଳ ଓଡ଼ିଶାବାସୀଙ୍କ ଦଳ**

**ଶଙ୍ଖ ହୁଳହୁଳିରେ ସ୍ୱାଗତ କଲେ ମହିଳା**

**ନବୀନ ଜିନ୍ଦାବାଦ ସ୍ଲୋଗାନରେ କମ୍ପିଲା ଅଞ୍ଚଳ**

■ **ଭୁବନେଶ୍ୱର, ୧୬।୧୦ (ସମିସ):** ବିଜୁ ଜନତା ଦଳ ଆପଣମାନଙ୍କର ଦଳ। ସମଗ୍ର ଓଡ଼ିଶାବାସୀଙ୍କ ଦଳ। ମୁଁ ସବୁବେଳେ ଆପଣଙ୍କ ସହ ରହିଛି ଆଉ ରହିଥିବି। ଶେଷ ପର୍ଯ୍ୟନ୍ତ ଓଡ଼ିଶା ମା'ର ସେବା ଜାରି ରଖିବି ବୋଲି କହିଛନ୍ତି ବିଜେଡି ସଭାପତି ତଥା ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ। ନିଜର ୭୯ତମ ଜନ୍ମଦିନ ତଥା ବିଜେଡି ପକ୍ଷରୁ ଭୁବନେଶ୍ୱର ଏକାମ୍ର ନିର୍ବାଚନ ମଣ୍ଡଳୀର ଗଙ୍ଗନଗର ବିଜୁ ଆଦର୍ଶ କଲୋନୀରେ ଆୟୋଜିତ ଜନସମ୍ପର୍କ ପଦଯାତ୍ରା ଯୋଗଦେଇ ଦଳୀୟ କର୍ମୀଙ୍କୁ ସାଧାରଣ ଲୋକଙ୍କ ସହ ଯୋଡ଼ିହୋଇ ରହିବାକୁ ପରାମର୍ଶ ଦେଇଛନ୍ତି। ସେବା ହିଁ ବିଜୁ ଜନତା ଦଳର ମୂଳମନ୍ତ୍ର, ମୂଳ ଆଦର୍ଶ। ତେଣୁ ଏହାକୁ ବ୍ରତ ବାବେ ଗ୍ରହଣ କରି ସାଧାରଣ ଜନତାଙ୍କ ସେବା ଜାରି ରଖିବାକୁ ସେ କର୍ମୀମାନଙ୍କୁ ପରାମର୍ଶ ଦେଇଛନ୍ତି।

ଗୁରବାର ପୂର୍ବାହ୍ନରେ ସ୍ଥାନୀୟ ଗଙ୍ଗନଗର ବିଜୁ ଆଦର୍ଶ କଲୋନୀରେ ଆୟୋଜିତ ଜନସମ୍ପର୍କ ପଦଯାତ୍ରାରେ ନବୀନ କର୍ମୀମାନଙ୍କ ଗହଣରେ କିଛି ବାଟ ପଦଯାତ୍ରା କରିଥିଲେ। ନବୀନଙ୍କୁ ପାଖରେ ପାଇ ଦଳୀୟ ନେତା ଓ କର୍ମୀମାନେ ବେଶ୍ ଉତ୍ସାହିତ ହୋଇ ପଡ଼ୁଥିବା ବେଳେ ନିଜ ପ୍ରିୟ ନେତାଙ୍କୁ ଦେଖିବା ପାଇଁ ସାଧାରଣ ଲୋକେ ମଧ୍ୟ ଅସମ୍ଭବ ଭିଡ଼ ଜମାଇଥିଲେ। ମହିଳାମାନଙ୍କ ହୁଳହୁଳି, ଶଙ୍ଖ ବାଦନ ସ୍ୱର ସହ ▶ପୃଷ୍ଠା-୭

## ଶିଶୁ ଗ୍ରାମରେ ପାଳିଲେ ଜନ୍ମଦିନ



**ପିଲାଙ୍କୁ ବାଣ୍ଟିଲେ କେକ୍ ଓ ଚକୋଲେଟ**

**ଫୋନ୍ କରି ଶୁଭେଚ୍ଛା ଜଣାଇଲେ ମୁଖ୍ୟମନ୍ତ୍ରୀ**

**ଶୁଭକାମନା କଲେ ଧର୍ମେନ୍ଦ୍ର, ଜୁଏଲ୍, ଶିବରାଜ ଓ ବହୁ ବିଶିଷ୍ଟ ବ୍ୟକ୍ତି**

■ **ଭୁବନେଶ୍ୱର, ୧୬।୧୦ (ସମିସ):** ନିଜର ୭୯ତମ ଜନ୍ମଦିନକୁ ଛୋଟଛୋଟ ପିଲାମାନଙ୍କ ଗହଣରେ ନିଆରା ଢଙ୍ଗରେ ପାଳନ କରିଛନ୍ତି ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ। ନିରାଡମ୍ବର ଜୀବନଶୈଳୀରେ ବିଶ୍ୱାସ ରଖୁଥିବା ନବୀନ ଛୋଟଛୋଟ ପିଲାଙ୍କ ଗହଣରେ ଜନ୍ମଦିନ ପାଳନ କରିବାକୁ ପସନ୍ଦ କରିବା ସହ ସେନମାନଙ୍କ ଗହଣରେ ▶ପୃଷ୍ଠା-୭

# ବିଦାୟ ନେଲା ମୌସୁମୀ

**୨୪ରେ ଲଘୁଚାପ, ଓଡ଼ିଶାରେ ଆଂଶିକ ପ୍ରଭାବ**

■ **ଭୁବନେଶ୍ୱର, ୧୬।୧୦ (ସମିସ):** ସାରା ରାଜ୍ୟରୁ ବିଦାୟ ନେଇଛି ଦକ୍ଷିଣ-ପଶ୍ଚିମ ମୌସୁମୀ ବାୟୁ। ଗତ ୧୩ ତାରିଖରେ ମୌସୁମୀ ଉତ୍ତର ଓଡ଼ିଶାରୁ ଅପସାରଣ ଆରମ୍ଭ ହୋଇଥିଲା। ୩ ଦିନ ମଧ୍ୟରେ ଏହା ସାରା ଓଡ଼ିଶା ସମେତ ସାରା ଦେଶରୁ ବିଦାୟ ନେଇଛି। ମୌସୁମୀ ବିଦାୟ ପରେ ପରେ ରାଜ୍ୟରେ ତାପମାତ୍ରା ଧୀରେ ଧୀରେ ହ୍ରାସ ହେବାରେ ଲାଗିଛି। ଏବେ ରାତିରେ କାକର ମାତ୍ରା ବୃଦ୍ଧି ପାଇଥିବା ବେଳେ କିଛି ମାତ୍ରାରେ ଥଣ୍ଡା ମଧ୍ୟ ବଢ଼ିଛି।

ଅନ୍ୟପଟେ ଆସନ୍ତା ୨୪ ତାରିଖ ବେଳକୁ ବଙ୍ଗୋପସାଗରରେ ଏକ ଲଘୁଚାପ ସୃଷ୍ଟି ହେବାର ସମ୍ଭାବନା ରହିଛି। ପ୍ରାଥମିକ ଆକଳନ ଅନୁଯାୟୀ, ଏହା ଅଧିକ ଘନୀଭୂତ ହୋଇପାରେ। ମାତ୍ର କେତେ ଘନୀଭୂତ ହେବ ତାହା ସ୍ପଷ୍ଟ ହୋଇନାହିଁ। ସମ୍ଭବତଃ ଏହା ଆନ୍ଧ୍ର କିମ୍ବା ତାମିଲନାଡୁ ଉପରେ ସିଧାସଳଖ ପ୍ରଭାବ ପକାଇପାରେ। ଯଦି ଏହା ଆନ୍ଧ୍ର ଉପକୂଳ ମୁହାଁ ହୁଏ, ତେବେ ଓଡ଼ିଶାର ଦକ୍ଷିଣ ଭାଗ ଓ ଏହାର ସଂଲଗ୍ନ କିଛି ଜିଲ୍ଲା ସମେତ ପ୍ରାୟ ଜଗତସିଂହପୁର ପର୍ଯ୍ୟନ୍ତ ବର୍ଷା ହୋଇପାରେ। ବିଶେଷକରି ଉପକୂଳବର୍ତ୍ତୀ କିଛି ଜିଲ୍ଲାରେ ବର୍ଷା ହେବା ସହ ବାକି କିଛି କିଛି ସ୍ଥାନରେ ମେଘୁଆ ପାଗ ସୃଷ୍ଟି ହୋଇପାରେ।



# ଲକ୍ଷେ ଟଙ୍କା ସୁପାରି ଦେଇ ସ୍ୱାମୀଙ୍କୁ ମାରିଲା ସ୍ତ୍ରୀ

## ମା'ର ମୁଖା ଖୋଲିଲା ପୁଅ

ବାରାବାଙ୍କୀ, ୧୬ ।୧୦(ଏଜେନ୍ସି): ଉତ୍ତରପ୍ରଦେଶ ବାରାବାଙ୍କୀରେ ଜଣେ ମହିଳା ସୁପାରି ଦେଇ ନିଜ ସ୍ୱାମୀଙ୍କୁ ହତ୍ୟା କରିବା ଘଟଣା ସାମ୍ନାକୁ ଆସିଛି। ମହିଳାଙ୍କ ୮ ବର୍ଷର ପୁଅ ଏହି ହତ୍ୟାକାଣ୍ଡର ଗୁମର ଖୋଲିବା ସହ ସହ ମା'ଙ୍କ ମୁଖା ଖୋଲିଦେଇଛି। ସ୍ୱାମୀଙ୍କୁ ହତ୍ୟା କରିବାକୁ ମହିଳା ଜଣକ ଜଣେ ଇ- ଅଟୋ ରିକ୍ସା ଡ୍ରାଇଭରକୁ ଲକ୍ଷେ ଟଙ୍କା ଦେଇଥିଲେ। କିନ୍ତୁ ୮ ବର୍ଷର ଶିଶୁ ଏହି ଅପରାଧ ଘଟଣା ପୁଲିସକୁ କହିବା ପରେ ସତ ପଦାକୁ ଆସିଛି। ଏହି ମହିଳା ଜଣକ ହେଉଛନ୍ତି ବାରାବାଙ୍କି ଘୁଙ୍ଗେଟର ଅଞ୍ଚଳର ପୂଜା ଗୌତମ। ସ୍ୱାମୀ ହନୁମନ୍ତଲାଲ୍ ସଡ଼କ ଦୁର୍ଘଟଣାରେ ମୃତ୍ୟୁବରଣ କରିଛନ୍ତି ବୋଲି ପୂଜା ପ୍ରଥମେ କହୁଥିଲେ। କିନ୍ତୁ ତାଙ୍କ ଉପରେ ପୁଲିସର ସନ୍ଦେହ ସୃଷ୍ଟି ହୋଇଥିଲା। ଫଳର ପୁଲିସ ତଦନ୍ତ ଆଗକୁ ବଢ଼ାଇବା ସହ ଅଧିକ ପଚରାଉଚରା କରିଥିଲା। ନିଜ ପୁତୁରାଙ୍କ ସହ ପୂଜାଙ୍କର ଅବୈଧ ସମ୍ପର୍କ ଥିଲା। ଏହା ଜଣାପଡ଼ିବା ପରେ ସ୍ୱାମୀଙ୍କ ସହ ପୂଜାଙ୍କର ଝଗଡ଼ା ହୋଇଥିଲା। ଶେଷରେ ସେ ସ୍ୱାମୀଙ୍କୁ ରାସ୍ତାରୁ ହଟାଇବାକୁ ନିଷ୍ପତ୍ତି ନେଇଥିଲେ। ଏଥିପାଇଁ ସେ ଲକ୍ଷ୍ନୌର ଜଣେ ଇ- ରିକ୍ସା ଅଟୋ ଡ୍ରାଇଭର କମଲେଶଙ୍କୁ ଏକ ଲକ୍ଷ ଟଙ୍କା ଦେଇଥିଲେ। ସୋମବାର ସନ୍ଧ୍ୟାରେ ଏକ ମେଳା ବୁଲିବାକୁ ଯାଇ ଫେରିବା ବେଳେ ପୂଜା କମଲେଶର ଇ- ରିକ୍ସା ବୁକ୍ କରିଥିଲେ। ଫେରିବା ବେଳେ ହନୁମନ୍ତଲାଲ୍‌ଙ୍କୁ ଲୁହା ରଡ଼ରେ ପିଟି କମଲେଶ ହତ୍ୟା କରିଥିଲେ। ଏହାକୁ ଏକ ଦୁର୍ଘଟଣା ରୂପ ଦେବାକୁ ପୂଜା ଓ କମଲେଶ ପ୍ରୟାସ କରିଥିଲେ ମଧ୍ୟ ପୁଅ ପୁଲିସକୁ ସତକଥା କହିଥିଲା।

# ଜାତିଗତ ଜନଗଣନାରେ ସାମିଲ ହେଲେନି ସୁଧା ମୂର୍ତ୍ତି

ବେଙ୍ଗାଲୁରୁ, ୧୬।୧୦ (ଏଜେନ୍ସି): ଇନ୍‌ଫୋସିସ ପ୍ରତିଷ୍ଠାତା ଏନଆର ନାରାୟଣ ମୂର୍ତ୍ତି ଏବଂ ତାଙ୍କ ପତ୍ନୀ ତଥା ରାଜ୍ୟସଭା ସାଂସଦ ସୁଧା ମୂର୍ତ୍ତି କର୍ଣ୍ଣାଟକରେ ଚାଲିଥିବା ଜାତିଗତ ଜନଗଣନାରେ ସାମିଲ ହେବାକୁ ମନା କରିଦେଇଛନ୍ତି। କିଛି ଦିନ ତଳେ ସର୍ଭେ ଟିମ୍ ତାଙ୍କ ଘରକୁ ଯାଇଥିଲା। ସେତେବେଳେ ସେ ନିଜ ଘରର ସର୍ବେକ୍ଷଣ କରାଇବାକୁ ମନା କରିଦେଇଥିଲେ। ରିପୋର୍ଟ ଅନୁଯାୟୀ ସର୍ବେକ୍ଷଣ ଫର୍ମ ପୂରଣ କରିବା ପରିବର୍ତ୍ତେ ସୁଧା ମୂର୍ତ୍ତି ଏକ ଘୋଷଣାପତ୍ରରେ ସ୍ୱାକ୍ଷର କରିଥିଲେ। ଏଥିରେ ସୁଧା ଲେଖିଥିଲେ ଯେ ସେ କୌଣସି ପଛୁଆ ସମ୍ପ୍ରଦାୟର ନୁହଁନ୍ତି। ତେଣୁ ସେହି ସମ୍ପ୍ରଦାୟ ପାଇଁ ସରକାର କରୁଥିବା ସର୍ବେକ୍ଷଣରେ ସେ ଭାଗ ନେବେ ନାହିଁ। କିଛି ବ୍ୟକ୍ତିଗତ କାରଣ ପାଇଁ ରାଜ୍ୟର ପଛୁଆ ବର୍ଗ କମିଶନଙ୍କ ଦ୍ୱାରା ହେଉଥିବା ଏହି ସାମାଜିକ ଏବଂ ଶିକ୍ଷାଗତ ସର୍ବେକ୍ଷଣରେ ସୂଚନା ଦେବାକୁ ମନା କରିଦେଇଥିଲେ ବୋଲି ସୁଧା କହିଛନ୍ତି।

ଏହାକୁ ନେଇ କର୍ଣ୍ଣାଟକ ଉପ-ମୁଖ୍ୟମନ୍ତ୍ରୀ ଡିକେ ଶିବକୁମାର କହିଛନ୍ତି ଯେ ସର୍ବେକ୍ଷଣରେ ଭାଗ ନେବା ନ ନେବା ଇଚ୍ଛାଧୀନ ପ୍ରସଙ୍ଗ। ଯଦି କେହି ସୂଚନା ଦେବାକୁ ଚାହୁଁନାହାନ୍ତି ତେବେ ତାଙ୍କୁ ଏଥିରେ ଭାଗନେବାକୁ ବାଧ୍ୟ କରାଯାଇପାରିବ ନାହିଁ। ସୂଚନା ଅନୁଯାୟୀ କର୍ଣ୍ଣାଟକରେ ଗତ ୨୨ ତାରିଖରେ ଜାତିଗତ ଜନଗଣନା ଆରମ୍ଭ ହୋଇଥିଲା। ଏହାର ସମୟସୀମାକୁ ଅକ୍ଟୋବର ୧୮ ତାରିଖ ପର୍ଯ୍ୟନ୍ତ ବଢ଼ାଇ ଦିଆଯାଇଛି। ଏହି ସର୍ବେକ୍ଷଣ ପାଇଁ ସରକାର ୪୨୦ କୋଟି ଟଙ୍କା ବ୍ୟୟ ଅଟକଳ କରିଛନ୍ତି। ଏଥିପାଇଁ ମାସେ ପର୍ଯ୍ୟନ୍ତ ସ୍କୁଲ ଛୁଟି କରିଦିଆଯାଇଛି। ସରକାରୀ ଶିକ୍ଷକଙ୍କୁ ଏହି କାର୍ଯ୍ୟରେ ଲଗାଯାଇଛି।

# ୫ ଲକ୍ଷ ଲାଞ୍ଚ ନେଇ ଗିରଫ ଡିଆଇଜିଙ୍କ ଘରୁ ୫ କୋଟି ଜବତ

ଅମୃତସର, ୧୬।୧୦ (ଏଜେନ୍ସି): ପାଞ୍ଚ ଲକ୍ଷ ଟଙ୍କା ଲାଞ୍ଚ ନେଉଥିବା ସମୟରେ ପଞ୍ଜାବ ରୋପଡ ରେଞ୍ଜର ଡିଆଇଜି ହରଚରନ ସିଂହ ଭୁଲ୍ଲରଙ୍କୁ ସିବିଆଇ ଗିରଫ କରିଛି। ସେ ମଣ୍ଡି ଗୋବିନ୍ଦଗଡ଼ର ଜଣେ ସ୍କ୍ରାପ ବ୍ୟବସାୟୀଠୁ ଏହି ଲାଞ୍ଚ ମାଗିଥିଲେ। ବ୍ୟବସାୟୀ ଏ ନେଇ ସିବିଆଇ ନିକଟରେ ଅଭିଯୋଗ କରିଥିଲେ। ପରେ ଡିଆଇଜିଙ୍କୁ ଧରିବା ପାଇଁ ସିବିଆଇ ଜାଲ ବିଛାଇ ଥିଲା। ବ୍ୟବସାୟୀ ଗୁରୁବାର ଟଙ୍କା ନେଇ ମୋହାଲି ସ୍ଥିତ ଅଫିସରେ ପହଞ୍ଚି ଥିଲେ। ଏଠାରୁ ସିବିଆଇ ଭୁଲ୍ଲରଙ୍କୁ ଧରିଥିଲା। ଏହା ପରେ ଚଣ୍ଡିଗଡ଼ର ସେକ୍ଟର ୪୦ ସ୍ଥିତି ଡିଆଇଜିଙ୍କ ବାସଭବନ ଏବଂ ମୋହାଲି ଅଫିସରେ ସିବିଆଇର ୪୨ ଜଣିଆ ଟିମ୍ ଚଢ଼ଉ କରିଥିଲା। ତାଙ୍କ କୋଠାରୁ ୫ କୋଟି ଟଙ୍କା ମିଳିଛି। ୩ଟି ବ୍ୟାଗ ଏବଂ ଗୋଟିଏ ଆଟାଚରେ ଏହି ଟଙ୍କା ରଖାଯାଇଥିଲା। ଏହାକୁ ଗଣିବା ପାଇଁ ମେସିନ ମଗା ଯାଇଥିଲା। ଏହା ବ୍ୟତୀତ ବିପୁଳ ଗହଣା, ୧୫ଟି ସମ୍ପତ୍ତି ଏବଂ ବିଳାଶପୂର୍ଣ୍ଣ ଗାଡ଼ିର ମଧ୍ୟ କାଗଜପତ୍ର ମିଳିଛି। ୨୦୦୭ ବ୍ୟାଚ୍‌ର ଏହି ଆଇପିଏସ ଅଧିକାରୀ ରୋପଡ ରେଞ୍ଜରେ କାର୍ଯ୍ୟରତ ଥିବା ସମୟରେ ଏକ ବେଆଇନ କାର୍ ବ୍ୟବସାୟ ସାମ୍ନାକୁ ଆସିଥିଲା। ଏଠାରେ ଚେଚିସ୍ ନମ୍ବର ବଦଳାଇ ସ୍କ୍ରାପ୍ ଗାଡ଼ି ବିକ୍ରି କରାଯାଉଥିଲା। ଏହି ମାମଲାକୁ ଚପାଇବା ପାଇଁ ସେ ବ୍ୟବସାୟୀଙ୍କୁ ମାସକୁ ୨ ଲକ୍ଷ ଏବଂ ପରେ ୫ ଲକ୍ଷ ଟଙ୍କା ଦେବାକୁ କହିଥିଲେ।

# ଚୀନ୍‌ଠାରୁ ଲଢୁଆ ଜେଟ୍ ନେବ ଇଣ୍ଡୋନେସିଆ

ଜାକର୍ତ୍ତା, ୧୬ ।୧୦(ଏଜେନ୍ସି): ଇଣ୍ଡୋନେସିଆ ନିଜର ସାମରିକ କ୍ଷମତା ବୃଦ୍ଧି କରିବାକୁ ନିଷ୍ପତ୍ତି ନେଇଛି। ଚୀନ୍‌ଠାରୁ ଜେ-୧୦ସି ଲଢୁଆ ବିମାନ କ୍ରୟ କରିବ ଇଣ୍ଡୋନେସିଆ। ପ୍ରଥମଥର ପାଇଁ ଇଣ୍ଡୋନେସିଆ କୌଣସି ଅଣ ପାଶ୍ଚାତ୍ୟ ଦେଶଠାରୁ ବିମାନ କିଣିବ ବୋଲି ଇଣ୍ଡୋନେସିଆର ପ୍ରତିରକ୍ଷା ମନ୍ତ୍ରୀ ସଜଫ୍ରି ସଜମସୁଦ୍ଦିନ କହିଛନ୍ତି। ପୂର୍ବରୁ ଚିନ୍ କେବଳ ଏହି ବିମାନ ନିଜ ପାଇଁ ନିର୍ମାଣ କରୁଥିଲା। ଏବେ କିନ୍ତୁ ଚୀନ୍ ଏହାକୁ ଅନ୍ୟ ଦେଶକୁ ଏହି ବିମାନ ବିକିବ। ଏହିକ୍ରମରେ ଇଣ୍ଡୋନେସିଆ ୭୫ ହଜାର କୋଟି ଟଙ୍କା ବିନିମୟରେ ମୋଟ୍ ୪୨ଟି ବିମାନ କ୍ରୟ କରିବ। ତେବେ ଏହି ବିମାନ ଚୀନ୍‌ଠାରୁ କେବେ ମିଳିବ ସେ ନେଇ କିଛି ସ୍ପଷ୍ଟ କରାଯାଇନାହିଁ। ଏହି ବିମାନ ପାକିସ୍ତାନ ପାଖରେ ମଧ୍ୟ ରହିଛି। ଗତ ମେ'ରେ ହୋଇଥିବା ଅପରେସନ ସିନ୍ଦୂରରେ ପାକିସ୍ତାନ ଏହି ବିମାନ ଭାରତ ବିପକ୍ଷରେ ବ୍ୟବହାର କରିଥିଲା। ଇଣ୍ଡୋନେସିଆ ନିଜର ଲଢୁଆ ବିମାନଗୁଡ଼ିକୁ ଅପଗ୍ରେଡ କରାଉଛି। କେବଳ ଚୀନ୍‌ଠାରୁ ନୁହଁ ଫ୍ରାନ୍ସ ଓ ତୁର୍କୀ ଭଳି ୟୁରୋପୀୟ ଦେଶଗୁଡ଼ିକ ଠାରୁ ଇଣ୍ଡୋନେସିଆ ଫାଇଟର ଜେଟ୍ କ୍ରୟ କରିବ।

# ଗୁଜରାଟରେ ଇସ୍ତଫା ଦେଲେ ସବୁ ମନ୍ତ୍ରୀ

ଅହମଦାବାଦ୍, ୧୬ ।୧୦(ଏଜେନ୍ସି): ଗୁଜରାଟ୍‌ରେ ମୁଖ୍ୟମନ୍ତ୍ରୀ ଭୁପେନ୍ଦ୍ର ପଟେଲଙ୍କ କ୍ୟାବିନେଟର ୧୬ ଜଣ ମନ୍ତ୍ରୀ ଗୁରୁବାର ଇସ୍ତଫା ଦେଇଛନ୍ତି। ଶୁକ୍ରବାର ପୂର୍ବାହ୍ଣ ୧୧.୩୦ରେ ମନ୍ତ୍ରୀମଣ୍ଡଳ ସମ୍ପ୍ରସାରଣ ହେବ ଓ ନୂଆ କ୍ୟାବିନେଟ ଶପଥ ଗ୍ରହଣ କରିବେ। ୨୦୨୭ ବିଧାନସଭା ନିର୍ବାଚନକୁ ଦୃଷ୍ଟିରେ ରଖି ଏହି ମନ୍ତ୍ରୀମଣ୍ଡଳ ଅଦଳବଦଳ କରାଯାଉଛି ବୋଲି କୁହାଯାଉଛି। ମନ୍ତ୍ରୀମଣ୍ଡଳରେ ନୂଆ ଚେହେରାଙ୍କୁ ସାମିଲ କରାଯାଇପାରେ ଓ ଦୁଇଜଣ ଉପ- ମୁଖ୍ୟମନ୍ତ୍ରୀଙ୍କୁ ନିଯୁକ୍ତି ଦିଆଯାଇପାରେ ବୋଲି କୁହାଯାଇଛି। ଗୁଜରାଟ କ୍ୟାବିନେଟ୍‌ରେ ମୁଖ୍ୟମନ୍ତ୍ରୀଙ୍କ ସମେତ ୧୭ଜଣ ମନ୍ତ୍ରୀଥିଲେ। ଏଥିରେ ୮ ଜଣ ଲେଖାଏ କ୍ୟାବିନେଟ ଓ ରାଜ୍ୟପାହ୍ୟା ମନ୍ତ୍ରୀ ଥିଲେ। ଏବେ ଏହି ସଂଖ୍ୟ ବୃଦ୍ଧି ପାଇଁ ୨୨-୨୩ ହୋଇପାରେ ବୋଲି କୁହାଯାଉଛି। କଂଗ୍ରେସରୁ ବିଜେପିକୁ ଆସିଥିବା ବିଧାୟକଙ୍କ ମନ୍ତ୍ରୀମଣ୍ଡଳରେ ସାମିଲ କରାଯିବାର ସମ୍ଭାବନା ସୃଷ୍ଟି ହୋଇଛି।

## ଅହମଦାବାଦ ବିମାନ ଦୁର୍ଘଟଣା ମାମଲା

# ପାଇଲଟ ସଭରୱାଲଙ୍କ ବାପା ଓ ସଂଘ ସୁପ୍ରିମକୋର୍ଟଙ୍କ ଦ୍ୱାରସ୍ଥ

ନୂଆଦିଲ୍ଲୀ, ୧୬।୧୦ (ଏଜେନ୍ସି): ଅହମଦାବାଦରେ ଏୟାର ଇଣ୍ଡିଆ ବିମାନ (ଏଆଇ-୧୭୧) ଦୁର୍ଘଟଣାକୁ ନେଇ ବିବାଦ ଥମିବାର ନା ଧରୁନି। ବିମାନ ନିର୍ମାତା କମ୍ପାନୀର ଦୋଷ ଘୋଡ଼ାଇବା ପାଇଁ ପାଇଲଟ୍ ସୁମିତ ସଭରୱାଲଙ୍କ ଉପରେ ଦୋଷ ଲଦାଯାଉଛି। ଏୟାରକ୍ରାଫ୍ଟ ଆକ୍ସିଡେଣ୍ଟ ଇନ୍‌ଭେଷ୍ଟିଗେସନ ବ୍ୟୁରୋ (ଏଏଆଇବି)ର ତଦନ୍ତ ମଧ୍ୟ ଏ ଦିଗରେ ସଙ୍କେତ ଦେଉଛି। ଏହି ରିପୋର୍ଟ ଜାରିହେବା ପରେ ବିଶ୍ୱସନୀୟତାକୁ ନେଇ ପ୍ରଶ୍ନ ଉଠିଥିଲା। ଏପରି ସମୟରେ ଦୁର୍ଘଟଣାରେ ପ୍ରାଣ ହରାଇଥିବା ପାଇଲଟ ସୁମିତଙ୍କ ବାପା ପୁଷ୍କରାଜ ସଭରୱାଲ ଏବଂ ଭାରତୀୟ ପାଇଲଟ ସଂଘ ସୁପ୍ରିମକୋର୍ଟଙ୍କ ଦ୍ୱାରସ୍ଥ ହୋଇଛନ୍ତି। ଏହି ଆବେଦନରେ ଏଏଆଇବିର ଯାଞ୍ଚ ଉପରେ ଭରସା ନାହିଁ ବୋଲି କୁହାଯାଇଛି। ତେଣୁ ସ୍ୱତନ୍ତ୍ର ଯାଞ୍ଚ ଦାବି କରାଯାଇଛି। କୋର୍ଟଙ୍କ ଅନୁଧ୍ୟାନରେ କିମ୍ବା କୋର୍ଟ ଅଫ୍ ଇନକ୍ୱାରୀ ହେଉ ବୋଲି ନିବେଦନ କରାଯାଇଛି।

# ଆଉ କେତେ ମିଛ କହିବେ ଟ୍ରମ୍ପ

## ରୁଷରୁ ଆଉ ତେଲ କିଣିବ ନାହିଁ ଭାରତ: ଟ୍ରମ୍ପ

## ସ୍ପଷ୍ଟ କଲା ବୈଦେଶିକ ବିଭାଗ: ଭାରତ ଏଭଳି କୌଣସି ପ୍ରତିଶ୍ରୁତି ଦେଇନି



ନୂଆଦିଲ୍ଲୀ, ୧୬।୧୦: ରୁଷ-ୟୁକ୍ରେନ ଯୁଦ୍ଧ ରୋକିବାରେ ବିଫଳ ହେବା ପରେ ବିବ୍ରତ ହୋଇପଡ଼ିଛନ୍ତି ଆମେରିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ। ଭାରତ ସମେତ ବିଭିନ୍ନ ଦେଶ ଉପରେ ଅତ୍ୟଧିକ ଶୁଳ୍କ ଧାର୍ଯ୍ୟ କରି ବିଶ୍ୱ ଅର୍ଥନୀତିକୁ ଅସ୍ଥିର କରିଥିବା ଟ୍ରମ୍ପ ଭାରତକୁ ଟାର୍ଗେଟ କରିବାରେ ଲାଗିଛନ୍ତି। ଗୋଟିଏ ପଟେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କୁ ତାଙ୍କ ବନ୍ଧୁ ବୋଲି ବର୍ଣ୍ଣନା କରୁଛନ୍ତି ଏବଂ ଅନ୍ୟପଟେ ଭାରତକୁ ଅଡୁଆରେ ପକାଇବା ଲାଗି କୌଣସି ସୁଯୋଗ ହାତଛଡ଼ା କରୁ ନାହାନ୍ତି। ପହଲଗାମ ଆକ୍ରମଣ ପରେ ଭାରତ ଓ ପାକିସ୍ତାନ ମଧ୍ୟରେ ହୋଇଥିବା ଯୁଦ୍ଧକୁ ରୋକିବାରେ ସେ ମଧ୍ୟସ୍ଥତା କରିଥିଲେ। ତାଙ୍କର ଶୁଳ୍କ ଧମକ ଯୋଗୁଁ ଏହି ଯୁଦ୍ଧ ବନ୍ଦ ହୋଇଥିଲା ବୋଲି କହିଥିଲେ। କିନ୍ତୁ ଭାରତ ଟ୍ରମ୍ପଙ୍କ ଏଭଳି ମନ୍ତବ୍ୟକୁ ଖଣ୍ଡନ କରିବା ପରେ ଟ୍ରମ୍ପ ଭାରତ ଉପରେ କ୍ଷୁବ୍ଧ ହୋଇ ଅତ୍ୟଧିକ ଶୁଳ୍କ ଲଗାଇଛନ୍ତି। ଏହାକୁ ନେଇ ଦୁଇ ଦେଶ ମଧ୍ୟରେ ଅଚଳାବସ୍ଥା ଲାଗି ରହିଥିବା ବେଳେ ଟ୍ରମ୍ପ ଆଜି ପୁଣି ଆଉ ଏକ ମିଛ କହିଛନ୍ତି। ରୁଷ ଠାରୁ ଭାରତ ଆଉ ତେଲ କିଣିବ ନାହିଁ, ପ୍ରଧାନମନ୍ତ୍ରୀ ମୋଦୀ ତାଙ୍କୁ ଏହି ପ୍ରତିଶ୍ରୁତି ଦେଇଥିବା ଟ୍ରମ୍ପ କହିଛନ୍ତି। କିନ୍ତୁ ଭାରତ ତାଙ୍କର ଏହି ମନ୍ତବ୍ୟକୁ ଖଣ୍ଡନ କରିଛି। ପ୍ରଧାନମନ୍ତ୍ରୀ ଏଭଳି କୌଣସି ମନ୍ତବ୍ୟ ଦେଇ ନାହାନ୍ତି ବୋଲି ଭାରତ ସରକାର କହିବା ପରେ ଟ୍ରମ୍ପଙ୍କ ଆଉ ଏକ ମିଛ ଧରାପଡ଼ିଛି।

ରୁଷ ତେଲକୁ ନେଇ ଭାରତ ସଂପର୍କରେ ଟ୍ରମ୍ପଙ୍କ ବିବୃତିକୁ ନେଇ ଭାରତୀୟ ରାଜନୀତି ଆଜି ଦିନସାରା ସରଗରମ ରହିଥିଲା। ଟ୍ରମ୍ପଙ୍କ ଧମକ ଆଗରେ ସରକାର ମୁଣ୍ଡ ନୁଆଁଇଛନ୍ତି ବୋଲି କହି ବିରୋଧୀ ଦଳ ପ୍ରଧାନମନ୍ତ୍ରୀଙ୍କର ସମାଲୋଚନା କରିଥିଲେ। ରୁଷରେ ମଧ୍ୟ ଏହାକୁ ନେଇ ବିଭ୍ରାନ୍ତି ସୃଷ୍ଟି ହୋଇଥିଲା। କିନ୍ତୁ ସନ୍ଧ୍ୟା ଭାରତ ସରକାର ଏକ ସ୍ପଷ୍ଟୀକରଣ ଦେବାପରେ ଏହି ବିବାଦରେ ବିରାମ ଲାଗିଛି। ଭାରତୀୟ ବୈଦେଶିକ ବିଭାଗର ମୁଖପାତ୍ର ରଣଧୀର ଜୟଶ୍ୱାଲ ସ୍ପଷ୍ଟ କରିଛନ୍ତି ଯେ ରୁଷ ତେଲ ନେଇ ଟ୍ରମ୍ପଙ୍କୁ କୌଣସି ପ୍ରତିଶ୍ରୁତି ଦିଆଯାଇନାହିଁ। ଆଜି ସାମ୍ବାଦିକ ସମ୍ମିଳନୀରେ ଗଣମାଧ୍ୟମ ପ୍ରତିନିଧି ତାଙ୍କୁ ଏସଂପର୍କରେ ଅନେକ ପ୍ରଶ୍ନ ପଚାରିଥିଲେ। ଗୋଟିଏ ପ୍ରଶ୍ନର ଉତ୍ତର ଦେଇ ସେ କହିଥିଲେ ଯେ ପ୍ରଧାନମନ୍ତ୍ରୀ ମୋଦୀ ଏବଂ ରାଷ୍ଟ୍ରପତି ଟ୍ରମ୍ପଙ୍କ ମଧ୍ୟରେ ଗତକାଲି କୌଣସି ଟେଲିଫୋନ୍ ଆଲୋଚନା ହୋଇନାହିଁ। ରୁଷ ଠାରୁ ଭାରତ ତେଲ କିଣିବ ନାହିଁ ବୋଲି ପ୍ରଧାନମନ୍ତ୍ରୀ କେବେହେଲେ କହି ନାହାନ୍ତି। ସେ କହିଲେ ଯେ ତେଲ କିଣିବା ସମୟରେ ଭାରତୀୟ ନାଗରିକଙ୍କ ସ୍ୱାର୍ଥକୁ ସର୍ବୋଚ୍ଚ ପ୍ରାଥମିକତା ଦିଆଯିବ। ଯେଉଁ ବଜାରରେ ତେଲ ଶସ୍ତା ମିଳିବ, ଭାରତ ସେହିଠାରୁ ହିଁ କିଣିବ ବୋଲି ସେ ପରୋକ୍ଷରେ ବୁଝାଇ ଦେଇଥିଲେ। ଏହାପୂର୍ବରୁ ଆଜି ତାଙ୍କର ଓଭାଲ ଅଫିସରେ ଏକ ସାମ୍ବାଦିକ ସମ୍ମିଳନୀରେ ଟ୍ରମ୍ପ କହିଥିଲେ ଯେ ରୁଷ ଠାରୁ ଭାରତ ତେଲ କିଣୁଥିବାରୁ ସେ କ୍ଷୁବ୍ଧ ଅଛନ୍ତି। ତେବେ ପ୍ରଧାନମନ୍ତ୍ରୀ ମୋଦୀ ତାଙ୍କୁ ପ୍ରତିଶ୍ରୁତି ଦେଇଛନ୍ତି ଯେ ଭାରତ ଏହି ତେଲ କିଣିବା ବନ୍ଦ କରିଦେବ। କିନ୍ତୁ ଟିକିଏ ସମୟ ଲାଗିବ। ମୋଦୀଙ୍କ ଏହି ପ୍ରତିଶ୍ରୁତିକୁ ମୁଁ ସ୍ୱାଗତ କରୁଛି ବୋଲି ଟ୍ରମ୍ପ କହିଥିଲେ।

# କଂଗ୍ରେସ-ଆର୍‌ଜେଡି ଅଡୁଆ ଛିଡୁନି

ପାଟନା, ୧୬।୧୦ (ଏଜେନ୍ସି): ବିହାରରେ ନିର୍ବାଚନୀ ପାରା ବଢ଼ିବାରେ ଲାଗିଛି। କ୍ଷମତାସୀନ ଏନ୍‌ଡିଏ ମେଣ୍ଟ ଏବଂ ବିରୋଧୀ ଇଣ୍ଡିଆ ମେଣ୍ଟରେ ଟିକଟ ବଣ୍ଟନକୁ କଳି ଛିଡ଼ିବାର ନା ଧରୁନି। ତେବେ ବିଦ୍ରୋହ କରୁଥିବା ଏନ୍‌ଡିଏର ସହଯୋଗୀ ଦଳ ନିଜ ଆଭିମୁଖ୍ୟକୁ ନରମ କରିଛନ୍ତି। କିନ୍ତୁ ଇଣ୍ଡିଆରେ ଅଙ୍କ ଛିଡ଼ିପାରୁ ନାହିଁ। ପ୍ରଥମ ପର୍ଯ୍ୟାୟ ନିର୍ବାଚନ ପାଇଁ ଶୁକ୍ରବାର ପ୍ରାର୍ଥୀପତ୍ର ଦାଖଲ ଶେଷ ହେଉଥିବାବେଳେ କଂଗ୍ରେସ ଏବଂ ଆର୍‌ଜେଡି ମଧ୍ୟରେ ଏ ପର୍ଯ୍ୟନ୍ତ ଟିକଟ ବଣ୍ଟନ ଚୂଡ଼ାନ୍ତ ହୋଇନାହିଁ। ବୁଧବାର ଆରଜେଡି ନେତା ତେଜସ୍ୱୀ ଯାଦବ ଦିଲ୍ଲୀରେ ଥିଲେ ବି କଂଗ୍ରେସର ପ୍ରମୁଖ ନେତୃତ୍ୱଙ୍କୁ ଭେଟିପାରି ନ ଥିଲେ। ପରେ ସେ ଦିଲ୍ଲୀରୁ ଫେରି ରଘୋପୁର ଆସନରୁ ପ୍ରାର୍ଥୀପତ୍ର ଦାଖଲ କରିଥିଲେ। କଂଗ୍ରେସ ମଧ୍ୟ ଆସନ ବୁଝାମଣା ନ କରି ପ୍ରାର୍ଥୀଙ୍କୁ ଟିକଟ ବାଣ୍ଟି ଥିଲା। ମାମଲା ଜଟିଳ ହେଉଥିବା ଦେଖି କଂଗ୍ରେସ ନେତା ରାହୁଲ ଗାନ୍ଧୀ ଏବଂ ଅଧ୍ୟକ୍ଷ ମଲ୍ଲିକାର୍ଜୁନ ଖଡ୍‌ଗେ ଏହି ଅଡୁଆ ଛିଡ଼ାଇବାକୁ ଗୁରୁବାର ଆରଜେଡି ମୁଖ୍ୟ ଲାଲୁ ପ୍ରସାଦ ଯାଦବଙ୍କୁ ଫୋନ କରିଥିଲେ। କିନ୍ତୁ ଏହି ଚର୍ଚ୍ଚାରେ କ'ଣ ନିଷ୍ପତ୍ତି ନିଆଯାଇଥିଲା ତାହା ଏ ପର୍ଯ୍ୟନ୍ତ ଚୂଡ଼ାନ୍ତ ହୋଇନାହିଁ। ପ୍ରାର୍ଥୀପତ୍ର ଦାଖଲ କରିବାକୁ ଗୋଟିଏ ଦିନ ବାକିଥିବାବେଳେ ଆରଜେଡି ଏବଂ କଂଗ୍ରେସ ମଧ୍ୟରେ ଆସନ ବୁଝାମଣା ହୋଇ ନ ପାରିବା ମହାମେଣ୍ଟର ଏକତା ଉପରେ ପ୍ରଶ୍ନ ଉଠାଉଛି। ସୂତ୍ରରୁ ମିଳିଥିବା ସୂଚନା ଅନୁଯାୟୀ କଂଗ୍ରେସକୁ ଦିଆଯାଇଥିବା ସିଟ୍ ଏବଂ କିଛି ମଜବୁତ କ୍ଷେତ୍ରକୁ ନେଇ ଦୁଇ ଦଳ ଭିତରେ ଅଙ୍କ ଛିଡୁନି। ପ୍ରଥମେ ୫୨ଟି ଆସନରେ ଲଢିବା ପାଇଁ ଆରଜେଡି କହିବାରୁ କଂଗ୍ରେସ ଖାରଜ କରି ଅତିକମରେ ୭୦ ସିଟ୍ ମାଗିଥିଲା। ଏହାକୁ ନେଇ ରାଜ୍ୟସ୍ତରରେ ଆରଜେଡି ଏବଂ କଂଗ୍ରେସ ନେତାଙ୍କ ବୈଠକକୁ ମଧ୍ୟ ନିଲମ୍ବିତ କରିଦିଆଯାଇଥିଲା। ପରେ ଏହି ମାମଲା ଦିଲ୍ଲୀକୁ ପଳାଇ ଥିଲା।

ଏହା ପରେ କଂଗ୍ରେସକୁ ୬୧ଟି ସିଟ୍ ଦେବା ପାଇଁ ଆରଜେଡି ରାଜି ହୋଇଥିଲା। କିନ୍ତୁ କଂଗ୍ରେସ ଚାହୁଁଥିବା କିଛି କ୍ଷେତ୍ରକୁ ଛାଡ଼ିବା ପାଇଁ ଲାଲୁଙ୍କ ଦଳ ମନା କରିଦେଇଥିଲା। କହଲଗାଁଓ, ନରକାଟିଆଗଞ୍ଜ ଏବଂ ବସାଲିଗଞ୍ଜ ଭଳି ଆସନକୁ ନିଜ ପାଖରେ ରଖିବାକୁ ଚାହୁଁଥିଲା। ପୂର୍ବରୁ ରାହୁଲଙ୍କ ଭୋଟ ଅଧିକାର ଯାତ୍ରା ପାଇଁ କଂଗ୍ରେସ ନିଜ ଆଭିମୁଖ୍ୟକୁ ଜୋରଦାର କରିବ ବୋଲି କୁହାଯାଉଥିଲା। କିନ୍ତୁ ଏହା ସେତେ ପ୍ରଭାବି ହୋଇ ନ ଥିଲା। ଏଥିପାଇଁ ଦଳ ନରମ ଆଭିମୁଖ୍ୟ ପୋଷଣ କରିଥିଲା। ଏବେ କଂଗ୍ରେସ ୬୧ ଆସନରେ, ଆରଜେଡି ପୂର୍ବାପେକ୍ଷା ଟିକେ କମ୍ ଆସନରେ ଲଢିବ ବୋଲି କୁହାଯାଉଛି।

# ବିଦାୟନେଲା ମୌସୁମୀ

ନୂଆଦିଲ୍ଲୀ, ୧୬ ।୧୦(ଏଜେନ୍ସି): ସାରା ଭାରତରୁ ଦକ୍ଷିଣ ପଶ୍ଚିମ ମୌସୁମୀ ସମ୍ପୂର୍ଣ୍ଣ ଭାବେ ବିଦାୟ ନେଇଛି। କନିର୍ଦ୍ଧାରିତ ସମୟର ଗୋଟିଏ ଦିନ ପରେ ହିଁ ମୌସୁମୀ ବିଦାୟ ନେଇଛି ବୋଲି ଭାରତୀୟ ପାଣିପାଗ ବିଜ୍ଞାନ ବିଭାଗ ଗୁରୁବାର ସୂଚନା ଦେଇଛି। ଏଥର ମୌସୁମୀ ଦୀର୍ଘ ୧୬ ବର୍ଷ ପରେ ଆଗୁଆ ମେ ୨୪ରେ କେରଳରେ ପହଞ୍ଚିଥିଲା। ସବୁଥର ମୌସୁମୀ ଅକ୍ଟୋବର ୧୫ରେ ହିଁ ଦେଶରୁ ସମ୍ପୂର୍ଣ୍ଣ ଭାବେ ବିଦାୟ ନେଇଥାଏ। ନିର୍ଦ୍ଧାରିତ ତାରିଖର ଅଗୁଆ ୯ ଦିନ ପୂର୍ବରୁ ଅର୍ଥାତ ଜୁଲାଇ ୮ରେ ମୌସୁମୀ ସାରା ଦେଶକୁ ଆଚ୍ଛାଦିତ କରିଥିଲା। ୨୦୦୯ ପରେ ମୌସୁମୀ ଏଥର ଶୀଘ୍ର ଆଗମନ କରିଥିଲା। ଏହି ବର୍ଷ ମୌସୁମୀ ମେ ୨୩ରେ ପହଞ୍ଚିଥିଲା। ସାଧରଣତଃ ମୌସୁମୀ ଜୁନ୍ ୧ ସୁଦ୍ଧା କେରଳରେ ପ୍ରଥମେ ପ୍ରବେଶ କରିଥାଏ ଓ ଜୁଲାଇ ୮ରେ ସାରା ଦେଶକୁ ଏହା ଆଚ୍ଛାଦିତ କରିଥାଏ। ସେହିପରି ଏହା ପାଖାପାଖି ସେପ୍ଟେମ୍ବର ୧୭ରେ ଉତ୍ତର-ପଶ୍ଚିମ ଭାରତରୁ ବିଦାୟନେବା ଆରମ୍ଭ କରିଥାଏ ଓ ଅକ୍ଟୋବର ୧୫ରେ ସମ୍ପୂର୍ଣ୍ଣ ଭାବେ ଦେଶରୁ ବିଦାୟ ନେଇଥାଏ।

ମୌସୁମୀର ୪ ମାସ ରହଣୀରେ ଏଥର ସାମାନ୍ୟଠାରୁ ଅଧିକ ବର୍ଷା ହୋଇଛି। ସାଧରଣତଃ ମୌସୁମୀ କାରଣରୁ ୪ ମାସ ମଧ୍ୟରେ ୮୬୮.୬ ମିଲିମିଟର ବର୍ଷା ହୋଇଥାଏ। ଏଥର କିନ୍ତୁ ୯୩୭.୨ ମିଲିମିଟର ବର୍ଷା ହୋଇଛି। ଅର୍ଥାତ ଏଥର ୮ ପ୍ରତିଶତ ଅଧିକ ବର୍ଷା ହୋଇଛି। ଭାରତର ଉତ୍ତରପଶ୍ଚିମ ଅଞ୍ଚଳକୁ ବାଦ୍ ଦେଲେ ମୌସୁମୀ ପରେ ଅକ୍ଟୋବରରୁ ଡିସେମ୍ବର ମଧ୍ୟରେ ସାରା ଦେଶରେ ସାମାନ୍ୟଠାରୁ ଅଧିକ ବର୍ଷା ହେବ ବୋଲି ପାଣିପାଗ ବିଭାଗ ତରଫରୁ କୁହାଯାଇଛି। ଏବର୍ଷ ଅକ୍ଟୋବାରରେ ସାମାନ୍ୟଠାରୁ ୧୫ ପ୍ରତିଶତ ଅଧିକ ବର୍ଷା ହେବ ବୋଲି ପାଣିପାଗ କାର୍ଯ୍ୟାଳୟ ତରଫରୁ କୁହାଯାଇଛି। ସେହିପରି ପୂର୍ବ ଓ ପୂର୍ବାଞ୍ଚଳ ଭାରତରେ ସାମାନ୍ୟଠାରୁ ଏଥର କମ୍ ବର୍ଷା ହୋଇଛି।

# ତାଲିବାନ ଆକ୍ରମଣ ପଛରେ ଭାରତ: ପାକିସ୍ତାନ

## ଭାରତ ପାଇଁ ଛାମୁଆ ଯୁଦ୍ଧ ଲଢୁଛି ତାଲିବାନ

## ଉସୁକାଇଲେ ସାମରିକ କାର୍ଯ୍ୟାନୁଷ୍ଠାନ

ଇସଲାମାବାଦ, ୧୬।୧୦ (ଏଜେନ୍ସି): ଆଫଗାନିସ୍ତାନ ସହ ସଂଘର୍ଷରେ ଲିପ୍ତ ପାକିସ୍ତାନ ଭୋକ ବିକଳରେ ତାଟିଆ କାମୁଡିବାରେ ଲାଗିଛି। ପଡୋଶୀ ଦେଶକୁ ଆତଙ୍କବାଦୀ ପଠାଇ ଅସ୍ଥିରତା ସୃଷ୍ଟି କରୁଥିବା ପାକିସ୍ତାନର ପ୍ରତିରକ୍ଷାମନ୍ତ୍ରୀ ଖ୍ୱାଜା ଆସିଫ ତାଲିବାନ ସହ ସଂଘର୍ଷକୁ ନେଇ ଭାରତ ଉପରେ ଦୋଷ ଲଦିଛନ୍ତି। ସେ ଅଭିଯୋଗ କରିଛନ୍ତି ଯେ ତାଲିବାନର ନିଷ୍ପତ୍ତି ଦିଲ୍ଲୀରେ ନିଆଯାଉଛି। ଭାରତ ପାଇଁ ଆଫଗାନିସ୍ତାନ ଛାମୁଆ ଯୁଦ୍ଧ ଲଢୁଛି। ତେଣୁ ତାଲିବାନ ସହ ହୋଇଥିବା ଅସ୍ତ୍ରବିରତି ବେଶୀ ଦିନ ତିଷ୍ଠିବା ଉପରେ ସନ୍ଦେହ ସୃଷ୍ଟି ହୋଇଛି। କାରଣ ଆଫଗାନ ତାଲିବାନକୁ ଦିଲ୍ଲୀରୁ ସହଯୋଗ ମିଳୁଛି। ଆସିଫ ଚେତାବନୀ ଦେଇ କହିଛନ୍ତି ଯେ ଯଦି ପାକିସ୍ତାନକୁ ଉସୁକାଇବେ ତେବେ ସାମରିକ କାର୍ଯ୍ୟାନୁଷ୍ଠାନ ନିଆଯିବ। ଜବାବ ଦେବା ପାଇଁ ପାକିସ୍ତାନ ପାଖରେ ସମ୍ପୂର୍ଣ୍ଣ କ୍ଷମତା ରହିଛି। ଯଦି ସେମାନେ ଯୁଦ୍ଧର ପରିସର ବୃଦ୍ଧି କରିବେ ତେବେ ଆମେ ଆକ୍ରମଣ କରିବୁ। ମାତ୍ର ଆଲୋଚନା ପାଇଁ ମଧ୍ୟ ପାକିସ୍ତାନ ପ୍ରସ୍ତୁତ ଅଛି।

ତାଲିବାନ ଟ୍ୟାଙ୍କ ଲୁଟିନେବା ଖବରକୁ ଆସିଫ ଅପପ୍ରଚାର କହିଛନ୍ତି। ତାଲିବାନ ସଦସ୍ୟ ଯେଉଁ ମଡେଲ ଟ୍ୟାଙ୍କରେ ଯାଉଥିବା ଦେଖାଯାଉଛି ତାହା ପାକିସ୍ତାନର ନୁହେଁ। ଏହି ଟ୍ୟାଙ୍କ ସେମାନେ କେଉଁଠୁ ଆଣିଲେ ତାହା ଜଣାନାହିଁ। କେଉଁ କବାଡିବାଲାଠାରୁ ନେଇଥିବେ କିମ୍ବା ପୁରୁଣା କାଳର ଟ୍ୟାଙ୍କ ଚଳାଉ ଥିଲେ। ଜାଲ୍ ଫଟୋ କିମ୍ବା ଭିଡିଓ କରି ପ୍ରଚାରପ୍ରସାର କରାଯାଉଛି। କାବୁଲ ପକ୍ଷରୁ କ୍ରମାଗତ ଭାବେ ମିଥ୍ୟା କୁହାଯାଉଛି। ସେମାନେ ଛାମୁଆ ଯୁଦ୍ଧ ଲଢୁଛନ୍ତି। ବିବାଦ ମଧ୍ୟରେ ଆଫଗାନିସ୍ତାନକୁ 'ଟ୍ରାଞ୍ଜିଟ ଟ୍ରେଡ' ସୁବିଧା ଉପରେ ପାକିସ୍ତାନ କଟକଣା ଲଗାଇ ଦିଆଯାଇଛି। ଏଥିଯୋଗୁଁ ବାଣିଜ୍ୟ କାରବାର ପାଇଁ ପାକିସ୍ତାନ ଜମିକୁ ଆଉ ତାଲିବାନ ବ୍ୟବହାର କରିପାରିବ ନାହିଁ। ଏହି ନିଷ୍ପତ୍ତି ପରେ କରାଚି ଏବଂ ପୋର୍ଟ କାସିମରେ ଆଫଗାନିସ୍ତାନ ଯାଉଥିବା ଅନେକ ଟ୍ରକ ଛିଡ଼ା ହୋଇ ରହିଛି। ଲୋଡ୍ ହୋଇସାରିଥିବା କଣ୍ଟେନରକୁ ମଧ୍ୟ ବନ୍ଦରରେ ଓହ୍ଲାଇ ଦିଆଯାଇଛି। ସୂଚନାଯୋଗ୍ୟ ଯେ ଆଫଗାନିସ୍ତାନରେ ସମୁଦ୍ର ନାହିଁ। ତେଣୁ ବାଣିଜ୍ୟ କାରବାର ପାଇଁ ଏହି ଦେଶ ପାକିସ୍ତାନ ଉପରେ ନିର୍ଭରଶୀଳ।

# ସିଜେଆଇଙ୍କୁ ଜୋତା ଫିଙ୍ଗିବା ଆଇନଜୀବୀଙ୍କୁ ମହଙ୍ଗା ପଡ଼ିଲା

ନୂଆଦିଲ୍ଲୀ, ୧୬ ।୧୦(ଏଜେନ୍ସି): ସୁପ୍ରିମକୋର୍ଟ ମୁଖ୍ୟ ବିଚାରପତ ବିଆର ଗଭାଇଙ୍କ ଉପରକୁ ଜୋତା ଫୋପାଡିଥିବା ବରିଷ୍ଠ ଓକିଲି ରାକେଶ କିଶୋରଙ୍କ ସମସ୍ୟା ଏବେ ବଢ଼ିବାରେ ଲାଗିଛି। ଏବେ ତାଙ୍କ ବିରୋଧରେ ଅପରାଧିକ ଅବମାନନା ମାମଲା ଚାଲିବ। ଏ ନେଇ ଦେଶର ଆଟର୍ଣ୍ଣି ଜେନେରାଲ ତୁଷାର ମେହେଟା ରାକେଶଙ୍କ ବିରୋଧରେ ମାମଲା ଆରମ୍ଭ କରିବାକୁ ସହମିତ ପ୍ରଦାନ କରିଛନ୍ତି। ତୁଷାର ଓ ସୁପ୍ରିମକୋର୍ଟ ବାର ଆସୋସିଏସନ (ଏସ୍‌ସିବିଏ) ମୁଖ୍ୟ ତଥା ବରିଷ୍ଠ ଓକିଲ ବିକାଶ ସିଂ ଏ ନେଇ ଜଷ୍ଟିସ ସୂର୍ଯ୍ୟକାନ୍ତ ଓ ଜୟମାଲ୍ୟା ବାଗ୍‌ଚିଙ୍କ ଖଣ୍ଡପୀଠକୁ ଅନୁରୋଧ କରିଛନ୍ତି। ରାକେଶ କିଶୋରଙ୍କ କାର୍ଯ୍ୟ ଓ କଥା ଅତ୍ୟନ୍ତ ନିନ୍ଦନୀୟ ବୋଲି ବିକାଶ ସିଂ କହିଛନ୍ତି। ତାଙ୍କ କାର୍ଯ୍ୟ ସମ୍ପୂର୍ଣ୍ଣ ନ୍ୟାୟ ବ୍ୟବସ୍ଥା ଉପରେ ଏକ ଆକ୍ରମଣ ବୋଲି ସେ କହିଛନ୍ତି। ଏହି ଘଟଣା ଅକ୍ଷମଣନୀୟ ବୋଲି ତୁଷାର କହିଛନ୍ତି। ଗତ ଅକ୍ଟୋବର ୬ରେ ଏକ ଶୁଣାଣି ବେଳେ ରାକେଶ ସିଜେଆଇ ଗଭାଇଙ୍କ ଉପରେକୁ ଜୋତା ଫୋପାଡିବାକୁ ପ୍ରୟାସ କରିଥିଲେ। ଏହି ଘଟଣା ଘଟିଥିଲେ ମଧ୍ୟ ସିଜେଆଇ ଶାନ୍ତ ରହିବା ସହ ନିଜର କାର୍ଯ୍ୟ ଜାରି ରଖିଥିଲେ।

# ସିକ୍ୟୁରିଟି ଗାର୍ଡରୁ ୪୦୦ କୋଟିର ବ୍ୟବସାୟିକ ସାମ୍ରାଜ୍ୟ

ପାଟନା, ୧୬ ।୧୦(ଏଜେନ୍ସି): ବିହାରରେ ବିଧାନସଭା ନିର୍ବାଚନ ପାଇଁ ପ୍ରକ୍ରିୟା ଆରମ୍ଭ ହୋଇଛି। ସବୁ ଦଳଗୁଡିକ ଏଥିପାଇଁ ଜୋରଦାର ପ୍ରସ୍ତୁତି ଆରମ୍ଭ କରିଛନ୍ତି। ପ୍ରଶାନ୍ତ କିଶୋରଙ୍କ ଜନ ସୂରାଜ ପାର୍ଟି ମଧ୍ୟ ଏଥିରେ ପଛରେ ପଡ଼ିନାହିଁ। ଏହି ପାର୍ଟି ଟିକଟରୁ ଲଢ଼ିବାକୁ ଯାଉଥିବା ଜଣେ ପ୍ରାର୍ଥୀଙ୍କ ରୋଚକ ତଥା ପ୍ରେରଣାଦାୟୀ କାହାଣୀକୁ ନେଇ ବିହାରରେ ଚର୍ଚ୍ଚା ଚାଲିଛି। ଏହି ପ୍ରାର୍ଥୀଜଣକ ହେଲେ ୩୮ ବର୍ଷୀୟ ନୀରଜ ସିଂ। ନୀରଜ ଶେଓହର ନିର୍ବାଚନ ମଣ୍ଡଳୀରୁ ସେ ଅବତୀର୍ଣ୍ଣ ହେବେ। ଜଣେ ସିକ୍ୟୁରିଟି ଗାର୍ଡ ଭାବେ ଚାକିରି ଆରମ୍ଭ କରିଥିବା ନୀରଜ ଏବେ ଜଣେ ସଫଳ ବ୍ୟବସାୟୀ ହୋଇପାରିଛନ୍ତି। ଏବେ ସେ ୪୦୦ କୋଟି ଟଙ୍କା ବ୍ୟବସାୟର ମାଲିକ ହୋଇଛନ୍ତି ଓ ଜଣେ ସଫଳ ବ୍ୟବସାୟୀ ଭାବେ ପରିଗଣିତ ହେଉଛନ୍ତି।

ଶେଓହର ଜିଲ୍ଲାର ମଧୁରାପୁର ଗାଁରେ ନୀରଜ ଜନ୍ମ ନେଇଥିଲେ। ଏକ ସାଧାରଣ ପରିବାରରୁ ଆସିଥିବା ନୀରଜ ୧୩ ବର୍ଷରେ ମାଟ୍ରିକ ପାସ୍ କରିଥିଲେ। ପରିବାରର ଆର୍ଥିକସ୍ଥିତ ସୁଧାରିବା ପାଇଁ ସେ ଚାକିରି ଖୋଜିବା ଆରମ୍ଭ କରିଥିଲେ। କିନ୍ତୁ ନାବାଳକ ହୋଇଥିବାରୁ ତାଙ୍କୁ କେହି ଚାକିରି ଦେଇ ନଥିଲେ। ଫଳରେ ସେ ନିଜ ଗାଁରେ ପେଟ୍ରୋଲ- ଡିଜେଲ ବିକ୍ରି ଆରମ୍ଭ କରିଥିଲେ। ଏହାର ୩ ବର୍ଷ ପରେ ସେ ରୋଜଗାର ପାଇଁ ଦିଲ୍ଲୀ ପହଞ୍ଚି ସେଠାରେ ସିକ୍ୟୁରିଟି ଗାର୍ଡ ଭାବେ ଚାକିରି କରିଥିଲେ। ଏହା ପରବର୍ଷ ସେ ପୁଣେ ଯାଇଥିଲେ ଓ ସେଠାରେ ଏକ ଅଫିସ ଆସିଷ୍ଟାଣ୍ଟ ଭାବେ କାର୍ଯ୍ୟ ଆରମ୍ଭ କରିଥିଲେ। ନିଜର ପରିଶ୍ରମ ଓ ଅଧ୍ୟବସାୟ ବଳରେ ସେ ଜଣେ ଏଚ୍‌ଆର ପ୍ରଫେସନାଲ ଭାବେ ନିଜର ପରିଚୟ ସୃଷ୍ଟି କରିବାକୁ ସକ୍ଷମ ହୋଇଥିଲେ। ୨୦୧୦ରେ ନୀରଜ ନିଜର ଶସ୍ୟ ବ୍ୟବସାୟ ଆରମ୍ଭ କରିଥିଲେ। କଠିନ ପରିଶ୍ରମ କରିବା ସହ ସେ ଏହି ବ୍ୟବସାୟକୁ ଆଗକୁ ବଢ଼ାଇଥିଲେ। ଏହା ପରେ ସେ ପଛକୁ ଚାହିଁ ନଥିଲେ। 'ଉଷା ଇଣ୍ଡଷ୍ଟ୍ରୀ' ନାମରେ ଏକ କମ୍ପାନୀ ସ୍ଥାପନ କରିଥିଲେ। ଏହି କମ୍ପାନୀରେ ସେ ଇଟା, ବିଲ୍ଡିଂ ବ୍ଲକ, ଟାଇଲ ଓ ଅନ୍ୟ ସେରାମିକ ଜିନିଷ ଉତ୍ପାଦନ କରୁଥିଲେ। ଧୀରେ ଧୀରେ ସେ ସଡ଼କ ନିର୍ମାଣ ଓ ପେଟ୍ରୋଲ ପମ୍ପ ବ୍ୟବସାୟରେ ପାଦ ଦେଇଥିଲେ। ମୋତିହାରୀସ୍ଥିତ ତାଙ୍କ କମ୍ପାନୀ ବର୍ଷକୁ ୪୦୦ କୋଟି ଟଙ୍କାର ଟର୍ଣ୍ଣ ଓଭର କରୁଛି ଓ ଏଥିରେ ୨, ୦୦୦ରୁ ଅଧିକ ଲୋକ କାର୍ଯ୍ୟ କରୁଛନ୍ତି। ଏକଦା ସାଇକେଲ ଚଢ଼ିବାକୁ ପଇସା ପାଉ ନଥିବା ନୀରଜ ଏବେ ରେଞ୍ଜ ରୋଭର କାର ଚଢୁଛନ୍ତି ଓ ତାଙ୍କ ଅଧା ଡଜନ କାର ରହିଛି। ସେ ଏବେ ନିଜର ପିତାମାତା, ପତ୍ନୀ ଓ ଦୁଇ ପୁଅଙ୍କ ସହ ଏକାଠି ରହୁଛନ୍ତି ଓ ତାଙ୍କ ପାଖରେ ଆଇନ୍‌ର ଡିଗ୍ରୀ ରହିଛି। କେବଳ ବ୍ୟବସାୟ ନୁହଁ ସେ ସମାଜ ମଙ୍ଗଳ କାର୍ଯ୍ୟରେ ମଧ୍ୟ ନିଜକୁ ନିୟୋଜିତ କରିଛନ୍ତି। ସେ ଗରିବ ପରିବାରର ଝିଅମାନଙ୍କ ବିବାହ, ମାଗଣା ସ୍ୱାସ୍ଥ୍ୟ ଶିବିର, ବରିଷ୍ଠ ନାଗରିକଙ୍କ ପାଇଁ ତୀର୍ଥ ଯାତ୍ରାର ବ୍ୟବସ୍ଥା କରାଇବାରେ ନିଜକୁ ନିୟୋଜିତ କରିଛନ୍ତି। ତାଙ୍କ ଉପରେ ଲୋକଙ୍କ ଆଶୀର୍ବାଦ ରହିଛି ସେ ସେ ଆଗାମୀ ନିର୍ବାଚନରେ ବିଜୟୀ ହେବେ ବୋଲି ଆଶା କରାଯାଉଛି।



ସକାଳ
THE SAKALA







ଭୁବନେଶ୍ୱର 'ଏସ୍‌ଓଏସ୍ ଭିଲେଜ'ରେ ଗୁରୁବାର ଶିଶୁମାନଙ୍କ ସହ ନିଜର ୭୯ତମ ଜନ୍ମଦିନ ପାଳନ କରୁଛନ୍ତି ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିଜେଡି ସୁପ୍ରିମୋ ନବୀନ ପଟ୍ଟନାୟକ

## ପୋଖରୀରେ ବୁଡ଼ି ଦୁଇ ସାଙ୍ଗ ମୃତ

ରାଇରଙ୍ଗପୁର/ବିଜାତଳା,୧୬।୧୦(ସମିସ): ମୟୂରଭଞ୍ଜ ଜିଲ୍ଲା ରାଇରଙ୍ଗପୁର ଗ୍ରାମାଞ୍ଚଳ ଥାନା ଅଧୀନ ଚାଡ଼ରିପାହାଡ଼ୀ ଗ୍ରାମରେ ଆଜି ଏକ ଦୁଃଖଦ ଘଟଣା ଘଟିଛି। ପୋଖରୀରେ ବୁଡ଼ି ଦୁଇ ନାବାଳକଙ୍କ ମୃତ୍ୟୁ ହୋଇଛି। ମୃତକଦ୍ୱୟ ହେଲେ, ଦାଶରଥି ହାଁସଦାଙ୍କ ୯ବର୍ଷର ପୁଅ ସାକିଲା ସିଂ ହାଁସଦା ଓ ମୁନିରାମ ମୁର୍ମୁଙ୍କ ୮ବର୍ଷର ପୁଅ ସୁବୋଧ ମୁର୍ମୁ। ଆଜି ସକାଳ ପ୍ରାୟ ୯ଟାରେ ଦୁହେଁ ସାଙ୍ଗ ହୋଇ ଗାଁ ପୋଖରୀକୁ ଗାଧୋଇବାକୁ ଯାଇଥିଲେ। ଗାଧୋଇବା ବେଳେ ଅସାବଧାନତାବଶତଃ ଦୁହେଁ ଗଭୀର ଜଳରାଶିକୁ ଚାଲିଯିବାରୁ ବୁଡ଼ି ଯାଇଥିଲେ। ଅପରପକ୍ଷେ, ଘରକୁ ଫେରିବାରେ ବିଳମ୍ବ ହେବାରୁ ପରିବାରଲୋକେ ପୋଖରୀ ନିକଟରକୁ ଯାଇ ଖୋଜାଖୋଜି କରିଥିଲେ। ସେଠାରେ ଜଣଙ୍କ ଶବ ଭାସୁଥିବା ଦେଖି ପରିବାରଲୋକ ଉଦ୍ଧାର କରିଥିଲେ। ଖବର ପାଇ ଅଗ୍ନିଶମ ବିଭାଗ ଘଟଣାସ୍ଥଳରେ ପହଞ୍ଚି ଅନ୍ୟଜଣଙ୍କୁ ନିଶ୍ଚଳ ଅବସ୍ଥାରେ ଉଦ୍ଧାର କରିଥିଲା। ରାଇରଙ୍ଗପୁର ମେଡିକାଲରେ ଦୁହିଁଙ୍କୁ ମୃତ ଘୋଷଣା କରାଯାଇଥିଲା। ରାଇରଙ୍ଗପୁର ଗ୍ରାମାଞ୍ଚଳ ପୁଲିସ ଶବଦ୍ୱୟକୁ ବ୍ୟବଚ୍ଛେଦ କରାଇ ପରିବାରଲୋକଙ୍କୁ ହସ୍ତାନ୍ତର କରିବା ସହ ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ଏହି ଘଟଣା ପ୍ରଚାରିତ ହେବା ପରେ ଗ୍ରାମରେ ଗଭୀର ଶୋକ ପ୍ରକାଶ ପାଇଛି।

## ଦୁଷ୍କର୍ମକାରୀକୁ ୨୦ ବର୍ଷ ଜେଲ୍

ବାରିପଦା, ୧୬।୧୦(ସମିସ): ମୟୂରଭଞ୍ଜ ଆଡ୍‌ହକ ଅତିରିକ୍ତ ଜିଲ୍ଲା ଓ ଦୌରାଜଜ୍ ତଥା ସ୍ୱତନ୍ତ୍ର ଫାଷ୍ଟଟ୍ରାକ ପୋକ୍‌ସୋ କୋର୍ଟ ଆଜି ଏକ ନାବାଳିକା ଦୁଷ୍କର୍ମ ମାମଲାର ଶୁଣାଣି କରି ଦୁଷ୍କର୍ମକାରୀକୁ ୨୦ ବର୍ଷ ଜେଲ୍ ଓ ୧୦ ହଜାର ଟଙ୍କା ଜରିମାନାରେ ଦଣ୍ଡିତ କରିଛନ୍ତି। ଜରିମାନା ଅନାଦେୟ ହେଲେ ଅଧିକ ୬ ମାସ ଜେଲ୍ ଦଣ୍ଡ ଭୋଗିବାକୁ ରାୟରେ ଉଲ୍ଲେଖ ରହିଛି। ଆସାମୀଜଣଙ୍କ ମୟୂରଭଞ୍ଜ ଜିଲ୍ଲା ବହଳଦା ଥାନା ଅଞ୍ଚଳର ଜଣେ ୫୦ବର୍ଷର ବ୍ୟକ୍ତି। ସାକ୍ଷୀଙ୍କ ବୟାନ, ଡାକ୍ତରୀ ରିପୋର୍ଟ ଓ ପୁଲିସର ତଦନ୍ତ ରିପୋର୍ଟକୁ ଭିତ୍ତି କରି ବିଚାରପତି ସନ୍ତୋଷ କୁମାର ନାୟକ ଉପରୋକ୍ତ ରାୟ ଶୁଣାଇଛନ୍ତି।

୨୦୨୧ ମସିହାରେ ନାବାଳିକାଜଣଙ୍କ ନିଜ ପିଉସାଙ୍କ ଘରେ ରହି ପାଠ ପଢୁଥିଲେ। ଏହାର ଫାଇଦା ନେଇ ପିଉସା ତାକୁ ବାରମ୍ବାର ଦୁଷ୍କର୍ମ କରିଥିଲେ। ଏ ସଂପର୍କରେ କାହାରିକୁ ନ ଜଣାଇବାକୁ ଧମକ ଦେଇଥିଲେ। ତେବେ ନାବାଳିକାଜଣଙ୍କ ୨ ବର୍ଷ ପରେ ମାଟ୍ରିକ୍ ପାସ୍ କରିବା ପରେ ଘଟଣା ବାବଦରେ ନିଜ ପରିବାରଲୋକଙ୍କୁ ଜଣାଇଥିଲା। ଏନେଇ ପରିବାରଲୋକେ ୨୦୨୩ ମାର୍ଚ୍ଚ ୯ତାରିଖରେ ବହଳଦା ଥାନାରେ ଲିଖିତ ଅଭିଯୋଗ କରିଥିଲେ। ସରକାରୀ ଆଇନଜୀବୀ ମନୋରଞ୍ଜନ ପଟ୍ଟନାୟକ ଏହି ମାମଲା ପରିଚାଳନା କରୁଥିଲେ।

## କୃଷି ବିଦ୍ୟାନିଧି ଛାତ୍ରବୃତ୍ତି ପାଇଁ ଆବେଦନ ଆରମ୍ଭ

ଭୁବନେଶ୍ୱର, ୧୫।୧୦(ସମିସ): ଚଳିତ ଶିକ୍ଷାବର୍ଷ ପାଇଁ 'କୃଷି ବିଦ୍ୟାନିଧି ଯୋଜନା'ରେ ଛାତ୍ରବୃତ୍ତି ପାଇଁ ଆବେଦନ ଆରମ୍ଭ ହୋଇଛି। ସିଏମ୍-କିଷାନ୍ ସହାୟତା ରାଶି ପାଉଥିବା କୃଷକ ପରିବାରର ପିଲାମାନେ ନଭେମ୍ବର ୩୦ ତାରିଖ ମଧ୍ୟରେ ଆବେଦନ କରିପାରିବେ। ଡିସେମ୍ବର ୧୫ ତାରିଖ ମଧ୍ୟରେ ଆବେଦନଗୁଡ଼ିକୁ ଶିକ୍ଷାନୁଷ୍ଠାନର ମୁଖ୍ୟ ବା ଅଧ୍ୟକ୍ଷ ଯାଞ୍ଚ କରିବେ। ସେହିପରି ଜାନୁଆରୀ ୧୫ ତାରିଖ ମଧ୍ୟରେ ଆବେଦନଗୁଡ଼ିକୁ ଜିଲ୍ଲା ମୁଖ୍ୟ କୃଷି ଅଧିକାରୀ (ସିଡିଏଓ) ଯାଞ୍ଚ କରିବେ। ଏହାପରେ ଯୋଗ୍ୟ ଛାତ୍ରଛାତ୍ରୀଙ୍କୁ ବୃତ୍ତିରାଶି ପ୍ରଦାନ କରାଯିବ ବୋଲି କୃଷି ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି। ସୂଚନାଯୋଗ୍ୟ 'କାଳିଆ' ଛାତ୍ରବୃତ୍ତିର ନାମ ପରିବର୍ତ୍ତନ କରାଯାଇ କୃଷି ବିଦ୍ୟାନିଧି ଯୋଜନା କରାଯାଇଛି। କୃଷକ ପରିବାରର ପିଲାଙ୍କୁ ବୈଷୟିକ ଶିକ୍ଷା ପାଇଁ ଏହି ଛାତ୍ରବୃତ୍ତି ପ୍ରଦାନ କରାଯିବ।

## ପ୍ରଚଣ୍ଡ ଶବ୍ଦରେ ଥରିଲା ବାଲେଶ୍ୱର

ବାଲେଶ୍ୱର,୧୬।୧୦(ସମିସ): ଗୁରୁବାର ଅପରାହ୍ଣ ପ୍ରାୟ ସାଢ଼େ ୩ଟାରେ ଏକ ପ୍ରଚଣ୍ଡ ଶବ୍ଦରେ ବାଲେଶ୍ୱର ସହର ଥରି ଉଠିଥିଲା। ଏହା ଏତେ ଭୟଙ୍କର ଓ ଭୀଷଣ ଥିଲା ଯେ ଲୋକେ ଭୟରେ ଘର ବାହାରକୁ ଚାଲି ଆସିଥିଲେ।। ହେଲେ କେଉଁ କାରଣରୁ ଓ କେଉଁଠାରୁ ଏହି ଶବ୍ଦ ଆସିଲା, ତାହାର ସଠିକ୍ କାରଣ ଜଣାପଡ଼ି ନଥିବା ବେଳେ ଜେଟ୍‌ର ଶବ୍ଦ କିମ୍ବା ଚାନ୍ଦିପୁରରେ କିଛି ପରୀକ୍ଷଣ ସମୟର ଶବ୍ଦ ବୋଲି ଚର୍ଚ୍ଚା ହେଉଛି। ସେହିପରି, ଭଦ୍ରକ ଏବଂ ମୟୂରଭଞ୍ଜରେ ମଧ୍ୟ ଏପରି ପ୍ରଚଣ୍ଡ ଶବ୍ଦ ଶୁଣିବାକୁ ମିଳିଥିଲା।

## ବିଜେପିର ୪୦ ଜଣିଆ ତାରକା ପ୍ରଚାରକ

### ୨ ମୁଖ୍ୟମନ୍ତ୍ରୀ, ୩ କେନ୍ଦ୍ରମନ୍ତ୍ରୀ କରିବେ ପ୍ରଚାର

ଭୁବନେଶ୍ୱର, ୧୬।୧୦ (ସମିସ): ନୂଆପଡ଼ା ଉପନିର୍ବାଚନ ପ୍ରରିପେକ୍ଷୀରେ ବିଜେଡି ପକ୍ଷରୁ ୪୦ଜଣିଆ ତାରକା ପ୍ରଚାରକ ତାଲିକା ରାଜ୍ୟ ନିର୍ବାଚନ ଅଧିକାରୀଙ୍କୁ ପ୍ରଦାନ କରାଯାଇଛି। ଏହି ତାରକା ପ୍ରଚାରକମାନେ ପ୍ରଚାରର ମଙ୍ଗ ଧରି କାର୍ଯ୍ୟକର୍ତ୍ତାଙ୍କୁ ଉତ୍ସାହିତ କରିବା ସହ ଭୋଟର୍‌ଙ୍କୁ ଆକୃଷ୍ଟ କରିବେ ବୋଲି ରାଜ୍ୟ ବିଜେପି ମୁଖପାତ୍ର ସତ୍ୟବ୍ରତ ପଣ୍ଡା କହିଛନ୍ତି। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ରାଜ୍ୟ ସଭାପତି ମନମୋହନ ସାମଲ, କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ, ଅଶ୍ୱିନୀ ବୈଷ୍ଣବ ଓ ଜୁଏଲ ଓରାମ, ଛତିଶଗଡ଼ ମୁଖ୍ୟମନ୍ତ୍ରୀ ବିଷ୍ଣୁ ଦେଓ ସାଏ, କ୍ଷେତ୍ରୀୟ ପ୍ରଭାରୀ ସୁନୀଲ ବଂଶଲ, ରାଷ୍ଟ୍ରୀୟ ଉପସଭାପତି ତଥା ସାଂସଦ ବୈଜୟନ୍ତ ପଣ୍ଡା, ରାଜ୍ୟ ପ୍ରଭାରୀ ବିଜୟ ପାଲସିଂ ତୋମାର, ରାଜ୍ୟ ସହପ୍ରଭାରୀ ଲତା ଉସେଣ୍ଡୀ ପ୍ରମୁଖ ରହିଛନ୍ତି।

## ଚାକିରି ବେପାର
# 'ମୋଷ୍ଟ ୱାଣ୍ଟେଡ୍' ମୁନ୍ନା ଦଶପଲ୍ଲାରୁ ଗିରଫ

ଭୁବନେଶ୍ୱର,୧୬।୧୦(ସମିସ): ପୁଲିସ ଏସ୍‌ଆଇ କେଳେଙ୍କାରୀ ମାମଲାରେ ଦୁଇ ସହଯୋଗୀ ଶ୍ରୀକାନ୍ତ ମହାରଣା ଓ ସୁକାନ୍ତ ମହାରଣା ସହ ଖସିଯିବାକୁ ଉଦ୍ୟମ କରିଥିବା ଅନ୍ୟତମ ଦଲାଲ 'ମୋଷ୍ଟ ୱାଣ୍ଟେଡ୍' ମୁନ୍ନା ମହାନ୍ତିକୁ ଶେଷରେ ଦଶପଲ୍ଲାରୁ କ୍ରାଇମ୍‌ବ୍ରାଞ୍ଚ ଗିରଫ କରିଛି।

ଏସ୍‌ଆଇ ପରୀକ୍ଷା କେଳେଙ୍କାରୀ ମାମଲା ପଦାକୁ ଆସିବା ପରେ ମୁନା ଫେରାର ହୋଇଯାଇଥିଲା ଏବଂ ଦୁଇ ସହଯୋଗୀ ଶ୍ରୀକାନ୍ତ ଏବଂ ସୁକାନ୍ତଙ୍କ ସହାୟତାରେ ଦଶପଲ୍ଲାରେ ଥିବା ଏକ ଫାର୍ମ ହାଉସ୍‌ରେ ଆତ୍ମଗୋପନ କରିଥିଲା। ଏହି ହାଉସ୍ ଜଙ୍ଗଲ ମଝିରେ ଥିବା ଏଠାକୁ ସାଧାରଣ ଲୋକ ଯାଉ ନ ଥିଲେ। ବିନା ଭୟରେ ମୁନା ଏବଂ ତାର ସହଯୋଗୀମାନେ ସେଠାରେ ରହୁଥିଲେ। କ୍ରାଇମ୍‌ବ୍ରାଞ୍ଚ ଅଭିଯୁକ୍ତଙ୍କ ସମ୍ପର୍କୀୟଙ୍କ ମୋବାଇଲ୍ ଟ୍ରାକ୍ କରିବା ପରେ ଏ ସମ୍ପର୍କରେ ସୂଚନା ପାଇ ଫାର୍ମ ହାଉସରେ ଚଢ଼ଉ ପାଇଁ ବାହାରିଥିଲା। ମାତ୍ର କ୍ରାଇମବ୍ରାଞ୍ଚ ଚଢ଼ଉ ସମ୍ପର୍କରେ ଆଗୁଆ ସୂଚନା ପାଇ ଦୁଇ ସହଯୋଗୀଙ୍କ ସହ ମୁନ୍ନା ସେଠାରୁ ଚମ୍ପଟ ମାରିଥିଲା। ତେବେ ଶେଷରେ କ୍ରାଇମ୍‌ବ୍ରାଞ୍ଚ ମୁନ୍ନାକୁ ଦଶପଲ୍ଲାରୁ ଗିରଫ କରିବାରେ ସକ୍ଷମ ହୋଇଥିଲା।

ଅନୁସନ୍ଧାନରୁ ଜଣାପଡ଼ିଛି ଯେ ଶଙ୍କର ପୃଷ୍ଟି ଓ ମୁନ୍ନା ମହାନ୍ତିଙ୍କ ସହ ଅନେକ ବ୍ୟକ୍ତିଙ୍କ ସମ୍ପର୍କ ରହିଛି। ମାତ୍ର ଏହା ମଧ୍ୟରୁ ରେଡ୍ଡି ନାମକ ଜଣେ ବ୍ୟକ୍ତି ସବୁଠୁ ବଳଶାଳୀ ବୋଲି କୁହାଯାଉଛି। ଓଡ଼ିଶାରେ ଚାକିରି ବିକ୍ରି ଘଟଣା ପଛରେ ରେଡ୍ଡିକୁ ମାଷ୍ଟର ମାଇଣ୍ଡ ବୋଲି କୁହାଯାଉଛି। ଅନେକ ପୁଲିସ ଅଧିକାରୀ, ରାଜନୈତିକ ନେତାଙ୍କ ସହ ରେଡ୍ଡିର ସୁସମ୍ପର୍କ ରହିଛି ବୋଲି ମଧ୍ୟ ସୂଚନା ମିଳିଛି। ତେବେ ଏହି ରେଡ୍ଡି କିଏ ସେ ସମ୍ପର୍କରେ କ୍ରାଇମବ୍ରାଞ୍ଚ ଖୋଳତାଡ଼ ଆରମ୍ଭ କରିଛି। ତେବେ ଏହି ରେଡ୍ଡି ବାସ୍ତବରେ କିଙ୍ଗପିନ୍ ନା ତାକୁ

- ଦଶପଲ୍ଲା ନିକଟରେ ଫାର୍ମ ହାଉସରେ ଲୁଚିଥିଲା
- ସହଯୋଗ କରୁଥିଲେ ଶ୍ରୀକାନ୍ତ ଏବଂ ସୁକାନ୍ତ
- ବିଗ୍ ବସ୍ ରେଡ୍ଡି ପର୍ଯ୍ୟନ୍ତ ପାଉନି କ୍ରାଇମବ୍ରାଞ୍ଚ ହାତ

ମୁଖା ଭାବରେ ରଖି ଆଉ କେହି ଏହି ଚାକିରି ବେପାର ଚଳାଉଥିଲା ତାହା ଏଯାଏ ସ୍ପଷ୍ଟ ହୋଇନାହିଁ।

ଅନ୍ୟପକ୍ଷରେ ପୁଲିସ ଏସ୍‌ଆଇ ନିଯୁକ୍ତି ପରୀକ୍ଷା ଦୁର୍ନୀତି ମାମଲାର ସମସ୍ତ ଅଭିଯୁକ୍ତଙ୍କୁ ଗିରଫ କରାଯିବ ବୋଲି ସୂଚନା ଦେଇଛନ୍ତି ପୁଲିସ ଡିଜି ଯୋଗେଶ ବାହାଦୂର ଖୁରାନିଆ। ସେ କହିଛନ୍ତି ଯେ ପୂର୍ବରୁ ପରୀକ୍ଷା ତ୍ରୁଟିଶୂନ୍ୟ ଏବଂ ଦୁର୍ନୀତି ମୁକ୍ତ କରିବା ପାଇଁ ଆମେ ବ୍ୟବସ୍ଥା କରିଥିଲୁ। ଏଥିପାଇଁ ଜିଲ୍ଲା ଏସ୍‌ପି ଓ ପୁଲିସ ଅଧିକାରୀମାନଙ୍କୁ ସତର୍କ କରାଯାଇଥିଲା। ଖୁବ୍‌ଶୀଘ୍ର ଅନ୍ୟ ସମସ୍ତ ଅଭିଯୁକ୍ତ ଧରାପଡ଼ିବେ ବୋଲି ପୁଲିସ ଡିଜି କହିଛନ୍ତି।

ପୁଲିସ ଏସ୍‌ଆଇ ନିଯୁକ୍ତି ପରୀକ୍ଷା କେଳେଙ୍କାରୀ ମାମଲାରେ ୧୧୯ ଗିରଫ ଘଟଣାରେ ଜେଏମଏଫସି ଗ୍ରାମାଞ୍ଚଳ କୋର୍ଟରେ ପୂର୍ବରୁ ଜାମିନ ନାମଞ୍ଜୁର ହୋଇଥିଲା। ଏହାକୁ ଚ୍ୟାଲେଞ୍ଜ କରି ଜିଲ୍ଲା ଦୌରା ଜଜ୍ କୋର୍ଟରେ ୧୧୩ ଜଣ ଆବେଦନ କରିଛନ୍ତି। ପରବର୍ତ୍ତୀ ଶୁଣାଣି ଆସନ୍ତା ୨୩ ତାରିଖକୁ ଧାର୍ଯ୍ୟ ହୋଇଥିବା ପିପି ବିଶ୍ୱଜିତ ବରାଳ କହିଛନ୍ତି।

ପୁଲିସ ଏସ୍‌ଆଇ ପରୀକ୍ଷା ଟେଣ୍ଡର ଜରିଆରେ ପିଏସ୍‌ୟୁ ଆଇଟିଆଇ ଲିମିଟେଡ୍ ସଂସ୍ଥାକୁ ଦିଆଯାଇଥିଲା। ଏହି ସଂସ୍ଥା ଭୁବନେଶ୍ୱରର ସିଲିକନ୍ ଟେକ୍ନୋଲାବ୍‌କୁ ଓ ସିଲିକନ୍ ପକ୍ଷରୁ ଏହି କାମ ପଞ୍ଚସଫ୍ଟକୁ ଦିଆଯାଇଥିଲା। ପଞ୍ଚସଫ୍ଟକୁ ପରୀକ୍ଷା ପରିଚାଳନା ଲାଗି ୩.୫ଲକ୍ଷ ଟଙ୍କା ପ୍ରଦାନ କରାଯାଇଥିଲା। ପଞ୍ଚସଫ୍ଟ ଟେକ୍ନୋଲୋଜି ଲିମିଟେଡ୍‌ର ନିର୍ଦ୍ଦେଶକ ଭାବେ ଶଙ୍କର ପୃଷ୍ଟି କାର୍ଯ୍ୟ କରୁଥିଲା। ଯେଉଁଠାରେ ଯାବତୀୟ କେଳେଙ୍କାରୀ ହୋଇଥିବା ଜଣାପଡ଼ିଛି। ବଡ଼ କଥା ହେଲା କ୍ରାଇମ୍‌ବ୍ରାଞ୍ଚ ଶଙ୍କର ପୃଷ୍ଟିର ରଘୁନାଥପୁର ଏବଂ ଅନ୍ୟ ଅଫିସରେ ଚଢଉ କରିଥିଲେ ମଧ୍ୟ ସତ୍ୟନଗରରେ ଥିବା ଶଙ୍କରର ଅଫିସ୍‌କୁ ଚଢଉ ନ କରିବାକୁ ନେଇ ସନ୍ଦେହ ବଢିଛି। କଣ ପାଇଁ ସେଠାରେ କ୍ରାଇମ୍‌ବ୍ରାଞ୍ଚ ଚଢଉ କଲାନାହିଁ ବୋଲି ପ୍ରଶ୍ନ ଉଠିଛି।

## ଭିଜିଲାନ୍ସ କୋର୍ଟକୁ ଗଲା ଏସ୍‌ଆଇ ପରୀକ୍ଷା କେଳେଙ୍କାରୀ ମାମଲା

ବ୍ରହ୍ମପୁର,୧୬।୧୦(ସମିସ): ପୁଲିସ ଏସ୍‌ଆଇ ପରୀକ୍ଷା କେଳେଙ୍କାରୀ ମାମଲା ଏବେ ଭିଜିଲାନ୍ସ କୋର୍ଟକୁ ଯାଇଛି। ଆଜି ବ୍ରହ୍ମପୁର ଜିଲ୍ଲା ଦୌରାଜଜ୍ କୋର୍ଟରୁ ଭିଜିଲାନ୍ସ କୋର୍ଟକୁ ମାମଲା ସ୍ଥାନାନ୍ତର ହୋଇଛି। ଗିରଫ ୧୧୯ ଅଭିଯୁକ୍ତଙ୍କ ମଧ୍ୟରୁ ୧୧୩ଜଣ ଏ ଭିତରେ ଜାମିନ ଆବେଦନ କରିଥିଲେ। ଆଜି ଏହାର ଶୁଣାଣି ଥିଲା। ଜିଲ୍ଲା ଦୌରାଜଜ୍ ଏହାକୁ ଭିଜିଲାନ୍ସ କୋର୍ଟକୁ ସ୍ଥାନାନ୍ତର କରିବା ପରେ ସେଠାରେ

- ୨୩ରେ ୧୩ ଅଭିଯୁକ୍ତଙ୍କ ଜାମିନ ଆବେଦନର ଶୁଣାଣି
- କେସ୍ ଡାଏରି ଦାଖଲ କରିବାକୁ କ୍ରାଇମବ୍ରାଞ୍ଚକୁ କୋର୍ଟଙ୍କ ନିର୍ଦ୍ଦେଶ

ଶୁଣାଣି ହୋଇଥିଲା। ତେବେ କ୍ରାଇମବ୍ରାଞ୍ଚ ମାମଲାର କେସ୍ ଡାଏରି ଓ ଅନ୍ୟ ଦସ୍ତାବିଜ୍ ଦାଖଲ କରିନଥିବାରୁ ଶୁଣାଣି ହୋଇପାରିନଥିଲା। ଆସନ୍ତା ୨୩ତାରିଖକୁ ମାମଲାର ପରବର୍ତ୍ତୀ ତାରିଖ ଧାର୍ଯ୍ୟ କରାଯାଇଛି। ଉକ୍ତ ଦିନ ମାମଲାର ଶୁଣାଣି ହେବ। ତେଣୁ, ୨୩ ତାରିଖ ସୁଦ୍ଧା ମାମଲାର କେସ୍ ଡାଏରି ଓ ଅନ୍ୟ ପ୍ରମାଣପତ୍ର ଦାଖଲ କରିବାକୁ କ୍ରାଇମବ୍ରାଞ୍ଚକୁ କୋର୍ଟଙ୍କ ନିର୍ଦ୍ଦେଶ ହୋଇଛି। ୧୧୪ପରୀକ୍ଷାର୍ଥୀଙ୍କ ସମେତ ୩ଜଣ ଦଲାଲଙ୍କୁ ବ୍ରହ୍ମପୁର ଗୋଳନ୍ଥରା ପୁଲିସ ଗିରଫ କରିଥିବା ବେଳେ କ୍ରାଇମବ୍ରାଞ୍ଚ ପକ୍ଷରୁ ଆଉ ୨ଜଣ ଦଲାଲ ଅରବିନ୍ଦ ଦାସ ଓ ବିଶ୍ୱରଞ୍ଜନ ବେହେରାଙ୍କୁ ଗିରଫ କରି କୋର୍ଟଚାଲାଣ କରାଯାଇଥିଲା। ଏହି ମାମଲାରେ ଏଯାବତ୍ ୧୧୯ ଜଣ ଗିରଫ ହୋଇ ବ୍ରହ୍ମପୁର ଜେଲରେ ବିଚାର ବିଭାଗୀୟ ହାଜତରେ ଅଛନ୍ତି।

## ବିଜେଡିକୁ ଫେରିଲେ ନୂଆପଡ଼ାର ବରିଷ୍ଠ ଆଦିବାସୀ ନେତା

ଭୁବନେଶ୍ୱର,୧୬।୧୦(ସମିସ): ବିଜେଡି ସଭାପତି ନବୀନ ପଟ୍ଟନାୟକଙ୍କ ନିର୍ଦ୍ଦେଶକ୍ରମେ ଉପସଭାପତି ପ୍ରତାପ ଜେନା ଜିଲ୍ଲା ଆଦିବାସୀ କଲ୍ୟାଣ ସଂଘର ସଭାପତି ତଥା ନୂଆପଡ଼ା ଜିଲ୍ଲା ପରିଷଦ ସଦସ୍ୟ



ଭାନୁପ୍ରତାପ ସିଂହ ମାଝୀଙ୍କର ବହିଷ୍କାର ପ୍ରତ୍ୟାହାର କରିଛନ୍ତି। ବହିଷ୍କାର ପ୍ରତ୍ୟାହାର ପରେ ଶଙ୍ଖ ଭବନଠାରେ ଶ୍ରୀ ମାଝୀଙ୍କୁ ଦଳ ପକ୍ଷରୁ ଭବ୍ୟ ସ୍ୱାଗତ କରାଯାଇଛି। ଦଳର ବରିଷ୍ଠ ଉପସଭାପତି ଦେବୀପ୍ରସାଦ ମିଶ୍ର, ଉପସଭାପତି ପ୍ରତାପ ଜେନା, ଉପସଭାପତି ଅତନୁ ସବ୍ୟସାଚୀ ନାୟକ ଓ ରାଜ୍ୟସଭା ସାଂସଦ ତଥା ସାଧାରଣ ସମ୍ପାଦକ ନିରଞ୍ଜନ ବିଶି ଶ୍ରୀ ମାଝୀଙ୍କୁ ପୁଷ୍ପଗୁଚ୍ଛ ଓ ଉତ୍ତରୀୟ ଦେଇ ଦଳକୁ ସ୍ୱାଗତ କରିଛନ୍ତି।

ଉଲ୍ଲେଖ୍ୟଯୋଗ୍ୟ, ନୂଆପଡ଼ା ଜିଲ୍ଲା ଗଠନରେ ପ୍ରମୁଖ ଭୂମିକା ଗ୍ରହଣ କରିଥିବା ପୂର୍ବତନ ମନ୍ତ୍ରୀ ସ୍ୱର୍ଗତ ଘାସିରାମ ମାଝୀଙ୍କ ପୁତୁରା ହେଉଛନ୍ତି ଭାନୁପ୍ରତାପ ସିଂହ ମାଝୀ। ଶ୍ରୀ ମାଝୀ ତିନି ତିନିଥର ଜିଲ୍ଲା ପରିଷଦ ସଭ୍ୟ ନିର୍ବାଚିତ ହୋଇଥିଲା ବେଳେ ଜିଲ୍ଲା ଆଦିବାସୀ କଲ୍ୟାଣ ସଂଘର ସଭାପତି ଅଛନ୍ତି। ଏହି ଅବସରରେ ଶ୍ରୀ ମାଝୀ ତାଙ୍କ ବକ୍ତବ୍ୟରେ କହିଛନ୍ତି ଯେ ବିଜୁବାବୁଙ୍କ ଆଦର୍ଶରେ ଅନୁପ୍ରାଣିତ ଏବଂ ନବୀନ ବାବୁଙ୍କ ନେତୃତ୍ୱରେ ମୁଁ ଦୀର୍ଘ ଦିନ ଧରି ପ୍ରଥମେ ଜନତା ଦଳ ଏବଂ ପରେ ବିଜୁ ଜନତା ଦଳରେ କାର୍ଯ୍ୟ କରିଆସୁଛି। ଦଳରୁ ବହିଷ୍କୃତ ହୋଇଥିଲେ ମଧ୍ୟ କୌଣସି ଅନ୍ୟ ଦଳରେ ଯୋଗ ଦେଇନାହିଁ। ବିଜେଡିର ନୀତି ଆଦର୍ଶରେ ବିଶ୍ୱାସ ରଖି ରାଜନୀତି କରିଆସୁଛି। ଆଜି ବହିଷ୍କାର ଆଦେଶ ପ୍ରତ୍ୟାହୃତ ହେବା ପରେ ମୁଁ ମୋର ନିଜ ଘରୁ ଫେରି ଆନନ୍ଦିତ। ବର୍ତ୍ତମାନ ନୂଆପଡ଼ା

- ଭାନୁ ପ୍ରତାପ ସିଂହ ମାଝୀଙ୍କ ପ୍ରତ୍ୟାବର୍ତ୍ତନ, ବିଜେଡିର ଶକ୍ତି ବୃଦ୍ଧି
- ନୂଆପଡ଼ାରେ ବିଜେଡିର ବିଜୟ ସୁନିଶ୍ଚିତ: ଭାନୁପ୍ରତାପ

ଉପନିର୍ବାଚନରେ ବିଜେଡିର ପ୍ରାର୍ଥିନୀ ସ୍ନେହାଙ୍ଗିନୀ ଛୁରିଆଙ୍କ ବିପୁଳ ବିଜୟ ପାଇଁ ନିଷ୍ଠାର ସହ କାର୍ଯ୍ୟ କରିବୁ। ନବୀନ ବାବୁଙ୍କ କାର୍ଯ୍ୟକାଳ ସମୟରେ ନୂଆପଡ଼ା ଜିଲ୍ଲାରେ ବିଭିନ୍ନ ବିକାଶମୂଳକ କାର୍ଯ୍ୟ ହେବା ସହ ଆଦିବାସୀମାନଙ୍କର ବିକାଶ ପାଇଁ ବହୁ ଉନ୍ନୟନମୂଳକ ପଦକ୍ଷେପ ନିଆଯାଇଛି। ନୂଆପଡ଼ାବାସୀ ବିଜେଡି ସହିତ ଅଛନ୍ତି ଏବଂ ଆଗାମୀ ଉପନିର୍ବାଚନରେ ଦଳର ବିଜୟ ସୁନିଶ୍ଚିତ ବୋଲି ଶ୍ରୀ ମାଝୀ ଦମ୍ଭୋକ୍ତି ପ୍ରକାଶ କରିଛନ୍ତି।

## ନୂଆପଡ଼ାରେ ମୁଖ୍ୟମନ୍ତ୍ରୀଙ୍କ ବକ୍ତବ୍ୟ ଅନ୍ତଃସାର ଶୂନ୍ୟ: ବିଜେଡି

ଭୁବନେଶ୍ୱର୧୬।୧୦(ସମିସ): ଗୁରବାର ନୂଆପଡାରେ ଏକ ସାଧାରଣ ସଭାରେ ଯୋଗଦେଇ ମୁଖ୍ୟମନ୍ତ୍ରୀ ମୋହନ ମାଝୀ ନୂଆପଡା ଡବଲ ଇଞ୍ଜିନର ବିକାଶ ଦେଖିବ ବୋଲି ଦେଇଥିବା ମନ୍ତବ୍ୟକୁ କଡ଼ା ସମାଲୋଚନା କରିଛି ବିଜେଡି। ମୁଖ୍ୟମନ୍ତ୍ରୀଙ୍କ ହତାଶ ଭାବ ତାଙ୍କ ଭାଷଣରେ ପରିଲକ୍ଷିତ ହୋଇଛି; ଚିରାଚରିତ ଢଙ୍ଗରେ ସେ କେବଳ ଗୁଡିଏ ଗପ ଶୁଣାଇଛନ୍ତି, ଯାହାକୁ କେବେ ବି ନୂଆପଡାବାସୀ ଗ୍ରହଣ କରିବେ ନାହିଁ ବୋଲି କହିଛି ବିଜେଡି।

ବିଜେଡି ମୁଖପାତ୍ର ଲେନିନ ମହାନ୍ତି କହିଛନ୍ତି ଯେ ମୁଖ୍ୟମନ୍ତ୍ରୀଙ୍କ ଉପସ୍ଥିତିରେ ବିଜେପି ପ୍ରାର୍ଥୀ ଆଜି ମନୋନୟନ ପତ୍ର ଦାଖଲ କରିବେ ବୋଲି କୁହାଯାଇଥିଲା ; କିନ୍ତୁ ତାହା ହୋଇ ପାରିଲା ନାହିଁ। ବିଜେପିରେ ପ୍ରାର୍ଥୀଙ୍କୁ ନେଇ ସୃଷ୍ଟି ହୋଇଥିବା ଅନ୍ତଦ୍ୱନ୍ଦ୍ୱ ଏବେବି ସମାଧାନ ହୋଇ ପାରିନାହିଁ । ସମ୍ଭବତଃ ସେହି କାରଣରୁ ମୁଖ୍ୟମନ୍ତ୍ରୀଙ୍କ ହତାଶଭାବ ସୃଷ୍ଟି ହୋଇଛି । ମୁଖ୍ୟମନ୍ତ୍ରୀ ଆଜି ଦେଇଥିବା ବକ୍ତବ୍ୟ ଅନ୍ତଃସାର ଶୂନ୍ୟ ଥିଲା। କେବଳ ବିଜେପିର ବିଜୟ ନିଶ୍ଚିତ ବୋଲି ଦାବି କରିବା ଛଡା ତାଙ୍କ ବକ୍ତବ୍ୟରେ ଆଉ କିଛି ନଥିଲା। ପ୍ରବାଦ ପୁରୁଷ ବିଜୁ ବାବୁ ମୁଖ୍ୟମନ୍ତ୍ରୀ ଥିବା ସମୟରେ ନୂଆପଡା ଜିଲ୍ଲା ଜନ୍ମ ନେଇଥିଲା। ନବୀନ ପଟ୍ଟନାୟକଙ୍କ ମୁଖ୍ୟମନ୍ତ୍ରୀତ୍ୱ ସମୟରେ ନୂଆପଡାର ବିକାଶ ତ୍ୱରାନ୍ୱିତ ହୋଇଥିଲା। ପୂର୍ବରୁ ନୂଆପଡା ଜିଲ୍ଲା ଏକ ମରୁଡି ପ୍ରପୀଡ଼ିତ ଜିଲ୍ଲା ଭାବେ ପରିଚିତ ଥିଲା ବେଳେ ନବୀନ ପଟ୍ଟନାୟକଙ୍କ ସମୟରେ ଅପର-ଜଙ୍କ ଏବଂ ଲୋୟର ଇନ୍ଦ୍ର ଜଳସେଚନ ପ୍ରକଳ୍ପ କାର୍ଯ୍ୟକ୍ଷମ ହେବା ପରେ ନୂଆପଡା ସବୁଜିମାର ରୂପ ନେଇଥିଲା। ସେହିପରି ଗମନାଗମନ କ୍ଷେତ୍ରରେ, ବିଜୁ ଏକ୍ସପ୍ରେସ ୱେ ନିର୍ମାଣ ହେବା ପରେ

- ଗତ ୧୬ ମାସରେ ଡବଲ ଇଞ୍ଜିନ ସରକାର ଫେଲ ମାରିଛି
- ମୁଖ୍ୟମନ୍ତ୍ରୀଙ୍କ ବକ୍ତବ୍ୟରେ ହତାଶଭାବ ସ୍ପଷ୍ଟ ପରିଲକ୍ଷିତ ହୋଇଛି
- ହୋଇ ପାରିଲାନି ବିଜେପି ପ୍ରାର୍ଥୀଙ୍କ ମନୋନୟନ ପତ୍ର ଦାଖଲ

ଐତିହାସିକ ପ୍ରଗତି ହାସଲ ହୋଇଛି। ଜିଲ୍ଲାର ସମସ୍ତ ସ୍କୁଲ ଓ ହସ୍ପିଟାଲର ରୂପାନ୍ତିକରଣ ହୋଇ ଶିକ୍ଷା ସ୍ୱାସ୍ଥ୍ୟ କ୍ଷେତ୍ରରେ ବିକାଶ ହୋଇଛି। ନବୀନ ପଟ୍ଟନାୟକଙ୍କ ନେତୃତ୍ୱରେ ନୂଆପଡାରେ 'ଝିଅ ପାଇଁ ଗଛ ଟିଏ' କାର୍ଯ୍ୟକ୍ରମ ହାତକୁ ନେଇ ମହିଳା ସଶକ୍ତିକରଣକୁ ସେ ଅଞ୍ଚଳରେ ଦୃଢ କରିଥିଲେ। ଏହା ଦ୍ୱାରା ସେଠାରେ ମହିଳା ଓ ପୁରୁଷଙ୍କ ମଧ୍ୟରେ ଥିବା ଅନୁପାତ ୧୦୨୦କୁ ବୃଦ୍ଧି ପାଇଥିଲା । ନୂଆପଡାବାସୀ ବିଜୁ ଜନତା ଦଳ ସହିତ ଅଛନ୍ତି । ଉପନିର୍ବାଚନରେ ନୂଆପଡାବାସୀ ବିଜେଡି ସପକ୍ଷରେ ମତଦାନ କରିବେ ବୋଲି ଡ. ମହାନ୍ତି ଦୃଢୋକ୍ତି କରିଛନ୍ତି।

## ସରକାରୀ ଜମିକୁ ନେଇ ଦୁଇ ଗ୍ରାମବାସୀ ମୁହାଁମୁହିଁ
# ହନୁମାନ ବାଟିକା ରଣକ୍ଷେତ୍ର

**ସାନଖେମୁଣ୍ଡି, ୧୬।୧୦ (ସମିସ):** ଗଞ୍ଜାମ ଜିଲ୍ଲା ସାନଖେମୁଣ୍ଡି ତହସିଲ, ପାଟପୁର ଥାନା ଅନ୍ତର୍ଗତ ଡେଙ୍ଗାଓସ୍ତା ଛକ ନିକଟରେ ଥିବା ଏକ ସରକାରୀ ଜମିକୁ ନେଇ ଗୁରୁବାର ଦୁଇ ଗ୍ରାମବାସୀଙ୍କ ମଧ୍ୟରେ ଖଣ୍ଡଯୁଦ୍ଧ ହୋଇଛି। ସାନଖେମୁଣ୍ଡି ତହସିଲ କାର୍ଯ୍ୟାଳୟ ଘେରାଉଠାରୁ ଆରମ୍ଭ କରି ଟାୟାର ଜାଳି ରାଜପଥ ଅବରୋଧ, ଢେଲାପଥର ମାଡ଼ ଭଳି ହିଂସା ଘଟିଛି। ଏପରିକି, ଗୋଟିଏପକ୍ଷର ଢେଲା, ପଥର ମାଡ଼ରେ ଉକ୍ତ ଜାଗାରେ ନିର୍ମାଣ ହୋଇଥିବା ହନୁମାନ ବାଟିକାର ବ୍ୟାପକ କ୍ଷୟକ୍ଷତି ହୋଇଥିବା ବେଳେ ୫ଜଣ ଆହତ ହୋଇଛନ୍ତି। ପରିସ୍ଥିତି ନିୟନ୍ତ୍ରଣ ପାଇଁ ଉକ୍ତ ସ୍ଥାନରେ ବିଏନ୍‌ଏସ୍‌ଏସ୍ ଧାରା ୧୬୩ ଲାଗୁ କରାଯିବା ସହ ୪ ପ୍ଲାଟୁନ୍ ପୁଲିସ ଫୋର୍ସ ମୁତୟନ କରାଯାଇଛି। ଖବର ଲେଖା ହେବା ସୁଦ୍ଧା, ପରିସ୍ଥିତି ଉତ୍ତେଜନାପୂର୍ଣ୍ଣ ଥିବାରୁ ପୁଲିସ ଉକ୍ତ ଅଞ୍ଚଳରେ ତୀକ୍ଷ୍ଣ ନଜର ରଖିଛି।

ସୂଚନାନୁଯାୟୀ, ଦୀର୍ଘ ବର୍ଷ ହେଲା ଡେଙ୍ଗାଓସ୍ତା ଛକ ନିକଟରେ ଏକ ପରିତ୍ୟକ୍ତ ପୋଖରୀକୁ ସାନଖେମୁଣ୍ଡି ପ୍ରଶାସନ ପକ୍ଷରୁ ପୋତି ଦିଆଯାଇଥିଲା। ଉକ୍ତ ପୋଖରୀଟି ରତ୍ନମଣିପୁର ଗ୍ରାମରେ ଥିବାରୁ ଗ୍ରାମବାସୀ ଉକ୍ତ ସ୍ଥାନରେ ଏକ ହନୁମାନ ବାଟିକା ନିର୍ମାଣ କରିବା ପାଇଁ ଯୋଜନା କରିଥିଲେ। ଉକ୍ତ ହନୁମାନ ବାଟିକା ନିର୍ମାଣ କାର୍ଯ୍ୟ ଆରମ୍ଭ ହେବା ପରଠାରୁ ଉଭୟ ରତ୍ନମଣିପୁର ଓ ସିଙ୍ଗିପୁର ଗ୍ରାମ ମଧ୍ୟରେ ତିକ୍ତତା ଆରମ୍ଭ ହୋଇଥିଲା। ଏପରିକି, କଥା ତହସିଲ, ଥାନା ଓ ଜିଲ୍ଲା ପ୍ରଶାସନ ପାଖକୁ ବାରମ୍ବାର ଯାଇଥିଲେ ହେଁ ସମାଧାନର ରାସ୍ତା ବାହାରି ପାରିନଥିଲା। ଫଳରେ ଉଭୟ ଗ୍ରାମବାସୀ ସାନଖେମୁଣ୍ଡି ତହସିଲ କାର୍ଯ୍ୟାଳୟକୁ ବାରମ୍ବାର ଘେରାଉ ମଧ୍ୟ କରିଥିଲେ। ପରେ ସାନଖେମୁଣ୍ଡି



- ଟେକାପଥର ମାଡ଼ରେ ୫ ଆହତ
- ଧାରା ୧୬୩ ଜାରି, ୪ ପ୍ଲାଟୁନ୍ ଫୋର୍ସ ମୁତୟନ

ପ୍ରଶାସନ ପକ୍ଷରୁ ଏକ ଶାନ୍ତି କମିଟି ଗଠନ ହେଇଥିଲା। ଉଭୟ ଗ୍ରାମବାସୀଙ୍କ ଉପସ୍ଥିତିରେ ନିଷ୍ପତ୍ତି ନିଆଯାଇଥିଲା ଯେ ଯେଉଁ ସ୍ଥାନରେ ହନୁମାନ ବିଗ୍ରହ ନିର୍ମାଣ ହୋଇଛି, ସେହି ସ୍ଥାନକୁ ଛାଡ଼ି ଅନ୍ୟ ସ୍ଥାନରେ ମାର୍କେଟ୍ କମ୍ପ୍ଲେକ୍ସ, ଗୋଷ୍ଠୀ ଶୌଚାଳୟ, ସାଇକେଲ ଷ୍ଟାଣ୍ଡ ନିର୍ମାଣ କରାଯିବ। ଏହାପରେ ରତ୍ନମଣିପୁର ଗ୍ରାମବାସୀ ଆସନ୍ତା ୩ତାରିଖରେ ହନୁମାନ ବିଗ୍ରହ ପ୍ରତିଷ୍ଠା ପାଇଁ ଉକ୍ତ ସ୍ଥାନରେ ସାଲା ମଣ୍ଡପ ନିର୍ମାଣ କରିଥିଲେ। କିନ୍ତୁ, ଏହାକୁ ସିଙ୍ଗିପୁର ଗ୍ରାମବାସୀ ବିରୋଧ କରିଥିଲେ। ସାନଖେମୁଣ୍ଡି ପ୍ରଶାସନ କୌଣସି ସମାଧାନ କରିନଥିଲା।

ଗୁରୁବାର ସାନଖେମୁଣ୍ଡି ତହସିଲ କାର୍ଯ୍ୟାଳୟକୁ ସିଙ୍ଗିପୁର ଗ୍ରାମବାସୀ ଘେରାଉ କରିଥିଲେ। ଉକ୍ତ ସ୍ଥାନରେ ନିର୍ମାଣ ହୋଇଥିବା ହନୁମାନ ବାଟିକା ଭାଙ୍ଗିବା ସହ ସେହି ସ୍ଥାନରେ ପରିବା ମାର୍କେଟ୍, ସାଇକେଲ ଷ୍ଟାଣ୍ଡ, ଗୋଷ୍ଠୀ ଶୌଚାଳୟ ନିର୍ମାଣ କରାଯିବା ନେଇ ଦାବି କରିଥିଲେ। ସାନଖେମୁଣ୍ଡି ତହସିଲଦାର ରାମଚନ୍ଦ୍ର ପଟ୍ଟନାୟକ ଉପ-ଜିଲ୍ଲାପାଳଙ୍କ ଆଦେଶ ମିଳିବା ପରେ ପାଚେରି ଭାଙ୍ଗିବା ନେଇ କହିଥିଲେ ମଧ୍ୟ ଲୋକମାନେ ରାଜି ହୋଇନଥିଲେ। ଫଳରେ ସାନଖେମୁଣ୍ଡି ତହସିଲଦାର ଉକ୍ତ ପାଚେରି ଭାଙ୍ଗିବା ଲାଗି ନିର୍ଦ୍ଦେଶ ଦେଇଥିଲେ। ପାଟପୁର ଥାନା ଅଧିକାରୀ ଦୀପ୍ତିରଞ୍ଜନ ବେହେରା, ଶୁଭଲକ୍ଷ୍ମୀ କହଁର ଓ ପୁଲିସ ଟିମ୍ ପହଞ୍ଚି ପାଚେରି ଭାଙ୍ଗିବା ଲାଗି ଉଦ୍ୟମ କରିବାରୁ ରତ୍ନମଣିପୁର ଗ୍ରାମବାସୀ ଏହାକୁ ବିରୋଧ କରିଥିଲେ। ଏପରିକି, ଟାୟାର ଜାଳି ରାଜପଥ ଅବରୋଧ କରିଥିଲେ। ଫଳରେ ଉଭୟ ପାର୍ଶ୍ୱରେ ହଜାରହଜାର ଗାଡ଼ି ଅଟକି ରହିଥିଲା। କିଛି ସମୟ ପରେ ଉଭୟ ଗ୍ରାମବାସୀ ଇଟା, ପଥର ଫିଙ୍ଗିବା ସହ ଆକ୍ରମଣ କରିଥିଲେ। ସିଙ୍ଗିପୁର ଗ୍ରାମବାସୀ ଏହି ହନୁମାନ ବାଟିକାର ପାଚେରି, ଲାଇଟ୍, ଗଛ ଓ ସିସିଟିଭିକୁ ଭାଙ୍ଗି ଦେଇଥିଲେ। ଆକ୍ରମଣରେ ସିଙ୍ଗିପୁର ଗ୍ରାମର ୪ରୁ ଊର୍ଦ୍ଧ୍ୱ ଆହତ ହୋଇଥିଲେ।

ଆସିକା ଏସ୍‌ଡିପିଓ ସନ୍ତୋଷ କୁମାର ଜେନା, ଶେରଗଡ଼ ଥାନାଅଧିକାରୀ, ଧରକୋଟ ଥାନାଅଧିକାରୀ, ଅତିରିକ୍ତ ଆରକ୍ଷୀ ଅଧୀକ୍ଷକ ସୀମା ସ୍ୱାଇଁ, ବ୍ରହ୍ମପୁର ଉପଜିଲ୍ଲାପାଳ ଅବିନାଶ କୁମାର ପହଞ୍ଚି ଲୋକଙ୍କୁ ବୁଝାସୁଝା କରିବା ପରେ ପରିସ୍ଥିତି ଶାନ୍ତ ପଡ଼ିଥିଲା। ଗାଡ଼ି ଚଳାଚଳ ସ୍ୱାଭାବିକ ହୋଇଥିଲା। ବ୍ରହ୍ମପୁର ଉପ-ଜିଲ୍ଲାପାଳ ଉକ୍ତ ସ୍ଥାନକୁ ୧୬୩ ବିଏନ୍‌ଏସଏସ (ଧାରା ୧୪୪) ଲାଗୁ କରିଥିଲେ। ଆଇନଶୃଙ୍ଖଳା ପରିସ୍ଥିତି ଦୃଷ୍ଟିରୁ ୪ପ୍ଲାଟୁନ ପୁଲିସ ଫୋର୍ସ ମୁତୟନ କରାଯାଇଛି। ପ୍ରଶାସନ ସ୍ଥିତି ଉପରେ ତୀକ୍ଷ୍ଣ ନଜର ରଖିଛି।

## ମତୋ କୁକୁଡ଼ା ଫାର୍ମ ମାଲିକ ହତ୍ୟାକାଣ୍ଡର ପର୍ଦ୍ଦାଫାସ

# ଘଟଣାର ସିନ୍‌ରିକ୍ରିଏସନ୍ କଲା ଚାନ୍ଦବାଲି ପୁଲିସ

### ନିଜେ ଫାର୍ମ ମାଲିକ ହେବାର ସ୍ୱପ୍ନ ଦେଖିଥିଲା ସହଯୋଗୀ



ଭଦ୍ରକ, ୧୬ ।୧୦(ସମିସ)

ଭଦ୍ରକ ଜିଲ୍ଲା ଚାନ୍ଦବାଲି ବ୍ଲକ ମତୋ କୁକୁଡ଼ା ଫାର୍ମ ମାଲିକ ଅଜୟ ଗିରି ହତ୍ୟାକାଣ୍ଡର ପର୍ଦ୍ଦାଫାସ କରିଛି ଚାନ୍ଦବାଲି ପୁଲିସ। ଏଥିରେ ସମ୍ପୃକ୍ତ ମୁଖ୍ୟ ଅଭିଯୁକ୍ତ ସହ ଜଣେ ସହଯୋଗୀକୁ ଗିରଫ କରିଛି। ସୂଚନା ମୁତାବକ, ଗତ ୧୩ ତାରିଖ ଚାନ୍ଦବାଲି ଥାନା ମତୋ ନିକଟରେ ଥିବା ଏକ କୁକୁଡ଼ା ଫାର୍ମ ମାଲିକ ଅଜୟ ଗିରିଙ୍କ ସନ୍ଦେହଜନକ ମୃତ୍ୟୁ ଘଟିଥିଲା। ତାଙ୍କ ସହଯୋଗୀ ଶୁଭ୍ରାଂଶୁ ସ୍ୱାଇଁ ଏହି ହତ୍ୟା କରିଥିବା ମୃତ ଅଜୟଙ୍କ ଭଣଜା ଚାନ୍ଦବାଲି ଥାନାରେ ଅଭିଯୋଗ କରିଥିଲେ। ପରେ ଚାନ୍ଦବାଲି ପୁଲିସ ଘଟଣାକୁ ଗୁରୁତର ସହ ନେଇ ତଦନ୍ତ ଆରମ୍ଭ କରିଥିଲା। ଏସଡିପିଓ ତ୍ରିଲୋଚନ ସେଠୀ, ଚାନ୍ଦବାଲି ଥାନାଧିକାରୀ ପରେଶ ମହାନ୍ତି ଓ ମତୋ ଫାଣ୍ଡି ଅଧିକାରୀ ଛତିଶ କୁମାର ଗୋଛିଙ୍କ ଘନ ଘନ ତଦନ୍ତ ପରେ ମୁଖ୍ୟ ଅଭିଯୁକ୍ତ ଶୁଭ୍ରାଂଶୁ ଓ ଫାର୍ମରେ କାମ କରୁଥିବା ସହଯୋଗୀ କିଶୋର କୁମାର ପଣ୍ଡାଙ୍କୁ ଗିରଫ କରାଯାଇଛି। ଆଉ କେଉଁମାନେ ଏଥିରେ ସମ୍ପୃକ୍ତ ଅଛନ୍ତି ସେ ବିଷୟରେ ତଦନ୍ତ ଚାଲିଛି ବୋଲି ଚାନ୍ଦବାଲି ଥାନାଧିକାରୀ ଶ୍ରୀ ମହାନ୍ତି ପ୍ରକାଶ କରିଛନ୍ତି। ହତ୍ୟାକାଣ୍ଡ ପ୍ରକୃତ କାରଣ ଜଣା ପଡି ନ ଥିଲେ ବି କିଛି ଦିନ ଭିତରେ ପାର୍ଟନର ଶୁଭ୍ରାଂଶୁ ଓ ସହଯୋଗୀ କିଶୋର ପଣ୍ଡାଙ୍କୁ ଫାର୍ମରୁ ବାହାର କରି ଦେବାକୁ ଯୋଜନା କରିଥିଲେ ଅଜୟ। ଯାହାକୁ ନେଇ ଶୁଭ୍ରାଂଶୁ ଓ କିଶୋର ଅସନ୍ତୋଷ ବ୍ୟକ୍ତ କରିବା ସହ ଅଜୟଙ୍କୁ ସବୁଦିନ ପାଇଁ ରାସ୍ତାରୁ ହଟେଇ ଦେବାର ଯୋଜନା କରିଥିଲେ। ଗତ ୧୨ ତାରିଖ ରାତିରେ ଫାର୍ମ ହାଉସରେ ସମସ୍ତେ ଖାଇପିଇ ଶୋଇଥିଲେ ମାତ୍ର ଶୁଭ୍ରାଂଶୁ ନିକଟସ୍ଥ ମତୋକୁ ଯାତ୍ରା ଦେଖିବା ପାଇଁ ଯାଇଥିଲେ। ଯୋଜନା ମୁତାବକ, ମଧ୍ୟରାତ୍ରୀରେ ଶୁଭ୍ରାଂଶୁ ଫାର୍ମ ହାଉସ ଫେରି ସହଯୋଗୀ କିଶୋର ସହ ମିଶି ଅଜୟଙ୍କୁ ପିଟି ପିଟି ହତ୍ୟା କରିଥିଲେ। ପରେ ଏହାକୁ ଦୁର୍ଘଟଣାର ରୂପ ଦେବାକୁ ଏକ ଯୋଜନା କରିଥିଲେ ଦୁଇ ଅଭିଯୁକ୍ତ। ଅଜୟ ଖଟରେ ପଡ଼ି ମୃତ୍ୟୁ ହୋଇଥିବା ନେଇ ସମସ୍ତଙ୍କୁ କହି ମୋଡ ବଦଳାଇବାକୁ ଯୋଜନା କରିଥିଲେ। ଅଭିଯୁକ୍ତମାନେ ଅଜୟଙ୍କୁ ହତ୍ୟା କରିବା ପରେ ତାଙ୍କର ରକ୍ତ ଜୁଡୁବୁଡୁ ଶବକୁ ଚାନ୍ଦବାଲି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରିବା ସହ ଅଜୟଙ୍କ ସ୍ତ୍ରୀ ଓ ଭଣଜାଙ୍କୁ ଖବର ଦେଇଥିଲେ। ପରିବାର ଲୋକେ ପହଞ୍ଚି ଅଜୟଙ୍କ ମୃତ ଶରୀର ଦେଖି ସନ୍ଦେହ କରିବା ସହ ଏହା ଏକ ଯୋଜନାବଦ୍ଧ ହତ୍ୟା ବୋଲି ଚାନ୍ଦବାଲି ଥାନାରେ ଲିଖିତ ଅଭିଯୋଗ କରିଥିଲେ। ଅନ୍ୟପକ୍ଷରେ, ଏହି ହତ୍ୟା ଘଟଣାର ସିନ-ରିକ୍ରିଏସନ କରିଛି ଚାନ୍ଦବାଲି ପୁଲିସ। ମାଲିକକୁ ହଟାଇ ମାଲିକ ହେବାର ସ୍ୱପ୍ନ ଦେଖିଥିଲେ ସହଯୋଗୀ। ତଦନ୍ତ ପରେ ସାମ୍ନାକୁ ଆସିଛି ହତ୍ୟାକାଣ୍ଡ ପଛରେ କାହାଣୀ। କୁକୁଡ଼ା ଫାର୍ମ ମାଲିକଙ୍କ ଏକାନ୍ତ ସହଯୋଗୀ ତଥା ନିକଟତମ ବନ୍ଧୁ ଥିଲା ଶୁଭ୍ରାଂଶୁ। ଭଦ୍ରକ ଚରମ୍ପା ଅଞ୍ଚଳର ଅଜୟ ନିଜ ସ୍ତ୍ରୀ ନାମରେ ମତୋ ନିକଟରେ ମୁଖ୍ୟମନ୍ତ୍ରୀ କୃଷି ଉଦ୍ୟୋଗ ଯୋଜନାରେ ଏକ କୁକୁଡ଼ା ଫାର୍ମ ନିର୍ମାଣ କରିଥିଲେ। ଆରମ୍ଭ ଦିନରୁ ଫାର୍ମର ଦେଖାଶୁଣା ଦାୟିତ୍ୱ ନିଜ ଏକାନ୍ତ ସହଯୋଗୀ ଶୁଭ୍ରାଂଶୁକୁ ପ୍ରଦାନ କରିଥିଲେ। ମାସିକ ୫୦ ହାଜର ଟଙ୍କା ବେତନରେ ଥିବା ଶୁଭ୍ରାଂଶୁ ବନ୍ଧୁତ୍ୱରେ ବିଷ ଦେଇ ବିଭିନ୍ନ ସମୟରେ କୁକୁଡ଼ା ଦାନା ସହ କୁକୁଡ଼ା ମଧ୍ୟ ଲୁଚେଇ ବିକ୍ରି କରୁଥିଲା। ଏହି ଘଟଣା ଅଜୟଙ୍କ ନଜରକୁ ଆସିବା ପରେ ଦୁଇ ବନ୍ଧୁଙ୍କ ମାଧ୍ୟମରେ ମତାନ୍ତର ସୃଷ୍ଟି ହୋଇଥିଲା। କିଛି ଦିନ ତଳେ ଅଜୟ ଶୁଭ୍ରାଂଶୁକୁ ଦରମା ସହ ୨ଲକ୍ଷ ଟଙ୍କା ନେଇ ଫାର୍ମରୁ ବାହାରିଯିବାକୁ କହିଥିଲେ। ଏଥିରେ ଶୁଭ୍ରାଂଶୁ ରାଗିଯାଇ ଅଜୟକୁ ସବୁଦିନ ପାଇଁ ରାସ୍ତାରୁ ହଟାଇ ଦେବାକୁ ଯୋଜନା ପ୍ରସ୍ତୁତ କରିଥିଲେ। ଫାର୍ମରେ ଥିବା ଜଣେ କର୍ମଚାରୀ କିଶୋରକୁ ହାତ କରି ଗତ ୧୨ ତାରିଖ ରାତିରେ ଏକ ଲୁହା ପାଇପରେ ପିଟିପିଟି ମାରିଥିଲେ। ଯାହାକୁ ଦୁର୍ଘଟଣାର ରୂପ ଦେବା ପାଇଁ ସିସିଟିଭି ସଜାଡୁଥିବା ବେଳେ ଅଜୟ ଖଟ ଉପରେ ଖସି ମୃତ୍ୟୁ ହୋଇଥିବାର ଯୋଜନା ପ୍ରସ୍ତୁତ କରିଥିଲେ। ଗୁରୁବାର ଏନେଇ ପୁଲିସ ଆଗରେ କେତେବେଳେ ଓ କେମିତି ମାରିଲେ ପୁଲିସ ଆଗରେ ସମସ୍ତ ଘଟଣା ଗୋଟି ଗୋଟି କରି ବାଖଣିଥିଲେ ଦୁଇ ଅଭିଯୁକ୍ତ। ଅଭିଯୁକ୍ତଙ୍କୁ ଦେଖିବା ପାଇଁ ସ୍ଥାନୀୟ ଲୋକଙ୍କ ଭିଡ଼ ଜମି ଥିଲା । ବିଶ୍ୱାସରେ ବିଷ ଦେଇ ଜୀବନରୁ ମାରି ଦେଇ ଥିବା ଦୁଇ ଅଭିଯୁକ୍ତଙ୍କୁ ଫାଶୀ ଦେବାକୁ ସ୍ଥାନୀୟ ଲୋକ ଦାବି କରିଛନ୍ତି।

## ପୃଥକ ଘଟଣାରେ ବାଣ ଜବତ; ଦୁଇ ଗିରଫ

**ବାରିକପୁର/ଧାମନଗର, ୧୬ ।୧୦(ସମିସ):** ଭଣ୍ଡାରିପୋଖରୀ ଓ ଧାମନଗର ଥାନାଞ୍ଚଳରେ ବେଆଇନ ବାଣ ଜବତ କରାଯିବା ସହ ପୃଥକ ମାମଲାରେ ଦୁଇ ଅଭିଯୁକ୍ତଙ୍କୁ ଗିରଫ କରାଯାଇଥିବା ଜଣାପଡ଼ିଛି। କେତେକ ଜାଗାରେ କିଛି କ୍ଷୁଦ୍ର ବ୍ୟବସାୟୀ ସରକାରୀ ଭାବେ ପ୍ରଶାସନଠାରୁ ସ୍ୱୀକୃତି ଆଣି ଅସ୍ଥାୟୀ ଭାବେ ବାଣ ବିକ୍ରି କରୁଛନ୍ତି। ଏହାସତ୍ତ୍ୱେ ଅନେକ ଚୋରାରେ ବେଆଇନ ବାଣ ବିକ୍ରି କରୁଛନ୍ତି। ସେଗୁଡିକ ଉପରେ ରୋକ ଲଗାଇବା ପାଇଁ ପୁଲିସ ପକ୍ଷରୁ ତନାଘନା ଜାରି ରହିଥିବା ଜଣାପଡ଼ିଛି।



ବେଆଇନ ବାଣ ବିକ୍ରି ନେଇ ଭଣ୍ଡାରିପୋଖରୀ ଥାନାଧିକାରୀ କମଳାକାନ୍ତ ଦାଶଙ୍କ ନେତୃତ୍ୱରେ ଚଢ଼ଉ ବେଳେ ରାଜେନ୍ଦ୍ରପୁର ପଞ୍ଚାୟତ ମଞ୍ଜୁରୀରୋଡ ବଜାରରୁ ପ୍ରାୟ ୫୦ ହଜାର ଟଙ୍କାର ବାଣ ଜବତ କରାଯାଇଛି। ବେଆଇନ ବିକ୍ରି ଅଭିଯୋଗରେ ସ୍ଥାନୀୟ ସାତଶୋଳା ଗ୍ରାମର ପ୍ରଦୀପ କୁମାର ମଲ୍ଲିକଙ୍କୁ ପୁଲିସ ଗିରଫ କରି କୋର୍ଟ ଚାଲାଣ କରିଛି। ଏନେଇ ଥାନା ପକ୍ଷରୁ ଏକ ମାମଲା ରୁଜୁ କରାଯାଇଛି। ପବିତ୍ର ଦୀପାବଳି ଉତ୍ସବ ପାଇଁ ଏବେ ଅନେକ ସ୍ଥାନରେ ବେଆଇନ ଭାବେ ବାଣ ବିକ୍ରି ଆରମ୍ଭ ହୋଇଛି।

ସେହିପରି ଧାମନଗର ପୁଲିସ ପକ୍ଷରୁ ବିଭିନ୍ନ ସ୍ଥାନରେ ଚଢ଼ଉ କରି ବାଣ ଜବତ କରାଯାଇଛି। ଧାମନଗର ଥାନାଧିକାରୀ ରଞ୍ଜନ କୁମାର ସେଠୀ ଓ ସଦଳବଳେ ବିଭିନ୍ନ ବେଆଇନ ବାଣ ଦୋକାନ ବଜାର ଉପରେ ଚଢଉ କରି ବେଆଇନ୍ ବାଣ ବିକ୍ରୟ ଅଭିଯୋଗରେ ବିପୁଳ ବାଣ ଜବତ ସହ ଜିତେନ୍ଦ୍ର ସାହୁଙ୍କୁ ପୋଲିସ ଗିରଫ କରିଥିବା ଜଣାପଡ଼ିଛି। ଏନେଇ ଧାମନଗର ଥାନାରେ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଥିବା ବେଳେ ଅଭିଯୁକ୍ତକୁ କୋର୍ଟ ଚାଲାଣ କରାଯିବ ବୋଲି ସୂଚନା ଦିଆଯାଇଛି।

## ନିଶାମୁକ୍ତ ଭାରତ ଅଭିଯାନ



**ଭଦ୍ରକ, ୧୬।୧୦(ସମିସ):** ପ୍ରଜାପିତା ବ୍ରହ୍ମାକୁମାରୀ ଇଶ୍ୱରୀୟ ବିଶ୍ୱବିଦ୍ୟାଳୟର ଭଦ୍ରକ ଶାଖା ଏବଂ ଭଦ୍ରକ ଜିଲ୍ଲା ନିଶା ନିବାରଣ ସର୍ବୋଦୟ ମଣ୍ଡଳ ପକ୍ଷରୁ ନିଶାମୁକ୍ତ ଓଡ଼ିଶା ଅଭିଯାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ମୁଖ୍ୟଅତିଥି ଭାବେ ଜିଲ୍ଲାପାଳ ଦିଲୀପ ରାଉତରାଏ ସଚେତନତା ରଥକୁ ଶୁଭାରମ୍ଭ କରିବା ପରେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରୁ ଏକ ଶୋଭାଯାତ୍ରା ବାହାରି ନଗର ପରିକ୍ରମା କରିଥିଲା। ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ସୁବାସଚନ୍ଦ୍ର ନାୟକ, ବ୍ରହ୍ମାକୁମାରୀ ମୁଖ୍ୟ ମଞ୍ଜୁ ଭଉଣୀ, ନନ୍ଦିନୀ ଭଉଣୀ, ଅକ୍ଷୟ ଭାଇ, ସୌଭାଗ୍ୟ ଭାଇ, ପଙ୍କଜ ଭାଇ, ଜିଲ୍ଲା ସର୍ବୋଦୟ ମଣ୍ଡଳ ସଭାପତି ଅମର ପାଣିଗ୍ରାହୀ ପ୍ରମୁଖ ତମାଖୁ ବିକ୍ରି ପ୍ରଚାର ପ୍ରସାର ବନ୍ଦ କରିବା, ମନକୁ ସୁସ୍ଥ ନିୟନ୍ତ୍ରିତ ସଶକ୍ତ କରିବା ପାଇଁ ରାଜଯୋଗ ମାଧ୍ୟମରେ ଭାରତୀୟ ସଂସ୍କୃତି ପ୍ରାଚୀନ ପରମ୍ପରାକୁ ବଜାୟ ରଖିବା, ଦୁଶ୍ଚିନ୍ତା, ମାନସିକ ବିଷାଦ, ନିଶା ସେବନରୁ ମୁକ୍ତି ଉପରେ ଗୁରୁତ୍ୱ ଆରୋପ କରିଥିଲେ। ଏହି ନିଶାମୁକ୍ତ ଓଡ଼ିଶା ଅଭିଯାନ ରଥ ଜିଲ୍ଲାର ବିଭିନ୍ନ ସ୍ଥାନରେ ପରିକ୍ରମା କରି ସଚେତନତା ବାର୍ତ୍ତା ପ୍ରଚାର କରିବ।

## ପୁଣି ମାତିଲେ ବାଲି ଚୋର
# ବାଲିପୋଖରୀ ଏସ୍‌କେପ୍‌କୁ ବିପଦ

**ବାରିକପୁର, ୧୬ ।୧୦(ସମିସ):** ବର୍ଷା ଛାଡ଼ିଲା ପରେ ଏବେ ପୁଣି ବାଲି ଚୋରି ଆରମ୍ଭ ହୋଇଯାଇଛି। କିଛି ଦିନ ବ୍ୟବଧାନ ପରେ ପୁଣି ଭଣ୍ଡାରିପୋଖରୀ ଥାନାଞ୍ଚଳରେ ବାଲି ଚୋର ମାତି ଉଠିଛନ୍ତି। ଏପରିକି ପ୍ରଶାସନ ପକ୍ଷରୁ ଚିହ୍ନଟ ନିଷିଦ୍ଧାଞ୍ଚଳରୁ ଦୈନିକ ଟ୍ରିପ ଟ୍ରିପ ବାଲି ଉତ୍ତୋଳନ ହେଉଥିବା ଅଭିଯୋଗ ହେଉଛି। ବୈତରଣୀ ନଦୀର ବନ୍ଧାଳ, ମଢିଆଳୀ, ଝୁଟଣା, ଦାଦେଶ୍ୱର, ବନସ୍ତା, ନେରଡା ପ୍ରମୁଖ ସ୍ଥାନରୁ ଦୈନିକ ବାଲି ଉତ୍ତୋଳନ ଆରମ୍ଭ ହୋଇଯାଇଛି। ଜଗନ୍ନାଥ ପ୍ରସାଦ ସୈରାତ ନିକଟସ୍ଥ ବାଲିପୋଖରୀ ଏସକେପକୁ ଲାଗି ବୈତରଣୀ ନଦୀରୁ ବାଲି ଚାଲାଣ ହେଉଛି। ବିଶେଷ କରି ଦୈନିକ ନିଶାର୍ଦ୍ଧରେ ଏଭଳି ଅଭିନବ ଉପାୟରେ ବାଲି ଉତ୍ତୋଳନ ହେଉଛି। କିଛି ବାଲି ମାଫିଆ ଓ ଟ୍ରାକ୍ଟର ମାଲିକମାନେ ଏହି ବାଲି ଚାଲାଣ ପାଇଁ ପ୍ରତ୍ୟକ୍ଷ ସହଯୋଗ କରୁଛନ୍ତି। ପୂର୍ବରୁ ଜିଲ୍ଲା ଖଣି ନିଗମ ପକ୍ଷରୁ ବାଲି ଚାଲାଣ ପଥରେ ଗର୍ତ୍ତ ସୃଷ୍ଟି କରା ଯାଇଥିଲା। ଏବେ ଉକ୍ତ ଗର୍ତ୍ତକୁ ପୋତି ସେହି ବାଟରେ ଟ୍ରାକ୍ଟର ଯୋଗେ ବାଲି ପରିବହନ ହେଉଛି। ସଦାସର୍ବଦା ବେଆଇନ ପରିବହନ ଜାରି ରହିଥିବା ଯୋଗୁଁ ନବନିର୍ମିତ ବାଲି ପୋଖରୀ ଏସକେପକୁ ମଧ୍ୟ ବିପଦ ମାଡି ଆସୁଥିବା କୁହାଯାଇଛି। ବେଆଇନ ବାଲି ଚାଲାଣ ବାବଦରେ ଜଗନ୍ନାଥ ପ୍ରସାଦ ଓ ବାଲିପୋଖରୀ ଗ୍ରାମର କିଛି ସଚେତନ ନାଗରିକ ବାରମ୍ବାର ପ୍ରଶାସନ ନିକଟରେ ଅଭିଯୋଗ କରିଥିଲେ ମଧ୍ୟ କେହି ଏହା ଉପରେ ଦୃଷ୍ଟି ଦେଉନାହାନ୍ତି। ତେଣୁ ଦିନକୁ ଦିନ ନଦୀରୁ ବେଆଇନ ଭାବେ ବାଲି ଉତ୍ତୋଳନ ହେଉଥିବା ଜଣାପଡ଼ିଛି। କେତେବେଳେ କେମିତି ଜାତୀୟ ରାଜପଥ ଉପରୁ ସ୍ଥାନୀୟ ପୁଲିସ କିଛି ବେଆଇନ ଭାବେ ପରିବହନ କରୁଥିବା ଟ୍ରକ ଟ୍ରାକ୍ଟରକୁ ଜବତ କରୁଥିଲେ ସୁଦ୍ଧା ବାଲି ଚାଲାଣ କିନ୍ତୁ ସମ୍ପୂର୍ଣ୍ଣ ବନ୍ଦ ହେଉନାହିଁ। ଯାହାକୁ ନେଇ ସାଧାରଣରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି।



## ମୁଖ୍ୟମନ୍ତ୍ରୀଙ୍କୁ ବିଏମ୍‌ଏସ୍‌ର ଦାବିପତ୍ର



**ଭଦ୍ରକ, ୧୬।୧୦ (ସମିସ):** ମଜଦୁର ସଂଘ (ବିଏମ୍‌ଏସ୍) ପକ୍ଷରୁ ମୁଖ୍ୟମନ୍ତ୍ରୀଙ୍କୁ ଜିଲ୍ଲା ପ୍ରଶାସନ ଦାବିପତ୍ର ପ୍ରଦାନ କରାଯାଇଛି। ମାଧ୍ୟମରେ ଭଦ୍ରକ ଜିଲ୍ଲା ଭାରତୀୟ ସରକାର କୌଣସି ଶ୍ରମିକ ସଂଗଠନ ସହିତ ବିଚାର ଆଲୋଚନା ନ କରି ୮ ଘଣ୍ଟାରୁ ୧୦ ଘଣ୍ଟା ପର୍ଯ୍ୟନ୍ତ କାର୍ଯ୍ୟ ନିର୍ଘଣ୍ଟ କରିବାକୁ ନେଇ ଅସନ୍ତୋଷ ପ୍ରକାଶ ପାଇଥିବା ବେଳେ ସଂଘ ତରଫରୁ ଏନେଇ ଦାବିପତ୍ର ପ୍ରଦାନ କରାଯାଇଛି। ସଂଘର ଜିଲ୍ଲା ସଭାପତି ମନୋଜ ବସନ୍ତରାୟ, ସମ୍ପାଦକ ପରେଶନାଥ ଧଳ ନେତୃତ୍ୱ ନେଇଥିଲେ। ବିଭୂତି ପାଣିଗ୍ରାହୀ, ଚନ୍ଦ୍ରଶେଖର ଜେନା, ଅଶୋକ ନାୟକ, ସୂର୍ଯ୍ୟକାନ୍ତ ଦାସ, ବିପିନ ମିଶ୍ର, ତପନ ପଣ୍ଡା, କମଳାକାନ୍ତ ସାହୁ, ସଂଜୁଲତା ରାଉତ, ତିଲୋତ୍ତମା ସାହୁ, ଆରତୀ ପଣ୍ଡା, ସ୍ୱର୍ଣ୍ଣ ବେହେରା, ମଧୁସ୍ମିତା ଖଣ୍ଡେଇ, ଦମୟନ୍ତୀ ନାୟକ, ସୁକାନ୍ତି ସେଠୀ ପ୍ରମୁଖ ଯୋଗ ଦେଇଥିଲେ।

## ସମବାୟ ସମିତି ଜମାଖାତାରୁ ଟଙ୍କା ଗାଏବ୍ ଅଭିଯୋଗ

**ଭଦ୍ରକ, ୧୬।୧୦(ସମିସ):** ରାଜ୍ୟ ସରକାର ସେବା ସମବାୟ ସମିତି ମାଧ୍ୟମ ଚାଷୀଙ୍କୁ ବିଭିନ୍ନ ସୁବିଧା ଯୋଗାଇ ଦେଉଥିବା ବେଳେ କିଛି ନ୍ୟାର୍ଥ ସ୍ୱାର୍ଥବାଦୀଙ୍କ ମନୋମୁଖୀ କାର୍ଯ୍ୟ ଯୋଗୁଁ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଏଭଳି ଏକ ଅଭିଯୋଗ ଦେଖିବାକୁ ମିଳିଛି ଭଦ୍ରକ ବ୍ଲକ ଅନ୍ତର୍ଗତ ରାହାଞ୍ଚ ସେବା ସମବାୟ ସମିତିରେ। ଅଭିଯୋଗ ଅନୁଯାୟୀ, ରାହାଞ୍ଚ ଗାଁର ଚାଷୀ ଅଭିମନ୍ୟୁ ସାହୁ, ତାଙ୍କ ପତ୍ନୀ ସସ୍ମିତା ସାହୁଙ୍କ ନାମରେ ସେବା ସମବାୟ ସମିତିରେ ଆକାଉଣ୍ଟ ଖୋଲି ଟଙ୍କା ଜମା କରି ଆସୁଥିଲେ। ସେ ନିଜର ଆବଶ୍ୟକ ଅନୁଯାୟୀ ଟଙ୍କା ଆଣିବାକୁ ସମିତିକୁ ଆସିଥିବା ବେଳେ ତାଙ୍କ ଆକାଉଣ୍ଟରେ ୨୪ ହଜାର ଟଙ୍କା ଥିବାବେଳେ କାର୍ଯ୍ୟରତ ସମ୍ପାଦକ ତାଙ୍କ ଖାତାରେ ଟଙ୍କା ନଥିବା କହିଥିଲେ। ଫଳରେ ସେଠାରେ ଉତ୍ତେଜନା ପ୍ରକାଶ ପାଇବା ସହ ସସ୍ମିତା ନିଜ ଆକାଉଣ୍ଟରେ ଥିବା ଟଙ୍କା ନେବା ପାଇଁ ଜିଦ୍‌ରେ ଅଟଳ ରହିଥିଲେ। ଏଭଳି ଘଟଣାରେ ଉଚ୍ଚସ୍ତରୀୟ ତଦନ୍ତ ଲାଗି ଚାଷୀମାନେ ଦାବି କରିଛନ୍ତି।

## ଧାନ ଥୋଡ଼କୁ ପାଣି ନିଅଣ୍ଟ

**ବାରିକପୁର, ୧୬ ।୧୦(ସମିସ):** କେନାଲ ଶେଷ ମୁଣ୍ଡରେ ଥିବା ଚାଷ ଜମିରେ ପାଣି ପହଞ୍ଚିବା ପାଇଁ ଅନେକ ବିଳମ୍ବ ହେଉଛି। ଯାହାକୁ ନେଇ ଚାଷୀ ଅସନ୍ତୋଷ ପ୍ରକାଶ କରିଛନ୍ତି। ଭଣ୍ଡାରିପୋଖରୀ ବ୍ଲକ ଅଞ୍ଚଳରେ ପାଖାପାଖି ୧୬ ହଜାର ହେକ୍ଟର ଜମିରେ ଖରିଫ୍ ଧାନ ଚାଷ ହୋଇଛି। ଏଯାବତ ବର୍ଷା ପ୍ରାୟତଃ ଲାଗି ରହିଥିବା ବେଳେ ଜମିରେ କେନାଲ ପାଣିର ଆବଶ୍ୟକ ପଡି ନଥିଲା। ଗତ ସପ୍ତାହରୁ ବର୍ଷା ଛାଡିଥିବା ବେଳେ ଏବେ ଅନେକ ଠେଙ୍ଗରା ଚାଷ ଜମିରେ ପାଣି ଶୁଖିବାକୁ ବସିଛି। ଏହି ସମୟରେ କେନାଲ ପାଣିର ଢେର ଆବଶ୍ୟକତା ରହିଛି। ଯଦିଓ ସାଳନିଆ ଓ ଆଖୁଆପଦା ଜଳସମ୍ପଦ ବିଭାଗ ପକ୍ଷରୁ ୨ଟି ମୁଖ୍ୟ କେନାଲରେ ପର୍ଯ୍ୟାପ୍ତ ପରିମାଣର ପାଣି ଛଡା ଯାଇଛି କିନ୍ତୁ ଶାଖା କେନାଲଗୁଡ଼ିକରେ ପରିଚାଳନାଗତ ତ୍ରୁଟି ଯୋଗୁଁ ଆବଶ୍ୟକ ପାଣି ଯାଉନାହିଁ। ବିଶେଷ କରି ଧାମନଗର ଜଳ ସମ୍ପଦ ବିଭାଗ ଅଧୀନସ୍ଥ ୩ଟି ମୁଖ୍ୟ ଶାଖା କେନାଲରେ ପରିଚାଳନା ତ୍ରୁଟି ଦେଖାଦେଇଛି। ଏହି କେନାଲ ଅଧୀନରେ ଥିବା ମାଇନର କେନାଲଗୁଡ଼ିକରେ ସଠିକ ପାଣି ଆସୁ ନଥିବା ରହଣିଆ, ରାଢୋ, ମାଳଦା, ଦେଉଳପଦୀ, ହାଜିପୁର, ନୂଆପୋଖରୀ, ବେଲଗଡିଆ, ଆକୁଳିକଣା, କର୍ଟିଂ, ସରସଦା, ଉତରାଗଡିଆ, ପୁରସ୍ତମପୁର, ଆକୁଳିକଣା, ଯୋରାଗଡିଆ, ସାରଣା, ଜଳହରି, ଚତୁର୍ଭୁଜପୁର ପ୍ରମୁଖ ଗାଁର ଚାଷୀମାନେ ଅଭିଯୋଗ କରିଛନ୍ତି। କେଉଁଠି କେନାଲରେ ଘାଇତ ପୁଣି କେଉଁଠି କେନାଲ ଗର୍ଭରେ ଘାସଲଟା ମାଡି ଗଲାଣି। ଅନୁରୂପ ଭାବେ ଭଣ୍ଡାରିପୋଖରୀ ଓ ବାରିକପୁର କନିଷ୍ଠ ଯନ୍ତ୍ରୀଙ୍କ କାର୍ଯ୍ୟାଳୟ ଅଧୀନସ୍ଥ କିଛି କେନାଲରେ ମଧ୍ୟ ପରିଚାଳନା ତ୍ରୁଟି ରହିଥିବା ଯୋଗୁଁ ସେଥିରେ ମଧ୍ୟ ସଠିକ ପାଣି ଯାଉ ନଥିବା ଅଭିଯୋଗ ହୋଇଛି। ମୁଖ୍ୟ କେନାଲଗୁଡ଼ିକରେ ପାଣି ଥିଲେ ସୁଦ୍ଧା ପରିଚାଳନା ଅଭାବ ଓ ଅନ୍ୟାନ୍ୟ ସମସ୍ୟା ଯୋଗୁଁ ଶାଖା ଏବଂ ମାଇନର କେନାଲ ଶେଷ ମୁଣ୍ଡରେ ଥିବା ଚାଷଜମିରେ ପାଣି ମାଡି ପାରୁନାହିଁ। ଏହା ଉପରେ ବିଭାଗୀୟ ଅଧିକାରୀ ଦୃଷ୍ଟି ଦେବାକୁ ଦାବି ହୋଇଛି।



















# ବ୍ୟାସନଗର ଗୁଳିକାଣ୍ଡ ଘଟଣାରେ ୨ ଗିରଫ

**ବ୍ୟାସନଗର, ୧୬।୧୦(ସମିସ)**






ବ୍ୟାସନଗରର ଗଣପର୍ବ କାଳୀପୂଜାର ଅବ୍ୟବହିତ ପୂର୍ବରୁ ଯାଜପୁର ରୋଡ ପୁଲିସକୁ ଅପରାଧୀମାନେ ଖୋଲା ଚ୍ୟାଲେଞ୍ଜ ଦେଇ ସହରର ନହକା ଗୋପବନ୍ଧୁ ମାର୍ଗରେ ଏକ ଦୋକାନ ଉପରକୁ ଗୁଳିମାଡ଼ କରିଥିଲେ। ମାତ୍ର ୪ ଘଣ୍ଟାର ସମୟ ମଧ୍ୟରେ ଏହି ହାର୍ଡକୋର ୨ ଆସାମୀଙ୍କୁ ନିଜ ହେପାଜତକୁ ନେବାରେ ସକ୍ଷମ ହୋଇଛି ଯାଜପୁର ରୋଡ ଏବଂ କୋରେଇ ପୁଲିସର ମିଳିତ ଟିମ୍। ସୂଚନାନୁଯାୟୀ, ଗତ ବୁଧବାର ସନ୍ଧ୍ୟା ପ୍ରାୟ ୭ଟା ୨୦ରେ କିଛି ଦୁର୍ବୃତ୍ତ ନହକା ଗୋପବନ୍ଧୁ ଛକ ମୁଖ୍ୟ ରାସ୍ତାରେ ଥିବା ଡିଏମ କମ୍ୟୁନିକେସନ ନାମକ ଦୋକାନ ଉପରକୁ ଅତର୍କିତ ଗୁଳି ଚଳାଇଥିଲେ। ସ୍ଥାନୀୟ ଲୋକଙ୍କ ନିକଟରୁ ଖବର ପାଇ ଯାଜପୁର ରୋଡଛ ପୁଲିସ ତୁରନ୍ତ ଘଟଣାସ୍ଥଳରେ ପହଞ୍ଚି ସିସିଟିଭି ଫୁଟେଜ ଏବଂ ସ୍ଥାନୀୟ ଲୋକଙ୍କ ତଥ୍ୟ ଆଧାରରେ ତଦନ୍ତ ଆରମ୍ଭ କରିଥିଲା। ତେବେ ତଦନ୍ତ ସମୟରେ ପୁଲିସ ଜାଣିବାକୁ ପାଇଥିଲା ଯେ ପ୍ରାୟ ଏକ ସପ୍ତାହ ତଳେ ରେଳବାଇ ଟିକଟ ବାବଦ ଅର୍ଥ ଫେରସ୍ତକୁ ନେଇ ଦୋକାନ ମାଲିକ ତଥା ଅଭିଯୋଗକାରୀ ଜେନାପୁର ଥାନା ଶ୍ରୀଚନ୍ଦନପୁରର ଦେବୀଦତ୍ତ ପଣ୍ଡା(୩୪) ଏବଂ ଅଭିଯୁକ୍ତ କୋରେଇ ଥାନା ପୂର୍ବକୋଟର ମାଇକେଲ ସନ୍ତୋଷ(୨୨) ମଧ୍ୟରେ ଯୁକ୍ତିତର୍କ ହୋଇଥିଲା। ସେହି ସମୟରେ ଅଭିଯୋଗକାରୀଙ୍କ ନିକଟରୁ ପ୍ରଦାନ ଅର୍ଥର ୧୦ଗୁଣ ଆଦାୟ କରିବ ବୋଲି ଅଭିଯୁକ୍ତ ମାଇକେଲ ସନ୍ତୋଷ ଧମକ ଦେଇଥିଲା। ଏହି ଆଧାରରେ ଅଭିଯୁକ୍ତ ମାଇକେଲ ସନ୍ତୋଷ ଗୁଳି କରିଥିବା ମାନିଥିବା ବେଳେ ତାର ସହଯୋଗୀ ଯାଜପୁର ରୋଡ ଥାନା ମୁଣ୍ଡମାଳ ଅଞ୍ଚଳର ସନ୍ତୋଷ ପ୍ରଧାନ(୨୩)କୁ ମଧ୍ୟ ପୁଲିସ ଗିରଫ କରିଛି।

- ରେଳବାଇ ଟିକଟ ବାବଦ ଟଙ୍କା ଫେରାଇବାକୁ ନେଇ ବଚସାରୁ ଗୁଳିକାଣ୍ଡ
- ବନ୍ଧୁକ ସମେତ ୪ଟି ଜୀବନ୍ତ ଗୁଳି, ବାଇକ୍ ଓ ଫୋନ ଜବତ

ତେବେ ଗିରଫ ମୁଖ୍ୟ ଅଭିଯୁକ୍ତ ମାଇକେଲ ସନ୍ତୋଷ ନାମରେ ଗତ କିଛି ମାସ ତଳେ କୋରେଇ ପୁଲିସ ଗାଡି ଭଙ୍ଗାନେଇ ଥାନାରେ ମାମଲା ରହିଥିବା ବେଳେ ସେ ଫେରାର ରହିଥିଲା। ତେବେ ତଦନ୍ତ ସମୟରେ ସମ୍ପୃକ୍ତ ଅଭିଯୁକ୍ତ ପୁଲିସକୁ ବୟାନ ଦେଇଛି ଯେ ସେମାନେ ଆସାମ, ବିହାର ଆଦି ଅଞ୍ଚଳରେ ବିଭିନ୍ନ ବେଆଇନ କାର୍ଯ୍ୟ କରିଥାନ୍ତି ଏବଂ ବିହାରରୁ ସେମାନଙ୍କୁ ବନ୍ଧୁକ ଖୁବ୍ ସହଜରେ ମିଳିଥାଏ। ତେବେ ବୁଧବାର ଘଟଣା ପରେ ଯାଜପୁର ଆରକ୍ଷୀ ଅଧୀକ୍ଷକ ଯଶପ୍ରତାପ ଶ୍ରୀମଲଙ୍କ ନିର୍ଦ୍ଦେଶରେ ଯାଜପୁର ରୋଡ ଏସଡିପିଓ ଲକ୍ଷ୍ମୀଧର ସ୍ୱାଇଁଙ୍କ ନେତୃତ୍ୱରେ କୋରେଇ ଥାନାଧିକାରୀ ରାକେଶ କୁମାର ତ୍ରିପାଠୀ, ଯାଜପୁର ରୋଡ ଥାନାଧିକାରୀ ଆଶିଷ କୁମାର ସାହୁ ପୁଲିସ ଟିମ ସହ ବିଭିନ୍ନ ଅଞ୍ଚଳରେ ସାରା ରାତି ଚଢଉ କରି ମାତ୍ର ୪ଘଣ୍ଟା ମଧ୍ୟରେ ଆସାମୀ ଦ୍ୱୟଙ୍କୁ ଧରିବାରେ ସକ୍ଷମ ହୋଇଥିଲେ। ତେବେ ଏହି ଅପରାଧୀଙ୍କ ବିଷୟରେ ଅଧିକ ତଥ୍ୟ ପାଇଁ ବିହାର ଏବଂ ଆସାମ ପୁଲିସ ସହିତ ଯୋଗାଯୋଗ କରାଯାଇଛି। ତେବେ ଅଭିଯୁକ୍ତଙ୍କ ସମେତ ପୁଲିସ ଗୋଟିଏ ଦେଶୀ ବନ୍ଧୁକ, ୪ଟି ଜୀବନ୍ତ ଗୁଳି, ଗୋଟିଏ ଖୋକା(ଘଟଣାସ୍ଥଳରୁ), ଏକ ନମ୍ବର ବିହୀନ ମୋଟର ସାଇକଲ ଏବଂ ମୋବାଇଲ ଫୋନ ଜବତ କରିଛି। ଯାଜପୁର ରୋଡ ଏବଂ କୋରେଇ ପୁଲିସର ଏହି ମିଳିତ ସଫଳତାକୁ ନେଇ ଯାଜପୁର ଆରକ୍ଷୀ ଅଧୀକ୍ଷକ ଯଶପ୍ରତାପ ଶ୍ରୀମଲ ସନ୍ତୋଷ ବ୍ୟକ୍ତ କରିଛନ୍ତି। ଘଟଣାରେ ଅନ୍ୟ କିଏ ସବୁ ରହିଛନ୍ତି ସେ ନେଇ ତଦନ୍ତ କରାଯିବା ସହିତ ଅଭିଯୁକ୍ତମାନଙ୍କର ଟିଆଇ ପରେଡ କରାଯିବ ବୋଲି କହିଛନ୍ତି। ତେବେ ଯାଜପୁର ରୋଡରେ ଗଣପର୍ବ କାଳୀପୂଜା ପୂର୍ବରୁ ଏଭଳି ଘଟଣାପରେ ସହରବାସୀଙ୍କ ମନରେ ଏବେବି ଅନେକ ଭୟ ରହିଛି।

## ବନ୍ଧୁକ ଜବତ; ଜଣେ ଗିରଫ

**ଯଖପୁରା/ଦାନଗଦି, ୧୬।୧୦(ସମିସ):** ଟମକା ଥାନା ଅଧୀନ ତାରି ଗ୍ରାମରେ ଜଣେ ବ୍ୟକ୍ତି ବନ୍ଧୁକ ଧରି ବୁଲୁଥିବା ଖବର ପାଇ ପୁଲିସ ଅଭିଯୁକ୍ତକୁ କାବୁ କରିଛି। ପୁଲିସ ସୂତ୍ର ଅନୁସାରେ, ଥାନା ଅଧିକାରୀଙ୍କ ନିର୍ଦ୍ଦେଶ ଅନୁସାରେ ଅମିତା ପଣ୍ଡା, କନେଷ୍ଟବଳ ଦିବାକର ତରାଇ ଓ ସୁଶାନ୍ତ କୁମାର ରାଉତରାୟ ଫୁଲଝର ଓ ତାରିଗ୍ରାମ ଅଞ୍ଚଳରେ ଦିନରେ ପାଟ୍ରୋଲିଂ କରୁଥିଲେ। ପୁଲିସ ଗୁପ୍ତ ସୂଚନା ପାଇଥିଲା, ଯେ ସେହି ତାରି ଗ୍ରାମରେ ଜଣେ ବ୍ୟକ୍ତି ବନ୍ଧୁକ ଧରି ବୁଲୁଛି। ପୁଲିସ ଦଳ ତୁରନ୍ତ ଘଟଣାସ୍ଥଳକୁ ପହଞ୍ଚି ଏହି ବ୍ୟକ୍ତିଙ୍କୁ ଧରିଥିଲେ। ଗିରଫ ବ୍ୟକ୍ତିଙ୍କ ନାମ ବୁଦ୍ଧନ ସିଂହ ଲାମାୟ (୫୪)। ତାଙ୍କ ପାଖରୁ ଏକ ଅବୈଧ ବନ୍ଧୁକ ଓ ପାଞ୍ଚଟି ଆଇରନ ଗୁଳି ଜବତ କରାଯାଇଛି। ବନ୍ଧୁକ ରଖିବା ପାଇଁ କୌଣସି ଲାଇସେନ୍ସ କିମ୍ବା ଡକ୍ୟୁମେଣ୍ଟ ପୁଲିସକୁ ଦେଖାଇ ପାରିନଥିବାରୁ, ତାଙ୍କ ବିରୁଦ୍ଧରେ ଆର୍ମସ ଆକ୍ଟ ଅନୁସାରେ ମାମଲା ରୁଜ କରାଯାଇଛି। ଅଭିଯୁକ୍ତଙ୍କୁ ଗିରଫ କରି ବନ୍ଧୁକ ଓ ଗୁଳି ସହ ଥାନାକୁ ଆଣାଯାଇ ଆଜି ଜେଏମଏଫସି କୋର୍ଟ ଯାଜପୁରକୁ ଫରୱାର୍ଡ କରାଯାଇଛି।

## ମହାବିଦ୍ୟାଳୟରେ ଏନ୍‌ଏସ୍‌ଏସ୍ ଶିବିର ଉଦ୍‌ଯାପିତ




**କୟାଁଗୋଲା, ୧୬।୧୦(ସମିସ):** ଦଶରଥପୁର ବ୍ଲକ ସ୍ଥିତ ମଙ୍ଗଳପୁର ମହିଳା ସ୍ନାତକ ମହାବିଦ୍ୟାଳୟରେ ଏନଏସଏସ କାର୍ଯ୍ୟକ୍ରମ ଉଦ୍‌ଯାପିତ ହୋଇଯାଇଛି। ଅଧ୍ୟକ୍ଷା ଡ. ମିନାକ୍ଷୀ ମିଶ୍ରଙ୍କ ସଭାପତିତ୍ୱରେ ଆୟୋଜିତ ସଭାରେ ମୁଖ୍ୟଅତିଥି ଭାବେ ସମାଜସେବୀ ତଥା ମହାବିଦ୍ୟାଳୟର ପୂର୍ବତନ ପରିଚାଳନା କମିଟି ସଭାପତି ଜଗଦୀଶ ଶଙ୍କର ସାହୁ ଯୋଗଦେଇଥିଲେ। ଗତ ଶୁକ୍ରବାରରୁ ଆରମ୍ଭ ହୋଇଥିବା ଏହି ଶିବିରରେ ୫୦ ଜଣ ଛାତ୍ରୀ ଯୋଗଦେଇଥିଲେ। ଛାତ୍ରୀମାନେ ମଙ୍ଗଳପୁର ଡାକ୍ତରଖାନା, ଗାୟତ୍ରୀ ମନ୍ଦିର ପରିସର, ମହାବିଦ୍ୟାଳୟ ପରିସର ଏବଂ ଫାଟକ ସାମ୍ନା ସଫେଇ ସହ ନିଶାମୁକ୍ତି ଅଭିଯାନ କରିଥିଲେ। ମଙ୍ଗଳପୁର ପୁଲିସ ତରଫରୁ ଇନ୍ସପେକ୍ଟର ବିଭୁତି ଭୂଷଣ ମହାପାତ୍ରଙ୍କ ଦ୍ୱାରା ସାଇବର ସିକ୍ୟୁରିଟି ତାଲିମ, ଦଶରଥପୁର ଦମକଳ ବାହିନୀ ପକ୍ଷରୁ ଓଆଇସି ପର୍ଶୁରାମ ଜେନାଙ୍କ ଦ୍ୱାରା ଅଗ୍ନି ନିରାପତ୍ତା ତାଲିମ, ଡାକ୍ତର ଅମ୍ରିତା ପ୍ରୀତମ ମଲ୍ଲ ଏବଂ ଡାକ୍ତର ରାଜେନ୍ଦ୍ର ପୃଷ୍ଟିଙ୍କ ସହାୟତାରେ ମହିଳା ରୋଗ ଏବଂ ଟୀକାକରଣ ଭଳି ଅନେକ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ଏନଏସଏସର ପ୍ରୋଗ୍ରାମ ଅଫିସର ଅଧ୍ୟାପିକା ପ୍ରମିଳା ବାଇଙ୍କୁ ଅଧ୍ୟକ୍ଷା ସମ୍ବର୍ଦ୍ଧିତ କରିଥିଲେ। କାର୍ଯ୍ୟକ୍ରମ ପରିଚାଳନାରେ ଅଧ୍ୟାପିକା ଶୁଭଶ୍ରୀ ଘଡ଼ାଇ, ତପସ୍ୱିନୀ ଭଞ୍ଜ, ସୁଷମା ସାହୁ, ରଶ୍ମି ଦଳାଇ, ଶୁଭସ୍ମିତା ସାହୁ, ବ୍ରଜକିଶୋର ସାହୁ ସହଯୋଗ କରିଥିଲେ। ସମସ୍ତ ଛାତ୍ରୀମାନଙ୍କୁ ପ୍ରମାଣପତ୍ର ପ୍ରଦାନ କରାଯାଇଥିଲା।

## ମଦମୁକ୍ତ ଭାରତ ପାଇଁ ରାଷ୍ଟ୍ରପତିଙ୍କୁ ସାକ୍ଷାତ



**ଯାଜପୁର, ୧୬।୧୦(ସମିସ):** ମଦମୁକ୍ତ ଭାରତ ଅଭିଯାନର ଆବାହକ ଓ ମିଳିତ ଓଡ଼ିଶାର ନିଶା ନିବାରଣ ଅଭିଯାନ (ମୋନା)ର ସଭାପତି ପଦ୍ମଚରଣ ନାୟକଙ୍କ ନେତୃତ୍ୱରେ ନିଶା ନିବାରଣ କର୍ମୀଙ୍କ ୬ ଜଣିଆ ପ୍ରତିନିଧି ଦଳ ନୂଆଦିଲ୍ଲୀର ରାଷ୍ଟ୍ରପତି ଭବନରେ ଭାରତର ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁଙ୍କୁ ଭେଟିଛନ୍ତି। ପ୍ରତିନିଧି ଦଳ, ପରିବାର ଏବଂ ସମାଜ ଉପରେ ମଦ ଏବଂ ନିଶା ଦ୍ରବ୍ୟର ବିନାଶକାରୀ ପ୍ରଭାବ ବିଷୟରେ ରାଷ୍ଟ୍ରପତିଙ୍କୁ ଅବଗତ କରାଇଥିଲେ। ଜାତୀୟ ସମନ୍ୱୟ ବିନା ରାଜ୍ୟସ୍ତରୀୟ ନିଶା ନିବାରଣ ନୀତି ହୋଇପାରୁନାହିଁ। କାରଣ ପଡୋଶୀ ରାଜ୍ୟଗୁଡ଼ିକରୁ ମଦ ଅନୁପ୍ରବେଶ ସମସ୍ତ ପ୍ରୟାସକୁ ଦୁର୍ବଳ କରି ଦେଉଛି। ଭାରତୀୟ ସମ୍ବିଧାନ ଅଧୀନ ରାଷ୍ଟ୍ର ପାଇଁ ସାମ୍ବିଧାନିକ ନୀତି ନିର୍ଦ୍ଦେଶକର ଧାରା ୪୭କୁ ପ୍ରତିନିଧି ଦଳ ଉଲ୍ଲେଖ କରିଥିଲେ। ସ୍ପଷ୍ଟ ଭାବରେ ରାଜ୍ୟଗୁଡ଼ିକୁ ନାଗରିକଙ୍କ ସ୍ୱାସ୍ଥ୍ୟ ପାଇଁ କ୍ଷତିକାରକ ନିଶାଦ୍ରବ୍ୟ ଏବଂ ମାଦକ ଦ୍ରବ୍ୟକୁ ନିଷିଦ୍ଧ କରିବାକୁ ନିର୍ଦ୍ଦେଶ ରହିଛି। ସମ୍ବିଧାନର ସର୍ବୋଚ୍ଚ ସଂରକ୍ଷକ ଭାବେ ରାଷ୍ଟ୍ରପତି ଏଥିରେ ହସ୍ତକ୍ଷେପ କରି ମଦ ପ୍ରସାର ପରିବର୍ତ୍ତେ ଏହାର ସମ୍ପୂର୍ଣ୍ଣ ନିଷେଧକୁ କାର୍ଯ୍ୟକାରୀ କରିବା ପାଇଁ ରାଜ୍ୟ ସରକାରଙ୍କୁ ନିର୍ଦ୍ଦେଶ ଦେବା ପାଇଁ ଅନୁରୋଧ କରିଥିଲେ। ମଦଜନିତ ନୈତିକ ଏବଂ ସାଂସ୍କୃତିକ ଅବକ୍ଷୟ ରାଷ୍ଟ୍ରପତି ନିଜେ ଦେଖିଛନ୍ତି ବୋଲି ସୂଚନା ଦେଇଥିଲେ। ଜାତୀୟ ସ୍ତରରେ ଗୁରୁତ୍ୱ ଦେବା ଆବଶ୍ୟକ ବୋଲି ସହମତ ହୋଇଥିଲେ। ଜନସାଧାରଣଙ୍କ ବୃହତ୍ତର ସ୍ୱାର୍ଥରେ ଦେଶ ବ୍ୟାପି ମଦ ଓ ଅନ୍ୟ ମାରାତ୍ମକ ନିଶା ଦ୍ରବ୍ୟର ସମ୍ପୂର୍ଣ୍ଣ ନିଷେଧ କରିବାକୁ ପ୍ରତିନିଧି ଦଳ ଅନୁରୋଧ କରିଥିଲେ। ଏସମ୍ପର୍କରେ ଓଡ଼ିଶା ସରକାରଙ୍କୁ ପତ୍ର ଲେଖି ପରାମର୍ଶ ଦେବେ ବୋଲି ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ପ୍ରତିନିଧି ଦଳଙ୍କୁ ପ୍ରତିଶ୍ରୁତି ଦେଇଥିଲେ। ପ୍ରତିନିଧି ମଣ୍ଡଳୀରେ ମଦମୁକ୍ତ ଭାରତ ଅଭିଯାନ 'ମୋନା'ର ସଭାପତି ପଦ୍ମଚରଣ ନାୟକ, ଉତ୍ତରପ୍ରଦେଶର ସୁଲତନା ସିଂହ, ପଶ୍ଚିମବଙ୍ଗ କଲ୍ୟାଣୀ ପାଲୁଇ, ଦିଲ୍ଲୀ ଅବିନ୍ଦର ସିଂହ, ଓଡ଼ିଶାର ଗୀତାଞ୍ଜଳି ସ୍ୱାଇଁ, ମୋନାର କାର୍ଯ୍ୟକାରୀ ସଭାପତି(ଓଡ଼ିଶା) କାହ୍ନୁଚରଣ ବେହୁରା ପ୍ରମୁଖ ସାମିଲ ଥିଲେ।

## ଶିବ ପ୍ରକଳ୍ପକୁ ଆବଦ୍ଧ କଲା ପ୍ରଶାସନ

**ଯାଜପୁର, ୧୬।୧୦(ସମିସ):** ଯାଜପୁରର ବରାହନାଥ ମନ୍ଦିର ନିକଟରେ ଥିବା ୧୨୩ ଫୁଟ୍ ଉଚ୍ଚର ଶିବ ମୂର୍ତ୍ତି ଉପରେ ଗତ ୧୦ ତାରିଖ ଦିନ କିଛି ଯୁବକ ଚଢ଼ି ରିଲ୍ସ ବନାଇ ଭିଡିଓ କରୁଥିବା ଦେଖିବାକୁ ମିଳିଥିଲା। ଏପରି ବିପଦପୂର୍ଣ୍ଣ ରିଲ୍ସ ବନାଇବା ଯୁବକମାନଙ୍କ ଜୀବନ ପ୍ରତି ବିପଦ ରହିଥିବା ବେଳେ କିଛି ନ ମାନି ଏହି ଯୁବକମାନେ ରିଲ୍ସ ନିଶାରେ ଶିବଙ୍କ ମୂର୍ତ୍ତି ଉପରେ ଚଢ଼ି ଯାଇଥିଲେ। ସେଠାରେ ଶିବଙ୍କ ହାତ ଉପରେ ଚଢ଼ି ନୃତ୍ୟ କରୁଥିବାର ଭିଡିଓ ସୋସିଆଲ ମିଡ଼ିଆରେ ଭାଇରାଲ ହେବା ସହ ବିଭିନ୍ନ ଗଣମାଧ୍ୟମରେ ଖବର ପ୍ରକାଶ ପାଇଥିଲା। ଖବର ପ୍ରଚାରିତ ହେବା ପରେ ଜିଲା ପ୍ରଶାସନ ତତ୍ପର ହେବା ସହ ଶିବ ପ୍ରକଳ୍ପର ସୁରକ୍ଷାକୁ ଦୃଷ୍ଟିରେ ରଖି ଏହାରି ଚତୁଃପାଶ୍ୱର୍କୁ ଟିଣ ଦ୍ୱାରା ଆବଦ୍ଧ କରାଯାଇଛି।

## ବାଲିଆ କଲେଜରେ ନିଶାମୁକ୍ତ ଭାରତ ଶୀର୍ଷକ ଆଲୋଚନାଚକ୍ର

**ବରୀ, ୧୬।୧୦(ସମିସ):** ବରୀ ବ୍ଲକ ଅନ୍ତର୍ଗତ ଅଭିମନ୍ୟୁ ବାଲିଆସ୍ଥ ଅଭିମନ୍ୟୁ ସାମନ୍ତସିଂହାର ଉଚ୍ଚମାଧ୍ୟମିକ ବିଦ୍ୟାଳୟର ଜାତୀୟ ସେବା ଯୋଜନା ଆନୁକୂଲ୍ୟରେ ନିଶାମୁକ୍ତ ଭାରତ ଅଭିଯାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ଅନୁଷ୍ଠାନର ଶତାଧିକ ଛାତ୍ରଛାତ୍ରୀ ଓ ସ୍ୱେଚ୍ଛାସେବୀ ଅଂଶଗ୍ରହଣ କରିଥିଲେ। ମୁଖ୍ୟବକ୍ତା ଭାବେ ପ୍ରାଣୀ ବିଜ୍ଞାନ ବିଭାଗ ଅଧ୍ୟାପକ ବିକାଶ ସାହୁ କାର୍ଯ୍ୟକ୍ରମରେ ଯୋଗଦାନ କରି ନିଜର ବକ୍ତବ୍ୟରେ ଛାତ୍ରଛାତ୍ରୀଙ୍କୁ ନିଶାଦ୍ରବ୍ୟ ସେବନ ଦ୍ୱାରା ମନ ଓ ଶରୀର ପ୍ରତି ହେଉଥିବା ହାନୀକାରକ ପରିଣାମ ଓ ଏଥିରୁ ମୁକ୍ତି ପାଇବା ମାର୍ଗ ସମ୍ବନ୍ଧରେ ଆଲୋକପାତ କରିଥିଲେ। ଏହି କାର୍ଯ୍ୟକ୍ରମରେ ତର୍କ ଶାସ୍ତ୍ର ବିଭାଗ ଅଧ୍ୟାପିକା ସରୋଜିନୀ ପୃଷ୍ଟି, ଗଣିତ ବିଭାଗ ଅଧ୍ୟାପକ ଅଭିନ୍ନ ମହାନ୍ତି, ମନସ୍ତତ୍ତ୍ୱ ବିଭାଗ ଅଧ୍ୟାପିକା ନିହାରିକା ବିଶ୍ୱାଳ, ସମାଜ ବିଜ୍ଞାନ ବିଭାଗ ଅଧ୍ୟାପକ ନିମାଇଁ ଲେଙ୍କା, ଅଧ୍ୟାପିକା ମନ୍ଦାକିନୀ ସାମନ୍ତରାୟ, ଅର୍ଥନୀତି ବିଭାଗ ଅଧ୍ୟାପିକା ରଶ୍ମିତା ସାହୁ, ଇତିହାସ ବିଭାଗ ଅଧ୍ୟାପିକା ଇତିଶ୍ରୀ ଦାସ, ସଂସ୍କୃତ ବିଭାଗର ଅଧ୍ୟାପିକା ଭକ୍ତିଲତା ସୂତାର ପ୍ରମୁଖ ଅଂଶଗ୍ରହଣ କରି ଛାତ୍ରଛାତ୍ରୀ କିଭଳି ନିଶାଦ୍ରବ୍ୟଠାରୁ ନିଜେ ଦୂରେଇ ରହିବା ସହିତ ନିଜ ସମ୍ପର୍କୀୟ ଓ ସାଙ୍ଗସାଥିଙ୍କୁ ଏଥିରୁ ଦୂରେଇ ରଖିବେ ସୁଚିନ୍ତିତ ପରାମର୍ଶ ପ୍ରଦାନ କରିଥିଲେ। ଅଧ୍ୟାପକ ଗୁଣନିଧି ଜେନା, ସ୍ୱେଚ୍ଛାସେବୀ ଓ କର୍ମଚାରୀ ସୁକାନ୍ତ ଜେନା, ପ୍ରଫୁଲ୍ଲ ମଲ୍ଲିକ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ। ଅଧ୍ୟକ୍ଷ ନିରୋଦ ଜେନାଙ୍କ ତତ୍ତ୍ୱାବଧାନରେ ଅଧ୍ୟାପକ ପ୍ରଦୀପ ମୁଦୁଲି କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ବରିଷ୍ଠ ସମାଜସେବୀଙ୍କ ବିୟୋଗ



**କାରେଇ, ୧୬।୧୦(ସମିସ):** ବ୍ଲକସ୍ଥିତ ହଳଦିଗଡ଼ିଆ ନିବାସୀ ତଥା ବରିଷ୍ଠ ସମାଜସେବୀ ମହେନ୍ଦ୍ର କୁମାର ମହାନ୍ତି(୭୫)ଙ୍କ ହୃଦଘାତରେ କୋରେଇ ମେଡିକାଲଠାରେ ପରଲୋକ ଘଟିଛି। ସେ ଗ୍ରାମର ମୁରବୀ ଥିବାସହ ହଳଦିଗଡ଼ିଆ ସତ୍ୟନାରାୟଣପାଲା କମିଟିର ପୂର୍ବତନ ସଭାପତି ଓ ସାଦକପୁର ପଞ୍ଚାୟତର ବିଜେଡିର ପୂର୍ବତନ ସଭାପତି ଥିବାସହ ମଦନମୋହନ ନୋଡାଲ ବିଦ୍ୟାପୀଠର ପୂର୍ବତନ ସଭାପତି ମଧ୍ୟ ଥିଲେ। ତାଙ୍କ ବିୟୋଗ ଖବର ପାଇ ବିଜେଡି ନେତା ଭବପ୍ରକାଶ ଦାସ, ହଳଦିଗଡ଼ିଆର ସରପଞ୍ଚ ଅନିଲ କୁମାର ମହାପାତ୍ର, ସେବା ସମବାୟ ସମିତିର ସଭାପତି ମଦନମୋହନ ମହାପାତ୍ର, କମ୍ୟୁନିଷ୍ଟ ନେତା ଆଲୋକ ମହାନ୍ତି, ଯୁବନେତା ତାରକେଶ୍ୱର ମହାନ୍ତି, ସାଦକପୁର ସରପଞ୍ଚ ରବୀନ୍ଦ୍ର କୁମାର ବେହେରା, ହଳଦିଗଡ଼ିଆ ସମିତି ସଭ୍ୟ ଉଦୟ ନାୟକ, ସେକ ସିରାଜ ଅଲ୍ଲୀ ପ୍ରମୁଖ ତାଙ୍କ ବାସଭବନରେ ପହଞ୍ଚି ଶେଷଦର୍ଶନ କରିଥଲେ। ଗାଁ ଶଶ୍ମାନରେ ତାଙ୍କର ଶେଷକୃତ୍ୟ ସମ୍ପନ୍ନ ହୋଇଥିଲା।

## ଛେଳି ଚୋର ଅଟକ, ଛେଳିକୁ ହସ୍ତାନ୍ତର କଲା ପୁଲିସ

**ଦଶରଥପୁର, ୧୬।୧୦(ସମିସ):** ଛେଳି ଚୋରକୁ ଅଟକ ରଖି ଚୋରି ହୋଇଥିବା ଛେଳିକୁ ତା'ର ମାଲିକକୁ ହସ୍ତାନ୍ତର କଲା ଟାଉନ ପୁଲିସ। ସୂଚନା ମୁତାବକ ଯାଜପୁର ଟାଉନ ଥାନା ଅନ୍ତର୍ଗତ ଅକରପଡ଼ା ଗ୍ରାମର ଭଜ ଗୋବିନ୍ଦ ମହାଳିକଙ୍କ ଛେଳି ଚୋରି ହୋଇଯାଇଥିଲା। ସେ ଛେଳିକୁ ବହୁ ଖୋଜାଖୋଜି କରିବା ପରେ ଛେଳିଟି ମିଳିନଥିବାରୁ ଟାଉନ ଥାନାରେ ଲିଖିତ ଅଭିଯୋଗ କରିଥିଲେ। ଗୁରୁବାର ଅକରପଡ଼ାର କିଛି ଯୁବକ ଖୋଜାଖୋଜି କରିବା ପରେ ଛେଳିଟିକୁ ଉଦ୍ଧାର କରିବା ସହ ଛେଳିକୁ ଚୋରି କରିଥିବା ୨ଜଣ ଚୋରକୁ ଧରି ଟାଉନ ଥାନାରେ ଜିମା ଦେଇଥିଲେ। ପୁଲିସ ଛେଳି ଚୋରି କରିଥିବା ୨ ଚୋରକୁ ଥାନାରେ ଅଟକ ରଖି ପଚରାଉଚରା କରିବା ସହ ଛେଳିକୁ ତା'ର ମାଲିକକୁ ହସ୍ତାନ୍ତର କରିଥିବା ଜଣାପଡ଼ିଛି।

**ଯାଜପୁରର ଗଣପର୍ବ କାଳୀପୂଜା**

# ପ୍ରଶାସନ ଦେଉନି ଅନୁମତି; ବିରଜାଶ୍ରୀ ବାଣିଜ୍ୟ ମେଳା ହେବାନେଇ ଆଶଙ୍କା

**ଯାଜପୁର, ୧୬।୧୦(ସମିସ)**



ଯାଜପୁରର ଗଣପର୍ବ କାଳୀପୂଜା। ଯାହା ରାଜ୍ୟର ଏକ ପ୍ରମୁଖ କାଳୀପୂଜା ଭାବେ ମାନ୍ୟତା ପାଇଥିଲା, ତାହା ଏବେ ଫିକା ପଡ଼ିବାକୁ ବସିଲାଣି। ପ୍ରଶାସନ ଉପରେ ଶାସକ ଦଳର ଚାପ ଯୋଗୁଁ ଏହା ଧିରେଧିରେ ନିଜର ଗୁରୁତ୍ୱ ହରାଇବାକୁ ବସିଲାଣି ବୋଲି ଅଭିଯୋଗ ହେଉଛି। ରାଜ୍ୟର ଗୋଟିଏ ସ୍ଥାନରେ ୪୦ରୁ ଊର୍ଦ୍ଧ୍ୱ ପୂଜାମଣ୍ଡପରେ କାଳୀପୂଜା ହେବାରେ ଯାଜପୁର ରେକର୍ଡ ସୃଷ୍ଟିକରିଛି। ଭଦ୍ରକ ପରେ ଯାଜପୁରରେ କାଳୀପୂଜାର ସ୍ୱତନ୍ତ୍ରତା ରହିଛି। ଏଥିପାଇଁ ପ୍ରତ୍ୟେକ ବର୍ଷ କାଳୀପୂଜାର କଳେବର ବୃଦ୍ଧି ପାଇବା ଫଳରେ ସମଗ୍ର ରାଜ୍ୟରେ ଏହାର ସ୍ୱତନ୍ତ୍ରତା ରହିଛି। କିନ୍ତୁ ଗତ ବର୍ଷ ରାଜ୍ୟରେ ଶାସନ ବ୍ୟବସ୍ଥା ପରିବର୍ତ୍ତନ ପରେ ଏହାର କୁପ୍ରଭାବ ଗଣପର୍ବ କାଳୀପୂଜା ଉପରେ ପଡ଼ିଥିବା ଦେଖିବାକୁ ମିଳିଛି। କାଳୀପୂଜା ଆୟୋଜନ ଠାରୁ ଆରମ୍ଭ କରି ଶାନ୍ତିକମିଟି ଗଠନ ପର୍ଯ୍ୟନ୍ତ ସବୁଠି ଶାସକ ଦଳର ଅହେତୁକ ହସ୍ତକ୍ଷେପ ଫଳରେ ଏହି ପୂଜା ଉପରେ ନକରାତ୍ମକ ପଡୁଥିବା ଅଭିଯୋଗ ହେଉଛି। ଗତବର୍ଷ ଶାନ୍ତି କମିଟିରେ ଜୋରଜବରଦସ୍ତ ଶାସକ ଦଳର କର୍ମୀଙ୍କୁ ଥଇଥାନ କରିବାକୁ ଉଦ୍ୟମ କରି ପ୍ରଶାସନ ଫେଲ୍ ମାରିବା ପରେ ଚଳିତ ବର୍ଷ ମଧ୍ୟ ଦ୍ୱିତିୟ ଥର ଫେଲ୍‌ମାରିଛି। ସେହିପରି ଯାଜପୁର ପୌରପାଳିକା ପ୍ରତିବର୍ଷ କୁସୁମା ପଡ଼ିଆରେ ବିରଜାଶ୍ରୀ ବାଣିଜ୍ୟ ମେଳା ଆୟୋଜନ କରିଥାଏ। କିନ୍ତୁ ଗତ ବର୍ଷ ପୌରପାଳିକାକୁ ଏଭଳି ବାଣିଜ୍ୟ ମେଳା ଆୟୋଜନ କରିବାକୁ ଅନୁମତି ଦେଇନଥିଲା। ଯାହାଫଳରେ ଏହାକୁ ନେଇ ଅସନ୍ତୋଷ ଦେଖାଦେଇ ଶେଷରେ ଏହାକୁ ବନ୍ଦ କରାଯାଇଥିଲା। ଏହି ମେଳା ମାଧ୍ୟମରେ ସ୍ଥାନୀୟ ବ୍ୟବସାୟୀଙ୍କୁ ସୁଯୋଗ ଦେବା ସହିତ ଏସଏସଜି ମହିଳାମାନଙ୍କୁ ସ୍ୱାବଲମ୍ବୀ କରିବା ପାଇଁ ଲକ୍ଷ୍ୟ ରଖାଯାଇଥିଲା। କିନ୍ତୁ ଏହାକୁ ନ କରାଇଦେବା ପାଇଁ ପ୍ରଶାସନ ଶାସକ ଦଳର ଇଂଗିତରେ ପୌରପାଳିକାକୁ ଏଭଳି ମେଳା କରିବାକୁ ଅନୁମତି ଦେଉନାହିଁ। ଚଳିତ ବର୍ଷ ମଧ୍ୟ ପୌରପାଳିକା ପକ୍ଷରୁ ଏହି ବାଣିଜ୍ୟ ମେଳା ଆୟୋଜନ ପାଇଁ ଅନୁମତି ମାଗିଥିଲେ ମଧ୍ୟ ଜିଲ୍ଲା ପ୍ରଶାସନ ଅଦ୍ୟାବଧି କୌଣସି ଅନୁମତି ଦେଇନାହିଁ। ଯାହାଫଳରେ ଚଳିତ ବର୍ଷ ବାଣିଜ୍ୟ ମେଳା ହେବା ନେଇ ଆଶଙ୍କା ଦେଖାଦେଇଛି। ଯାଜପୁର ପୌରପାଳିକା ପ୍ରଶାସନର ଏକ ଅଙ୍ଗ ହୋଇଥିଲେ ମଧ୍ୟ ଜିଲ୍ଲା ପ୍ରଶାସନ ପୌରପ୍ରଶାସନକୁ ରାଜନୈତିକ ଚାପରେ ଏଭଳି ଅନୁମତି ନ ଦେବା ଘଟଣାକୁ ସାଧାରଣରେ ନାପସନ୍ଦ କରାଯାଇଛି। ବାଣିଜ୍ୟ ମେଳା କାଳୀପୂଜାର ଅନ୍ୟତମ ଆକର୍ଷଣ ହୋଇଥିବା ବେଳେ ଏହାକୁ ଶ୍ରୀହିନ କରିବା ପାଇଁ ରାଜନୈତିକ ଚାଲ କରାଯାଉଥିବା ଚର୍ଚ୍ଚା ହେଉଛି। ଯାଜପୁର ଜିଲ୍ଲା ପ୍ରଶାସନକୁ ପୌରପାଳିକା କୋଟି କୋଟି ଟଙ୍କାର ସମ୍ପତ୍ତି ଟେକି ଦେଇଥିବା ବେଳେ ସାମାନ୍ୟ ଅନୁମତି ବେଳକୁ ପ୍ରଶାସନ ହିନମନ୍ୟତା କରୁଥିବା ଯାଜପୁର ପୌରପାଳିକାର ଉପାଧ୍ୟକ୍ଷ ସନ୍ତୋଷ ମଲ୍ଲିକ କ୍ଷୋଭ ପ୍ରକାଶ କରିଛନ୍ତି। ସେପଟେ ଏସମ୍ପର୍କରେ ଯାଜପୁର ଜିଲ୍ଲାପାଳ ଅମ୍ବର କୁମାର କରଙ୍କୁ ପଚାରିବାରେ ଏନେଇ ବିଚାର କରାଯାଉଛି ବୋଲି କହି ପ୍ରସଙ୍ଗକୁ ଏଡାଇ ଯାଇଥିଲେ। ତେବେ ଯାହାବି ହେଉ ଶାସକ ଦଳର ଇଙ୍ଗିତରେ ପ୍ରଶାସନର ଏଭଳି ପଦକ୍ଷେପ ଯାଜପୁର ସହରବାସୀଙ୍କ ଭାବାବେଗକୁ କୁଠାରଘାତ କରିଛି। ତେଣୁ ସ୍ଥାନୀୟ ଅଞ୍ଚଳବାସୀଙ୍କ ଭାବାବେଗକୁ ସମ୍ମାନ ଜଣାଇ ପ୍ରଶାସନ ତୁରନ୍ତ ବାଣିଜ୍ୟ ମେଳା ପାଇଁ ଅନୁମତି ଦେବାର ଆବଶ୍ୟକତା ରହିଛି।

**Format C-7**

**(for political parties to publish in the newspaper, social media platforms & website of the party)**

**Information regarding individuals with pending criminal cases, who have been selected as candidates, along with the reasons for such selection, as also as to why other individuals without criminal antecedents could not be selected as candidates**

**(As per the Commission's directions issued in pursuance of the order dated 13.02.2020 of the Hon'ble Supreme Court in contempt petition © no. 2192 of 2018 in W.P.(C) No. 536/2011)**

**Name of the Political Party:** BIJU JANATA DAL
**Name of the Election:** BYE- ELECTION TO THE STATE LEGISLATIVE ASSEMBLY OF ODISHA -2025
**Name of the State:** ODISHA

(1) Name of the Constituency - **71-NUAPADA AC**

Name of the Candidate – **SMT. SNEHANGINI CHHURIA**

| Sl. No. | | | |
|---|---|---|---|
| 1. | Criminal Antecedents | | |
| | a. | Nature of the Offence | i. Non-Bailable ii. Non-Bailable iii. Non-Bailable iv. Non-Bailable |
| | b. | Case No. | i. Bargarh Town PS Case No-36/25<br>ii. Bargarh Town PS Case No-37/25<br>iii. Bargarh Town PS Case No-38/25<br>iv. Bargarh Rural PS Case No-11/25 |
| | c. | Name of the Court | All cases are pending in SDJM Bargarh, District Bargarh |
| | d. | Whether charges have been framed or not (Yes/No) | i. No ii. No iii. No iv. No |
| | e. | Date of Conviction, if any | Not Applicable |
| | f. | Details of punishment undergone, if any | Not Applicable |
| | g. | Any other information required to be given | All cases posted for appearance |
| 2. | The reasons for the selection of the candidate. Selection shall be with reference to the qualifications, achievements and merit of the candidates and not mere "winnability" at the polls (Not more than 100 words) | | The candidate is a dynamic SC women leader, having huge public contact and popularity in this state of Odisha and she has worked hard in bringing social upliftment, particularly for the women, poor and downtrodden and still have zeal and eagerness to bring perceptible changes in the living standard of the people. She is highly qualified with Post Graduate and BED degrees to her credit. |
| 3. | Reasons as to why other individuals without criminal antecedents could not be selected as candidates (not more than 100 words) | | In consideration of the above merits, her selection as a candidate to the **71-NUAPADA Assembly Constituency** is more justified than other individuals without criminal antecedents. |

(2) Name of the Constituency - **71-NUAPADA AC**

Name of the Candidate – **SMT. SNEHANGINI CHHURIA**

.................................................................................. and so on

* In the case of election to Council of States or States or election to Legislative Council by MLAs, mention the election concerned in place of name of Constituency.

Sd/-
**DEBIPRASAD MISHRA**
**SENIOR VICE-PRESIDENT,**
**BIJU JANATA DAL, ODISHA**

ସକାଳ
THE SAKALA

# ସମ୍ପାଦକୀୟ



ଗରିବ ଲୋକମାନଙ୍କର ସବୁଠାରୁ ବଡ଼ ସମସ୍ୟା ହେଉଛି ସେମାନଙ୍କଠାରେ ଉଚ୍ଚାକାଂକ୍ଷାର ଅଭାବ।
-ଆଦାମ୍ ସ୍ମିଥ୍

## ବିକାଶର ଗତି ଅଭିବୃଦ୍ଧି

ବିଶ୍ୱର ଅର୍ଥନୈତିକ ଅଭିବୃଦ୍ଧିର ନିରନ୍ତର ବିକାଶ ସଂପର୍କରେ ସୁଚିନ୍ତିତ ମତ ଉପସ୍ଥାପନ କରିଥିବାରୁ ନୋବେଲ ପୁରସ୍କାର ପାଇଥିବା ତିନିଜଣ ଅର୍ଥଶାସ୍ତ୍ରୀଙ୍କ ସଂପର୍କରେ ସ୍ୱତନ୍ତ୍ର ଉଲ୍ଲେଖ ବା ଆଲୋଚନା ଦାବି କରେ। ସେମାନେ ହେଲେ ଜୋଏଲ୍ ମୋକିର, ପିଟର ହାୱିଟ୍ ଓ ବ୍ରିଟେନର ଫିଲିପ୍ ଆଘିଆନ୍। ସେମାନଙ୍କୁ ଡିସେମ୍ବର ୧୦ ରେ ଅର୍ଥନୀତିରେ ନୋବେଲ ପୁରସ୍କାର ପ୍ରଦାନ କରାଯିବ। ମୋକିର ଦୁଇଶହ ବର୍ଷର ଇତିହାସ ଉତ୍ସକୁ ଗବେଷଣାର ଆଧାର କରି ନିରନ୍ତର ଅଭିବୃଦ୍ଧି କିଭଳି ଏକ ସ୍ୱାଭାବିକ ପ୍ରକ୍ରିୟା ଏବଂ ପରିବେଶ ଓ ପରିସ୍ଥିତି ଏଥିସକାଶେ ସୁଯୋଗ ସୃଷ୍ଟି କରିଆସିଛି ତାହା ଦର୍ଶାଇଛନ୍ତି। ଶିଳ୍ପ ବିପ୍ଳବ ପୂର୍ବରୁ ପ୍ରଚଳିତ ପ୍ରଥା ଓ ବିଧି ବ୍ୟବସ୍ଥାରେ ବିଶ୍ୱାସୀ ଜନସମୁଦାୟ ଏହି ପରିବର୍ତ୍ତନକୁ ଗ୍ରହଣ କରିପାରିନଥିଲେ। ତତ୍କାଳୀନ ବ୍ୟବସ୍ଥାରେ ନୂଆ ପ୍ରଯୁକ୍ତି ବିଦ୍ୟା ଓ ଆବିଷ୍କାରର ପ୍ରୟୋଗ ଓ ସଠିକ୍ ବ୍ୟବହାରରେ ସମସ୍ୟା ସୃଷ୍ଟି କରିଥିଲା। ତେଣୁ ମୁକ୍ତ ଚିନ୍ତନ ମାଧ୍ୟମରେ ସାମାଜିକ ବ୍ୟବସ୍ଥାକୁ ନୂଆ ବିଚାର ଓ ପରିବର୍ତ୍ତନକୁ ଗ୍ରହଣ କରିବା ଅତ୍ୟନ୍ତ ଜରୁରୀ। ଅନ୍ୟପକ୍ଷରେ ଫିଲିପ ଓ ପିଟର ନିରନ୍ତର ଅଭିବୃଦ୍ଧି ଓ ବିକାଶର ପୃଷ୍ଠଭାଗରେ ଥିବା ପଦ୍ଧତି ଓ ପ୍ରୟୋଗ ଉପରେ ଅନୁଶୀଳନ କରିଛନ୍ତି। ଦେଖିବାକୁ ଗଲେ ନୋବେଲ ପୁରସ୍କାର ପାଇଥିବା ଏହି ତିନି ଅର୍ଥଶାସ୍ତ୍ରୀ ଉପସ୍ଥାପନ କରିଥିବା ତଥ୍ୟ ପରସ୍ପରର ପରିପୂରକ ଏବଂ ଦ୍ରୁତ ଅଭିବୃଦ୍ଧି ହାସଲରେ ସହାୟକ। ୧୯୯୨ ରେ ସେମାନଙ୍କ ଦ୍ୱାରା ପ୍ରକାଶିତ ନିବନ୍ଧରେ ଯେଉଁ ଗାଣିତକ ସୂତ୍ରର ବିକାଶ କରିଛନ୍ତି ତାହା 'କ୍ରିଏଟିଭ୍ ଡେଷ୍ଟ୍ରକସନ୍' ଉପରେ ଆଧାରିତ।

ଏକଥା ସତ ଯେ ନୂଆ ଉତ୍ପାଦ ଏବଂ ଉଦ୍ଭାବିତ ପ୍ରଯୁକ୍ତି ବିଦ୍ୟା ଆଧାରିତ ଉତ୍ପାଦନ ଯେତେବେଳେ ବଜାରକୁ ଆସେ ତାହାର ଗ୍ରହଣୀୟତା ପୁରୁଣା ବ୍ୟବସ୍ଥାକୁ ବଦଳାଇବା ସକାଶେ ବାଧ୍ୟବାଧକତା ସୃଷ୍ଟି କରିଥାଏ। ଏହି ପ୍ରକ୍ରିୟା ନିରନ୍ତର ପ୍ରୟୋଗ ଓ ପ୍ରସାର ଲାଭ କରିଆସିଛି। ତାହାର ପ୍ରଭାବରେ ବିଶ୍ୱବାସୀଙ୍କ ଜୀବନର ଗୁଣବତ୍ତା, ସ୍ୱାସ୍ଥ୍ୟ ଓ ଜୀବନଧାରଣର ମାନରେ ପରିବର୍ତ୍ତନ ଆଣିଛି। ଆଲୋଚନା ପ୍ରସଙ୍ଗରେ ଟ୍ରମ୍ପଙ୍କ ନୀତି ଓ କାର୍ଯ୍ୟଧାରା ବ୍ୟବସ୍ଥାରେ କିଭଳି ଅସନ୍ତୁଳନ ସୃଷ୍ଟି କରିଛି ତାହାର ଉଲ୍ଲେଖ ମଧ୍ୟ ରହିଛି। ବିଶେଷକରି ତାଙ୍କ ଟାରିଫ ନୀତି ଫଳରେ ବିଶ୍ୱ ଅର୍ଥନୀତି ଗତିଶୀଳତା ହରାଇଛି। ବିଶ୍ୱ ଉପଭୋକ୍ତାଙ୍କ ନିକଟରେ ନୂଆ ଉତ୍ପାଦ ପହଞ୍ଚିବାରେ ପ୍ରତିବନ୍ଧକ ସୃଷ୍ଟି ହେଉଛି। ଶିକ୍ଷା ଓ ଗବେଷଣା ବ୍ୟାହତ ହେଲା ଭଳି ଟ୍ରମ୍ପଙ୍କ କେତେକ ନିର୍ଦ୍ଦେଶ ଏକ୍ଷେତ୍ରରେ ଆମେରିକାର ପ୍ରାଧାନ୍ୟକୁ କ୍ଷୁର୍ଣ୍ଣ କରିବ ବୋଲି ଦର୍ଶାଯାଇଛି। ସେମାନେ ଯୁକ୍ତିଛଳରେ କହିଛନ୍ତି ଯେ ଗବେଷଣା ପ୍ରସୂତ ଜ୍ଞାନକୌଶଳ ଉପଯୋଗ କରିବାକୁ ଅନ୍ୟମାନଙ୍କୁ ଛାଡ଼ି ଦିଆଯାଉ। ନିଜ ଦେଶରେ ତାହାର ଉତ୍ପାଦନ ପାଇଁ ୟୁନିଟ ପ୍ରତିଷ୍ଠା କରିବାର କୌଣସି ଯଥାର୍ଥତା ନାହିଁ। ଆମେରିକାର ବିଚାରଗତ ପରିବର୍ତ୍ତନକୁ ସେମାନେ ନାପସନ୍ଦ କରିଛନ୍ତି।

ପ୍ରଚଳିତ ବିଶ୍ୱର ଆବଶ୍ୟକତା ଅନୁଯାୟୀ ଅର୍ଥନୈତିକ ଅଭିବୃଦ୍ଧି ଏବଂ ବିକାଶର ନୂତନ ନକ୍ସା ପ୍ରସ୍ତୁତ କରିବାରେ ନୋବଲ ପୁରସ୍କାର ବିଜେତା ଏହି ତିନି ଅର୍ଥଶାସ୍ତ୍ରୀଙ୍କ ଗବେଷଣାମୂଳକ ତଥ୍ୟ ଓ ଅନୁଧ୍ୟାନ ନିଶ୍ଚୟ ସହାୟକ ହେବ। ଆମେରିକା ଓ ଚୀନର ଅଗ୍ରଗତି ପଛରେ ଥିବା ପଦ୍ଧତି ଓ ବିଚାରଗତ ନିଷ୍ପତ୍ତିକୁ ୟୁରୋପୀୟ ରାଷ୍ଟ୍ର ଅନୁଶୀଳନ ନ କଲେ ସେମାନେ ଅନ୍ୟମାନଙ୍କ ପଶ୍ଚାତଧାବନ କରିବାର ବାଧ୍ୟବାଧକତା ସୃଷ୍ଟି ହେବ। ସେମାନଙ୍କ ଗବେଷଣା ଓ ଅନୁଶୀଳନ ହେଉଛି ସଂଗୃହୀତ ଐତିହାସିକ ପୃଷ୍ଠଭୂମି। ତେଣୁ ବିଜେତାମାନଙ୍କ ପୁରସ୍କାର ବାବଦରେ ମିଳିବାକୁ ଥିବା ୧୦୨ ନିୟୁତ ଡଲାରର ଅର୍ଦ୍ଧେକ ରାଶି ମୋକିର ଓ ଅବଶିଷ୍ଟ ଅର୍ଥ ଦୁଇଜଣ ଅର୍ଥଶାସ୍ତ୍ରୀ ପାଇବେ।

## ଅଶାନ୍ତ ସହର ଓ ଜନପଦ

ରାଜ୍ୟର ଆଇନ ଶୃଙ୍ଖଳା ପରିସ୍ଥିତି କ୍ରମେ ଚିନ୍ତା ଓ ଉଦ୍‌ବେଗର କାରଣ ହୋଇପଡ଼ିଲାଣି। ଲଗାମବିହୀନ ଆପରାଧିକ ତତ୍ତ୍ୱ ଗୋଟିକ ପରେ ଗୋଟିଏ ହିଂସାକାଣ୍ଡ ଭିଆଇ ପୁଲିସର ପାରିବାର ପଣିଆକୁ ଖୋଲା ଆହ୍ୱାନ ଦେଇଛନ୍ତି। ବିଶେଷକରି ରାଜଧାନୀ ଭୁବନେଶ୍ୱରରେ ନିୟମିତ ବ୍ୟବଧାନରେ ପରିଲକ୍ଷିତ ଅପରାଧ ପାଇଁ କ୍ଷମତା କେନ୍ଦ୍ର କଠୋର ସମାଲୋଚନାର ସମ୍ମୁଖୀନ ହୋଇଛି। ରାଜଧାନୀ ରାଜ୍ୟର ପ୍ରତିଛବି। କ୍ଷମତାରେ ଯିଏ ଥାଉନା କାହିଁକି ସେ ନିଶ୍ଚୟ ପରିସ୍ଥିତି ପ୍ରତି ସଜାଗ ଓ ସତର୍କ ରହିବାକୁ ପଡ଼ିବ। ଏକ୍ଷେତ୍ରରେ ସୁଦକ୍ଷ ଓ ସମର୍ଥ ଅଧିକାରୀଙ୍କ ନିପୁଣତା ଉପରେ କ୍ଷମତା ନିର୍ଭରଶୀଳ ରହିବା ସ୍ୱାଭାବିକ। ଯେତେବେଳେ ରାଜନୈତିକ ବାଛବିଚାର ଏକ୍ଷେତ୍ରରେ ପରିଲକ୍ଷିତ ହୁଏ ସେତେବେଳେ ଆଇନ ଶୃଙ୍ଖଳା ପରିସ୍ଥିତି ବିଗିଡ଼ିବା ଥୟ। ସଂପ୍ରତି ଯେଉଁ ପରିସ୍ଥିତି ଉପୁଜିଛି ସେଥିରେ ଶାସନଗତ ଅପରିପକ୍ୱତା ଓ ଅନଭିଜ୍ଞତା ବାରି ହୋଇପଡୁଛି। ନିଜ ଲୋକ ଓ ପାଖଲୋକ ବିଚାରରେ ଅବସ୍ଥାପିତ ଅଧିକାରୀ ପୋଷା ଯାଇଥିବା ସୁରକ୍ଷା ବଳୟରେ ଥିବା ଅପରାଧୀଙ୍କ ପ୍ରତି କୋହଳ ମନୋଭାବ ପୋଷଣ କରିବାରେ କିଛି ଅସ୍ୱାଭାବିକତା ନାହିଁ। ରାଜଧାନୀରେ ଅପରାଧତତ୍ତ୍ୱଙ୍କ କାର୍ଯ୍ୟକଳାପରୁ ଏହା ଅନ୍ତତଃ ପ୍ରମାଣିତ ହୋଇଛି।

ଗତ ସୋମବାର ପରିଲକ୍ଷିତ ଆପରାଧିକ କାର୍ଯ୍ୟକଳାପରୁ ଅସାମାଜିକଙ୍କ ନିଡରୁଆପଣ ବାରି ହୋଇପଡୁଛି। ଭୁବନେଶ୍ୱରର ସହରତଳି ଅଞ୍ଚଳ ସଂପ୍ରତି ଅପରାଧତତ୍ତ୍ୱଙ୍କ ଆଡ୍ଡାସ୍ଥଳୀରେ ପରିଣତ ହୋଇଛି। ସେମାନେ କ୍ରମାଗତ ଭାବେ ନିର୍ବାଧରେ ଅପରାଧ ଭିଆଇ ଚାଲିଛନ୍ତି। କଥା କଥାକେ ସେମାନେ ବନ୍ଧୁକ ଉଠାଉଛନ୍ତି। ବେଆଇନ ମାରଣାସ୍ତ୍ର ଚାଲାଣରେ ସଂପୃକ୍ତ ବିହାରୀ ଅପରାଧୀଙ୍କ ଉପରେ କଟକଣା ପ୍ରୟୋଗ କରାଯାଇପାରୁ ନଥିବାରୁ ଛୋଟକାଟର ଅପରାଧୀଙ୍କ ହାତରେ ମଧ୍ୟ ବନ୍ଧୁକ ରହିଛି। ଖଣ୍ଡଗିରି ଥାନା ଅନ୍ତର୍ଗତ ସରକନ୍ତରା ଗାଁ ଦାଣ୍ଡରେ ଏମଏସ୍‌ରେ କାର୍ଯ୍ୟରତ ସୁଧାଂଶୁ ଖଣ୍ଟିଆଙ୍କୁ ଅଫିସ ଯିବା ବାଟରେ ଅପରାଧୀ ୫ ରାଉଣ୍ଡ ଗୁଳି ଚଳାଇ ହତ୍ୟା କଲେ। ସକାଳ ୮ ଟାର ଘଟଣା, ଜନଗହଳି ରାସ୍ତାରେ କେତେ ନିଡରୁଆ ହେଲେ ଏପ୍ରକାର ଅପରାଧ ଜଣେ ଭିଆଇ ପାରିବ! ଏହା ନିଶ୍ଚୟ ଚିନ୍ତାଜନକ। ଏହାର ପୃଷ୍ଠଭାଗରେ ପାରିବାରିକ ଜମି ବିବାଦ ଥିଲେ ମଧ୍ୟ ଦିବାଲୋକରେ ଗୁଳିମାଡ଼ କିଛି ଛୋଟ ଘଟଣା ନୁହେଁ। ସେହିଭଳି ଚନ୍ଦ୍ରଶେଖରପୁର ଥାନା ଅନ୍ତର୍ଗତ ଚୂନକୋଳି ବସ୍ତିରେ କିଛି ଦୁର୍ବୃତ୍ତ ପଥରରେ ଛେଚି ଜଣେ ଯୁବକଙ୍କୁ ହତ୍ୟା କରିଛନ୍ତି। ଠିକ୍ ସପ୍ତାହକ ପୂର୍ବରୁ ଇନ୍‌ଫୋସିଟି ଥାନା ଅଞ୍ଚଳରେ ଥିବା ଏକ ଆଶ୍ରମରେ ମଧ୍ୟ ଗୁଳିକାଣ୍ଡ ଘଟିଥିଲା। ଅନ୍ୟ ଏକ ସମ୍ବେଦନଶୀଳ ଘଟଣା ହେଲା, ଟ୍ରେନରେ ରାଜଧାନୀକୁ ଆସିଥିବା ରାଷ୍ଟ୍ରପତି ପୁରସ୍କାରପ୍ରାପ୍ତ ଶିକ୍ଷକ ଦ୍ୱିତୀଚନ୍ଦ୍ର ସାହୁ ଷ୍ଟେସନ୍ ବାହାରେ ଅଟୋକୁ ଅପେକ୍ଷା କରିଥିବା ବେଳେ କିଛି ଦୁର୍ବୃତ୍ତ ତାଙ୍କ ମୁଣ୍ଡକୁ ଲୁହାରଡରେ ପିଟି ମୋବାଇଲ ଛଡ଼ାଇ ନେଇଛନ୍ତି। ଇଏ ହେଲା ଠିକେ ଠିକେ କିଛି ଦିନର ରାଜଧାନୀ ଅପରାଧତତ୍ତ୍ୱଙ୍କ କାରନାମା।

ବ୍ରହ୍ମପୁରରେ ଆଇନଜୀବୀ ପୀତବାସ ପଣ୍ଡାଙ୍କ ହତ୍ୟା ଘଟଣା ହେଉ କି ଚୌଦ୍ୱାର ଜେଲର ସୁରକ୍ଷାବଳୟରୁ ୨ ଜଣ ବିହାର ଅପରାଧୀ ଚମ୍ପଟ ମାରିବା ଭଳି ଖବର ସହ ରାଜ୍ୟରେ ପୁଲିସ ଏସଆଇ ନିଯୁକ୍ତି ପଛରେ ବିପୁଳ ଆର୍ଥିକ କାରବାରକୁ ସଂଯୋଗ କରିଦେଲେ ମନେ ହେବ ସବୁକିଛି ଠିକ୍ ଠାକ୍ ଚାଲିନି। ଚୌଦ୍ୱାର କାରାଗାର ସଂପର୍କରେ ଜେଲ ଡିଆଇଜିଙ୍କ ରିପୋର୍ଟକୁ ଅନୁଶୀଳନ କଲେ ଅସୁରକ୍ଷିତ ବାତାବରଣ ନେଇ ସରକାରଙ୍କ ଅସହାୟତା ବାରି ହୋଇ ପଡ଼ିବ। ଏହା ଶାସନଗତ ଅକ୍ଷମତା ଓ ଅପାରଗତାର ନିଦର୍ଶନ କୁହାଯାଇ ପାରେ।

# ଭାରତ-ମଙ୍ଗୋଲିଆ ସମ୍ପର୍କ: ସହଯୋଗର ନୂତନ ଦିଗ

ଡକ୍ଟର ସୁଶାନ୍ତ କୁମାର ପରିଡ଼ା




ଭୌଗୋଳିକ ଦୃଷ୍ଟିକୋଣରୁ ଭାରତ ଓ ମଙ୍ଗୋଲିଆ ଅନେକ ମାଇଲ ଦୂରରେ ଅବସ୍ଥିତ। ତେଣୁ ମନେ ହୁଏ ଯେ ସେମାନଙ୍କ ମଧ୍ୟରେ ମାନସିକ କିମ୍ବା ସାଂସ୍କୃତିକ ସଂଯୋଗ କମ୍ ଥିବ। କିନ୍ତୁ ଇତିହାସ ଅନ୍ୟ କିଛି କହେ। ଏହି ଦୁଇ ଦେଶର ସମ୍ପର୍କର ଭିତ୍ତି ରହିଛି ଧର୍ମ ଓ ଦର୍ଶନରେ, ବିଶେଷକରି ବୌଦ୍ଧଧର୍ମରେ। ଏହି ଆଧ୍ୟାତ୍ମିକ ଯୋଗ ଏବେ ଆସି ୭୦ ବର୍ଷର ରାଜନୈତିକ ଯାତ୍ରାରେ ରଣନୈତିକ ସହଯୋଗର ଆକାର ନେଇଛି। ଚଳିତ ମାସ ଅକ୍ଟୋବର ୧୩ ରୁ ୧୬ ପର୍ଯ୍ୟନ୍ତ ମଙ୍ଗୋଲିଆର ରାଷ୍ଟ୍ରପତି ଉଖନା ଖୁରେଲସୁଖଙ୍କ ଭାରତ ଭ୍ରମଣ ଏହି ଦୀର୍ଘସମ୍ପର୍କରେ ଏକ ନୂଆ ଅଧ୍ୟାୟ ଲେଖିଛି। ଏହି ସମୟରେ ଦୁଇ ଦେଶ ମଧ୍ୟରେ ବିଭିନ୍ନ ରାଜିନାମା ସ୍ୱାକ୍ଷର ହୋଇଛି, ଯାହା ଶିକ୍ଷା, ଶକ୍ତି, ଡିଜିଟାଲ ପ୍ରଯୁକ୍ତି, ସଂସ୍କୃତି, ଖଣିଜ ଓ ସୁରକ୍ଷା ସହଯୋଗରେ ନୂତନ ପଥ ଖୋଲିଛି। ଏଥିରୁ ଜଣାଯାଉଛି ଯେ ସମ୍ପର୍କ କେବଳ ଆଧ୍ୟାତ୍ମିକ ନୁହେଁ, ଏହା ଏବେ ବହୁବିଧ ଦ୍ୱିପାକ୍ଷିକ ସହଯୋଗର ନୂଆ ଅଧ୍ୟାୟ ଗଢ଼ିବାକୁ ଯାଉଛି।

ଭାରତ-ମଙ୍ଗୋଲିଆକୁ ବାନ୍ଧି ରଖିଥିବା ଆତ୍ମିକ ସେତୁ ହେଉଛି ବୌଦ୍ଧ ଧର୍ମ। ଭାରତରୁ ଉତ୍ପତ୍ତି ବୌଦ୍ଧ ଧର୍ମ ମଙ୍ଗୋଲିଆର ଆତ୍ମାର ଅଂଶ। ଆଜି ମଧ୍ୟ ମଙ୍ଗୋଲିଆର ଅଧିକାଂଶ ଜନତା ବୌଦ୍ଧ ଧର୍ମାନୁସାରୀ ଏବଂ ଭାରତର ବୌଦ୍ଧ ପବିତ୍ର ସ୍ଥଳୀମାନଙ୍କୁ ନିଜ ସଂସ୍କୃତିର ଅଂଶ ଭାବେ ସମ୍ମାନ କରନ୍ତି। ଗୌତମ ବୁଦ୍ଧଙ୍କ ଦୁଇ ଶିଷ୍ୟ ସାରିପୁତ୍ତ ଓ ମୌଦ ଗଲାୟାନଙ୍କ ପବିତ୍ର ଅସ୍ଥି ଅବଶେଷ ୨୦୨୬ରେ ମଙ୍ଗୋଲିଆକୁ ପଠାଯିବାର ଯୋଜନା ରହିଛି। ଏହି ପଦକ୍ଷେପ ଭାରତର ବୈଦେଶିକ ନୀତିକୁ ଆହୁରି ସୁଦୃଢ଼ କରୁଛି।

ମଙ୍ଗୋଲିଆ ଚୀନ୍ ଓ ରୁଷିଆ ମଧ୍ୟରେ ଅବସ୍ଥିତ ଏକ ଭୂ-ଆବଦ୍ଧ ଦେଶ। ଏହାର ଭୌଗୋଳିକ ସ୍ଥିତି ଏକ ସୁଯୋଗ ଓ ଆହ୍ୱାନ ସୃଷ୍ଟି କରେ। ଚୀନ୍ ମଙ୍ଗୋଲିଆର ସର୍ବାଧିକ ବ୍ୟବସାୟିକ ସାଥୀ ହେଲେ ମଧ୍ୟ ମଙ୍ଗୋଲିଆର ବିଦେଶ ନୀତି - 'ଥାର୍ଡ ନେଇବର'(ତୃତୀୟ ପଡ଼ୋଶୀ) ମାଧ୍ୟମରେ ଭାରତ, ଜାପାନ ଓ ଆମେରିକା ଭଳି ଦେଶମାନଙ୍କ ସହ ସମତୁଳିତ ସମ୍ପର୍କ ଗଢ଼ିବାକୁ ଚାହୁଁଛି। ଭାରତ ପାଇଁ ମଙ୍ଗୋଲିଆ ଉତ୍ତର-ଏସିଆର ପ୍ରବେଶ ଦ୍ୱାର, ଯେଉଁଠି ରାଜନୈତିକ ସଂଲଗ୍ନତା ଓ ରଣନୀତିକ ସମତୁଳନ ଏକାଧାରରେ ଚାଲିଛି। ଭାରତର 'ଆକ୍ଟ ଇଷ୍ଟ ପଲିସି' ଓ 'କନେକ୍ଟ ସେଣ୍ଟ୍ରାଲ୍ ଏସିଆ' ନୀତି ମଙ୍ଗୋଲିଆର ବୈଦେଶିକ ନୀତି ସହ ସାମଞ୍ଜସ୍ୟ ରଖେ। ଏହି ଭାବେ ଦୁଇଦେଶ ମିଳିତ ଭାବରେ ଏକ ଶାନ୍ତିପୂର୍ଣ୍ଣ ଓ ବହୁଧ୍ରୁବୀୟ ଏସିଆ ଗଢ଼ିବା ଦିଗରେ ବ୍ରତୀ ଅଛନ୍ତି। ଉତ୍ତର-ଏସିଆରେ ନିଜ ଉପସ୍ଥିତି ଜାହିର କରିବା ଏବଂ ଚୀନକୈନ୍ଦ୍ରିକ ରାଜନୈତିକ ଆଧିପତ୍ୟକୁ ଶାନ୍ତିପୂର୍ଣ୍ଣ ଭାବେ ପ୍ରତିହତ କରିବା ଦିଗରେ ଭାରତ ପାଇଁ ଏହା ଏକ ସୁଯୋଗ।

ଭାରତ-ମଙ୍ଗୋଲିଆ ସମ୍ପର୍କର ସବୁଠାରୁ ପ୍ରତୀକାତ୍ମକ ଅଭିନବ ପ୍ରକଳ୍ପ ହେଉଛି ଉର୍ନୋଗୋଭି ତୈଳ ବିଶୋଧନାଗାର, ଯାହା ଭାରତର ୧.୭ ବିଲିୟନ୍ ଡଲାର ଲାଇନ୍ ଅଫ୍ କ୍ରେଡିଟ୍‌ରେ ନିର୍ମାଣ ହେଉଛି। ଏହି ପ୍ରକଳ୍ପ ୨୦୨୮ ରେ ସମାପ୍ତ ହେଲେ, ମଙ୍ଗୋଲିଆ ପାଇଁ ଏହା ଉର୍ଜା ସ୍ୱାଧୀନତାର ପ୍ରଥମ ପଦକ୍ଷେପ ହେବ। ଚୀନ୍ ଓ ରୁଷିଆ ଉପରେ ନିର୍ଭରଶୀଳତାରୁ ମୁକ୍ତ ହୋଇ ଅର୍ଥନୈତିକ ସ୍ୱତନ୍ତ୍ରତା ମିଳିବ। ଏହାସହିତ, ଦୁଇ ଦେଶ ଡିଜିଟାଲ ଟେକ୍ନୋଲୋଜି, ଶିକ୍ଷା, ଖଣିଜ ସମ୍ପଦ ଓ ପୁନର୍ନବୀକରଣ ଶକ୍ତି କ୍ଷେତ୍ରରେ ଦ୍ୱିପାକ୍ଷିକ ସହଯୋଗକୁ ତ୍ୱରାନ୍ୱିତ କରିଛନ୍ତି। ଭାରତୀୟ ଆଇଟି କମ୍ପାନୀ ଓ ଶିକ୍ଷା ସଂସ୍ଥାଗୁଡ଼ିକ ମଙ୍ଗୋଲିଆରେ ନିଜ ଉପସ୍ଥିତି ବୃଦ୍ଧି କରୁଛନ୍ତି, ଯାହା 'ଡିଜିଟାଲ ଡିପ୍ଲୋମେସି'ର ନୂତନ ଆକାର।

୨୦୦୪ ଠାରୁ ଚାଲୁଥିବା 'ନୋମାଡିକ୍ ଏଲିଫ୍ୟାଣ୍ଟ'ଯୁକ୍ତ ସେନା ଅଭ୍ୟାସ ଭାରତ-ମଙ୍ଗୋଲିଆ ରକ୍ଷା ସମ୍ପର୍କର ଭିତ୍ତିସ୍ତମ୍ଭ। ୨୦୨୫ର ସଂସ୍କରଣରେ ସାଇବର ସୁରକ୍ଷା ଓ ସୀମା ବଳ ପ୍ରଶିକ୍ଷଣକୁ ଯୋଡ଼ାଯାଇଛି। ଭାରତ ମଙ୍ଗୋଲିଆନ ନାଗରିକଙ୍କ ପାଇଁ ନିଃଶୁଳ୍କ ଭିସା ଆରମ୍ଭ କରିଛି, ଯାହା ଆଧ୍ୟାତ୍ମିକ ପର୍ଯ୍ୟଟନ, ଶିକ୍ଷା ଓ ଲୋକସଂଯୋଗକୁ ବଢ଼ାଇବ। ଲଦାଖ ସ୍ୱୟଂଶାସିତ ପରିଷଦ ଓ ମଙ୍ଗୋଲିଆର ଆରଖାଙ୍ଗାଇ ପ୍ରାନ୍ତ ମଧ୍ୟରେ ହୋଇଥିବା ବୌଦ୍ଧ ସାଂସ୍କୃତିକ ସହଯୋଗ ଦୁଇ ଦେଶର ଆଧ୍ୟାତ୍ମିକ ଓ ସାମାଜିକ ସମ୍ପର୍କକୁ ଆହୁରି ନିବିଡ଼ କରୁଛି। ଏହା ଏକ ଜନକୈନ୍ଦ୍ରିକ କୂଟନୀତି, ଯେଉଁଠି ମାନବିକ ସମ୍ପର୍କ ବୈଦେଶିକ ରଣନୀତିକୁ ଶକ୍ତି ଦେଉଛି।

ଆଞ୍ଚଳିକ ପରିପ୍ରେକ୍ଷାପଟରେ ଭାରତ-ମଙ୍ଗୋଲିଆ ସମ୍ପର୍କ ଅଧିକ ଗୁରୁତ୍ୱ ବହନ କରେ। ଚୀନ୍ ଯେପରି ଏସିଆରେ ନିଜ ପ୍ରଭାବକ୍ଷେତ୍ର ବିସ୍ତାର କରୁଛି ଏବଂ ରୁଷିଆ ଏକ ପୁରୁଣା ସାମ୍ରାଜ୍ୟ ଭାବେ ନିଜ ସ୍ଥାନ ରକ୍ଷା କରୁଛି, ସେହି ଦୃଷ୍ଟିରୁ ଭାରତ-ମଙ୍ଗୋଲିଆ ସମ୍ପର୍କ ଏକ ଶାନ୍ତି ଆଧାରିତ ରଣନୈତିକ ବିକଳ୍ପ ଭାବେ ଆତ୍ମପ୍ରକାଶ କରିଛି। ଭାରତ ଏକ ବିଶ୍ୱାସଯୋଗ୍ୟ ଗଣତାନ୍ତ୍ରିକ ସହଯୋଗୀ ଭାବେ ଉତ୍ତର-ଏସିଆରେ ନୂତନ ନେତୃତ୍ୱ ନେଉଛି, ଯେଉଁଠି ମଙ୍ଗୋଲିଆ ସହ ଆଧ୍ୟାତ୍ମିକ ସଂଯୋଗ ରଣନୀତିକ ସମ୍ପର୍କକୁ ଗଭୀର କରୁଛି। କିପରି ଧର୍ମ, ଦର୍ଶନ ଓ ରାଜନୀତି ଏକସଙ୍ଗରେ ଚାଲିପାରେ, ଭାରତ-ମଙ୍ଗୋଲିଆ ସମ୍ପର୍କ ତାହାର ଏକ ଉତ୍ତମ ଉଦାହରଣ। ଏହି ସମ୍ପର୍କ ଭାରତର ବସୁଧୈବ କୁଟୁମ୍ବକମ୍ ଦୃଷ୍ଟିକୋଣର ପ୍ରତୀକ, ଯେଉଁଠି ଆଧ୍ୟାତ୍ମିକ ମୂଲ୍ୟ ଓ ରଣନୀତିକ ବାସ୍ତବତା ଏକ ସାଧାରଣ ସୂତ୍ରରେ ଗଢ଼ିଉଠିଛି। ୭୦ ବର୍ଷର ଏହି ସମ୍ପର୍କ ଭାରତ ଓ ମଙ୍ଗୋଲିଆ ପାଇଁ କେବଳ ଇତିହାସ ନୁହେଁ, ଭବିଷ୍ୟତ ସଂକଳ୍ପର ଭିତ୍ତି।

ମଙ୍ଗୋଲିଆ-ଭାରତ ସମ୍ପର୍କର ନୂତନ ପରିଚୟ କେବଳ ରାଜନୈତିକ କିମ୍ବା ଆର୍ଥିକ ସଂଯୋଗରେ ସୀମିତ ନୁହେଁ। ଏହା ଭୌଗୋଳିକ ସମତୁଳନ, ଆଧ୍ୟାତ୍ମିକ ଶକ୍ତି, ଉର୍ଜା ଓ ଅର୍ଥନୀତିକ ସହଯୋଗ, ସୁରକ୍ଷା ଓ ସାଂସ୍କୃତିକ ସଂଯୋଗର ସମ୍ମିଳିତ ରୂପ। ମଙ୍ଗୋଲିଆ ଛୋଟ ଦେଶ ହେଲେ ମଧ୍ୟ ତାଙ୍କର ସ୍ଥାନ, ସାମରିକ ଶକ୍ତି ଓ ସାଂସ୍କୃତିକ ପରମ୍ପରା ଭାରତ ପାଇଁ ମହତ୍ତ୍ୱପୂର୍ଣ୍ଣ। ଏହି ସଂଯୋଗର ନୂତନ ଅଧ୍ୟାୟ ଏକ ପ୍ରତୀକ ଯେ ଛୋଟ ଦେଶ ମଧ୍ୟ ଜ୍ଞାନ, ସଂସ୍କୃତି, ଧର୍ମ ଓ ରଣନୀତିକ ସମର୍ଥନ ମାଧ୍ୟମରେ ବିଶ୍ୱରେ ମହତ୍ତ୍ୱ ରଖିପାରିବ। ଏହି ସମ୍ପର୍କ ଦୃଢ଼ ରହିଲେ, ଏକ ଛୋଟ ଦେଶ ମଧ୍ୟ ମହାଶକ୍ତି ସହିତ ସମାନ ଭାବରେ ଆଲୋଚିତ ହୋଇପାରିବ।

(ବିଭାଗୀୟ ମୁଖ୍ୟ, ଲୋକନାଥ ମହାବିଦ୍ୟାଳୟ)
ପାଟକୁରା(କେନ୍ଦ୍ରାପଡ଼ା),
ମୋ: ୯୪୩୭୨୦୦୪୫୮

# ଗଣତନ୍ତ୍ର ଓ ଗଣଚେତନା

ଡ ଚନ୍ଦ୍ରକଳା ନାୟକ




ଦୁଇଶହ ବର୍ଷ ତଳେ ସଂଗଠିତ ଫରାସୀ ବିପ୍ଳବର ମୂଳ ଲକ୍ଷ୍ୟ ଥିଲା ସ୍ୱାଧୀନତା, ସମାନତା ଓ ଭ୍ରାତୃତ୍ୱ ପ୍ରତିଷ୍ଠା। ସାରା ପୃଥିବୀରେ ରାଜତନ୍ତ୍ର ବିରୋଧରେ ନୂଆ ପଥ ଯୋଗାଇ ଦେଇଥିଲା ଏଇ ତିନୋଟି ଶବ୍ଦ। ଶାସନତନ୍ତ୍ରରେ ପରିବର୍ତ୍ତନ ହେଲା। ରାଜତନ୍ତ୍ର ଶାସନରୁ ମୁକ୍ତ ହୋଇ ଗଣତନ୍ତ୍ର ପ୍ରତିଷ୍ଠା ହେଲା। ଗଣତନ୍ତ୍ର ଶାସନରେ ଶାସନ ଓ ଶାସିତ ଏକ ଓ ଅଭିନ୍ନ। ସାମାଜିକ ନ୍ୟାୟ, ଅର୍ଥନୈତିକ ସମତା, ବ୍ୟକ୍ତିଗତ ଅଧିକାର ଓ ବ୍ୟକ୍ତିଗତ ସ୍ୱାଧୀନତା ଲାଭ କରିବା ସଙ୍ଗେ ସଙ୍ଗେ ସମଷ୍ଟିଗତ ପ୍ରଗତି ହିଁ ଏ ଶାସନର ମୂଳ ଲକ୍ଷ୍ୟ।

ଲୋକପ୍ରତିନିଧି ମନୋନୟନ ଗଣତନ୍ତ୍ରର ମେରୁଦଣ୍ଡ। ଯେଉଁ ଦେଶର ଲୋକ ଶାସନ ସମ୍ବନ୍ଧୀୟ ଜ୍ଞାନରେ ସୁଶିକ୍ଷିତ, ନିଜ ନାଗରିକ ଅଧିକାର ଓ ପ୍ରତିନିଧି ବାଛିବାର ଗୁରୁତ୍ୱ ସମ୍ବନ୍ଧରେ ସଚେତନ, ସେ ଦେଶମାନଙ୍କରେ ଗଣତନ୍ତ୍ର ସେତେ ସୁଦୃଢ଼। ଦୋଷଗୁଣ, କାର୍ଯ୍ୟକଳାପ, ଚିନ୍ତାଧାରା, ମାନସିକ ଦୃଷ୍ଟିକୋଣ, ସାଧୁତା, ସଚ୍ଚୋଟପଣିଆ ଓ ଦକ୍ଷତା ସମ୍ବନ୍ଧରେ ବ୍ୟକ୍ତିଗତ ଭାବରେ ଜ୍ଞାନ ସଂଗ୍ରହ କରି ଉପଯୁକ୍ତ ପ୍ରତିନିଧି ବାଛିବା ପ୍ରତ୍ୟେକ ଭୋଟରଙ୍କ କର୍ତ୍ତବ୍ୟ। ଆମ ଦେଶର ଅଭିଜ୍ଞତାରୁ ମନେ ହୁଏ, ଏହା ଆଲୋଚନା କରିବା କେବଳ ତାତ୍ତ୍ୱିକ ଓ ପୋଥିଗତ। ଛୁଆଁ ଅଛୁଆଁର ପୀଠସ୍ଥଳୀ ଭାରତ ସାମାଜିକ ନ୍ୟାୟ ପ୍ରତିଷ୍ଠାରେ ବହୁପଛରେ। ପୁଞ୍ଜିପତିର ବିଶାଳ ପ୍ରାସାଦ ଓ ଭିକାରିର ପତ୍ରକୁଡ଼ିଆ ମଧ୍ୟରେ ଅର୍ଥନୈତିକ ସମତାର ଆଶା କେବଳ କଳ୍ପନା ବିଳାସ। କୁସଂସ୍କାରପୂର୍ଣ୍ଣ ସାଧାରଣ ଶିକ୍ଷା ବିହୀନ ସମାଜରେ ବ୍ୟକ୍ତିଗତ ଅଧିକାର 'ଆକାଶ କୁସୁମ'... 'ଆକାଶ କର୍ଯାଁ ଚିଲିକା ମାଛ' ପରି ସ୍ୱପ୍ନିଳ।

ଯେଉଁ ଦେଶର ନାଗରିକ ନିଜ ଅଧିକାର ଓ କର୍ତ୍ତବ୍ୟ ଜ୍ଞାନ ସମ୍ବନ୍ଧରେ ଅଜ୍ଞ, ସେ ଦେଶମାନଙ୍କରେ ଗୁଣ ଅପେକ୍ଷା ଅପପ୍ରଚାର ବିଶେଷ କାମ କରେ। ବହୁବିଧ ଅସମାନତା ତଥା ଉପେକ୍ଷାକୁ ସାମୂହିକ ଜୀବନରେ ମୁଖ୍ୟ ମୀମାଂସକ ରୂପେ ଯୋଡ଼ି ରଖିଥିବା ସ୍ୱାର୍ଥୀପକ୍ଷଟି ସର୍ବଦା କ୍ଷମତା ଦଖଲ କରି ଆପଣାର ବିଶେଷ ସ୍ୱାର୍ଥ ସାଧନରେ ବ୍ୟବହାର କରିଆସିଛନ୍ତି। ପୃଥିବୀରେ ଶାସନସ୍ତରୀୟ ଗଢ଼ଣଗୁଡ଼ିକ ରାଜତନ୍ତ୍ରରୁ ଗଣତନ୍ତ୍ର ଚେହେରାକୁ ବଦଳି ଯାଇଥିଲେ ମଧ୍ୟ ପୁରୁଣା ସ୍ୱାର୍ଥୀମାନେ ପୂର୍ବପରି ସକ୍ରିୟ ହୋଇ ରହୁଛନ୍ତି। ଦେଶର ଅଶିକ୍ଷା, ଦାରିଦ୍ର୍ୟ, ରୋଗ ପ୍ରପୀଡ଼ିତ ବ୍ୟବସ୍ଥା କୋଟି କୋଟି ମନୁଷ୍ୟଙ୍କ ଭାଗ୍ୟକୁ କାମୁଡ଼ି ଧରିଛି।

ଭାରତର ଗଣତନ୍ତ୍ରର ପ୍ରଥମ କାଳରେ ବିପ୍ଳବୀମାନଙ୍କର ଯେଉଁ ଆଭିମୁଖ୍ୟ ଥିଲା, ପରବର୍ତ୍ତୀ ସମୟରେ ବଦଳିଗଲା। ସମଗ୍ର ଭାରତ ଭୂଖଣ୍ଡରୁ ଶୋଷଣ ଓ ଯାବତୀୟ ଆନୁସଙ୍ଗିକ ଅସମାନତାକୁ ଦୂର କରିବାର ସେହି ପ୍ରଥମ ଲକ୍ଷ୍ୟଟି ଧୀରେ ଧୀରେ ଗୌଣ ହୋଇଗଲା। ଗଣତନ୍ତ୍ର ଶାସନର ସଫଳ ପ୍ରତିଫଳନ ମରୀଚିକା ପରି ହାତଛଡ଼ା ହେଲା। କେବଳ କ୍ଷମତା ଲୋଭରେ ଜନପ୍ରତିନିଧି ହେବାର ପ୍ରତିଦ୍ୱନ୍ଦ୍ୱିତା ଆରମ୍ଭ ହେଲା। ବାଜା ବଜାଇ, ନାଚ ଗୀତ କରି, ସଭା ସମିତିରେ ଛାତି ପିଟି ବାହୁସ୍ଫୋଟ ମାରି, ମିଛ ପ୍ରତିଶ୍ରୁତି ଛାଡ଼ି, ଧନ ଆଶ୍ରୟ ନେଇ, ଲୋକଙ୍କୁ ଭୟ ଦେଖାଇ, ଅପପ୍ରଚାର ବଳରେ କଳାକୁ ଧଳା ଓ ଧଳାକୁ କଳା କରିବାକୁ ଚେଷ୍ଟା ଆରମ୍ଭ ହୋଇଗଲା।

ସାଧାରଣ ଜନତା ଯେତେବେଳେ ଭଲ ମନ୍ଦ ଚିହ୍ନିବାର ଯୋଗ୍ୟତା ହରାଇ ବସନ୍ତି, ସେଠାରେ ଅପପ୍ରଚାରର ହିଁ ଜୟ ହୁଏ। ଆଜି ଆମ ଦେଶରେ ଅନେକ ଲୋକ ଅଛନ୍ତି, ଯେଉଁମାନେ ସଜ ମାଛରେ ବି ପୋକ ପକାଇପାରିବେ। ତା' ସାଙ୍ଗକୁ ପ୍ରଚାରପତ୍ର, କାନ୍ଥବାଡ଼ ଲେଖା, ଆଧୁନିକ ସଙ୍ଗୀତ, ସିନେମା, ରେଡିଓ, ସଭାସମିତି, ଶୋଭାଯାତ୍ରା ଓ ଡିଜିଟାଲ ମାଧ୍ୟମରେ ଅନେକ ନୂତନ ଆଧୁନିକ ଢଙ୍ଗରେ ଏହି ପ୍ରଚାର ଅସ୍ତ୍ର ସାଧାରଣ ଆଖିକୁ ଚମକାଇ ଦେଉଛି। ଯେଉଁଠାରେ ଶିକ୍ଷିତ ଭୋଟର ଉଦାସୀନ, ସେହିଠାରେ ଅନେକ କ୍ଷେତ୍ରରେ କେବଳ ଅପପ୍ରଚାର ଦ୍ୱାରା ଜନପ୍ରତିନିଧିମାନଙ୍କ ଜୟ ହୋଇଥାଏ। ଏହିପରି ଅସତ ଉପାୟରେ, ଅପପ୍ରଚାର ଶକ୍ତି ବଳରେ ଜିଣିଥିବା ଗୁଣହୀନ ଓ ନୀତିହୀନ କେତେକ ଜନପ୍ରତିନିଧି ନିଜ ହାତରେ କ୍ଷମତା ପାଇ ଦେଶର ଗରୀବ ଜନତାଙ୍କ ମଧ୍ୟରେ ସୀମିତ ସୁବିଧା ବାଣ୍ଟିବା ମାଙ୍କଡ଼ ଓ ଦୁଇ ବିରାଡ଼ିଙ୍କ ମଧ୍ୟରେ ପିଠା ବାଣ୍ଟିବା ନ୍ୟାୟରେ ଚାଲିଛି। ତରାଜୁର ଦୁଇପଟ ଖାଲି ହେବା ପରେ ବିଚରା ଜନତା ଜନାର୍ଦ୍ଦନ ଜଳକା ରହିବା ହିଁ ସାର ହେଉଛି। ଆଜିକାଲିର ଜନପ୍ରତିନିଧି ଠିକ 'ବାଉଁଶରାଣୀ'ର ଖେଳ ପରି ଦିଗ ପରିବର୍ତ୍ତନ ବି କରୁଛନ୍ତି। ଥରେ ଏହି ଖେଳ ଭାଙ୍ଗିଗଲେ ପୁଣି ନୂଆ ଅଭିନୟ ଆରମ୍ଭ ହେଉଛି, ଠିକ ପୂର୍ବପରି ଢଙ୍ଗରେ। ଫରକ ଏତିକି, ସେଇ ଜନତା, ସେଇ ନେତା, ସେଇ ଖେଳ, ସେଇ ଭ୍ରଷ୍ଟାଚାର। ବ୍ୟବଧାନ କେବଳ ସମୟ। ଯେଉଁ ଲୋକପ୍ରତିନିଧି କିଛି ଅର୍ଥ, ଉପହାର, ଭୋଜିଭାତ ଦ୍ୱାରା ଜନତାଙ୍କ ମୁଣ୍ଡ କିଣିଥାଏ ସେହି ପ୍ରତିନିଧି କିପରି ସଚ୍ଚୋଟପଣିଆକୁ ଆପଣେଇ ପାରିବ ଗଣତନ୍ତ୍ର ବା ଏଥିପାଇଁ ଦୋଷୀ କାହିଁକି ହେବ?

ଗଣତନ୍ତ୍ର ଶ୍ରେଷ୍ଠ ଶାସନ, ଏଥିରେ ତିଳେ ମାତ୍ର ସନ୍ଦେହ ନାହିଁ। କଥାରେ ଅଛି, ଯିଏ ଯେଉଁ ଶାସନ ପାଇଁ ଉପଯୁକ୍ତ, ସେ ତାହା ହିଁ ପାଏ। ଆଜି ପ୍ରତ୍ୟେକ ଜନସାଧାରଣ ସେମାନଙ୍କ ଅବସ୍ଥା ପାଇଁ ନିଜେ ହିଁ ଦାୟୀ। ଆତ୍ମସମୀକ୍ଷା ନକରି ଗଣତନ୍ତ୍ରକୁ ଦୋଷ ଦେବା ଆଦୌ ଗ୍ରହଣୀୟ ନୁହେଁ। ଅର୍ଥ, ଖାଦ୍ୟ, ପଦପଦବୀ ଲାଳସାରେ ଆଜି ସାଧାରଣ ଜନତା ନିଜେ ନିଜ ବିବେକକୁ ବନ୍ଧା ପକାଇବା ହିଁ ଗଣତନ୍ତ୍ର ପାଇଁ ସଙ୍କଟ ସୃଷ୍ଟି କରୁଛି। ଗଣଶିକ୍ଷା ଓ ଗଣଚେତନାକୁ ଜାଗ୍ରତ ନକରି ପାରିବା ଆମମାନଙ୍କର ପ୍ରଥମ ଦୁର୍ବଳତା।

(ଅଧ୍ୟାପିକା, ମହାପୁରୁଷ ହାଡିଦାସ ମହାବିଦ୍ୟାଳୟ)
ଛତିଆ, ମୋ: ୯୪୩୭ ୯୫୭ ୬୧୭

# ପୁତନା ମନ୍ଦିର

## ବିଚିତ୍ର ବିଶ୍ୱାସ

ଓଜସ୍ୱିନୀ

ପୌରାଣିକ କଥା ଅନୁସାରେ ପୁତନା ପୂର୍ବଜନ୍ମରେ ଦାନବୀର ରାଜା ବଳିଙ୍କ ପୁତ୍ରୀ ରତ୍ନମାଳା ଭାବେ ଜନ୍ମ ନେଇଥିଲେ। ବଳି ବଧ ପାଇଁ ଶ୍ରୀବିଷ୍ଣୁ ଗ୍ରହଣ କରିଥିବା ବାମନ ଅବତାର ଦର୍ଶନ କରି ତାଙ୍କୁ ପୁତ୍ର ଭାବେ ପ୍ରାପ୍ତ କରିବା ପାଇଁ ରତ୍ନମାଳା ବରଦାନ ମାଗିଥିଲେ। ରତ୍ନମାଳାଙ୍କ ବାତ୍ସଲ୍ୟ ଭକ୍ତିରେ ସନ୍ତୁଷ୍ଟ ହୋଇ ଶ୍ରୀବିଷ୍ଣୁ ବରଦାନ ଦେଇଥିଲେ ଯେ, ଦ୍ୱାପର ଯୁଗରେ ସେ ବାଳକୃଷ୍ଣଙ୍କ ମାତା ହେବାର ସୌଭାଗ୍ୟ ଲାଭ କରିବେ। ତେଣୁ ପୁତନା କିଛିକ୍ଷଣ ପାଇଁ ବାଳକୃଷ୍ଣଙ୍କୁ ମାତା ଭାବେ ସନ୍ତ୍ୟପାନ କରାଇବାର ସୁଯୋଗ ଲାଭ କରିଥିଲେ।

ଦ୍ୱାପର ଯୁଗରେ ବାଳକୃଷ୍ଣଙ୍କୁ ବଧ କରିବା କଂସ ପୁତନା ନାମ୍ନୀ ରାକ୍ଷସୀକୁ ଗୋପପୁର ପଠାଇଥିଲା। ପୁତନା ରୂପସୀର ଛଦ୍ମବେଶ ଧାରଣ କରି ଆସିଥିଲା। ଶ୍ରୀକୃଷ୍ଣଙ୍କୁ ମର୍ତ୍ତ୍ୟମଣ୍ଡଳରେ ଦର୍ଶନ କରିବା ସହିତ ବାଳକୃଷ୍ଣଙ୍କୁ ସନ୍ତ୍ୟପାନ କରିବାକୁ ସୁଯୋଗ ଦେବାକୁ ସେ ମାତା ଯଶୋଦାଙ୍କୁ ଅନୁରୋଧ କଲେ। ମାତା ଯଶୋଦା ବାଳକୃଷ୍ଣଙ୍କୁ ପୁତନାଙ୍କ କୋଳକୁ ଦେଇଥିଲେ। ପୁତନା ତାଙ୍କ ସ୍ତନରେ ଥିବା କାଳକୂଟ ବିଷ ଦ୍ୱାରା ବାଳକୃଷ୍ଣଙ୍କ ବଧ କରିବେ ବୋଲି ଯୋଜନା କରିଥିଲେ। କିନ୍ତୁ ବାଳକୃଷ୍ଣ କ୍ଷୀର ସହ ପୁତନାଙ୍କ ପ୍ରାଣ ହରଣ କରି ନେଲେ। ଏହାପରେ ରାକ୍ଷସୀ ପୁତନା ଚିତ୍କାର କରି ନିଜ ବିକଟାଳ ରୂପ ଧାରଣ କରି ମୃତ୍ୟୁବରଣ କଲେ। ଗୋପପୁରବାସୀ ଏହା ଦେଖିବା ପରେ ଭୟଭୀତ ହେବା ସହିତ ବାଳକୃଷ୍ଣଙ୍କୁ ପୁତନାଙ୍କ ଛାତି ଉପରୁ ଉଠାଇ ଆଣିଲେ ଏବଂ ପୁତନାଙ୍କ ଦାହ ସଂସ୍କାର କରିଥିଲେ। ଶ୍ରୀକୃଷ୍ଣଙ୍କ ସ୍ପର୍ଶ ପାଇଥିବାରୁ ସଂସ୍କାର ସମୟରେ ପୁତନାଙ୍କ ଶରୀରରୁ ଚନ୍ଦନର ସୁଗନ୍ଧ ବାହାରିଥିଲା। ତେଣୁ ପୁତନାଙ୍କୁ ଗୋପବାସୀ ଦେବୀତୁଲ୍ୟ ବିଚାର କରିଥିଲେ। ଯେଉଁ ସ୍ଥାନରେ ପୁତନା ମୋକ୍ଷ ଲାଭ କରିଥିଲେ, ସେହି ସ୍ଥାନରେ ପୁତନାଙ୍କ ମନ୍ଦିର ନିର୍ମାଣ କରାଯାଇଛି। ଏହି ମନ୍ଦିରରେ ବର୍ତ୍ତମାନ ସମୟରେ ମଧ୍ୟ ବିଧିବିଧାନର ସହିତ ପୂଜାର୍ଚ୍ଚନା କରାଯାଏ। ବିଶେଷ ଭାବେ ସନ୍ତାନମାନଙ୍କର ମଙ୍ଗଳକାମନା କରି ସେଠାରେ ପୁତନାଙ୍କ ଉଦ୍ଦେଶ୍ୟରେ ଶ୍ରଦ୍ଧାଳୁମାନେ ପୂଜାର୍ଚ୍ଚନା କରିଥା'ନ୍ତି।

ଉତ୍ତରପ୍ରଦେଶର ମଥୁରା(ଗୋପପୁର) ଅନ୍ତର୍ଗତ ମହାବନ୍ ଅଞ୍ଚଳରେ ପୁତନା ମନ୍ଦିର ଅଛି। ଏଠାରେ ରାକ୍ଷସୀ ରୂପରେ ପୁତନାଙ୍କର ଏକ ବିଶାଳ ଶୟନମୁଦ୍ରାର ପ୍ରତିମା ରହିଛି, ଯାହାର ଛାତି ଉପରେ ବାଳକୃଷ୍ଣ ସ୍ତନ୍ୟପାନ କରୁଥିବା ଦେଖାଯାଏ। ସେଠାରେ ପୁତନାଙ୍କୁ ମା' ରୂପରେ ପୂଜା କରାଯାଉଛି। ଯମୁନା ତଟବର୍ତ୍ତୀ ଏହି ମନ୍ଦିର 'ପୁତନା ଉଦ୍ଧାର ସ୍ଥଳ' ଭାବେ ମଧ୍ୟ ପରିଚିତ। ପଶ୍ଚିମବଙ୍ଗ ଅଞ୍ଚଳରେ ଅନ୍ୟ ଏକ ପୁତନା ମନ୍ଦିର ରହିଥିଲେ ମଧ୍ୟ ମଥୁରାର ପୁତନା ମନ୍ଦିରକୁ ମୁଖ୍ୟ ମନ୍ଦିରର ମାନ୍ୟତା ମିଳିଛି। ପଶ୍ଚିମବଙ୍ଗର ହୁଗୁଳିଠାରେ ଥିବା ପୁତନା ମନ୍ଦିରକୁ 'ରାକ୍ଷସୀବାଡ଼ି' କୁହାଯାଏ। ଏଠାରେ ରାଧାକୃଷ୍ଣଙ୍କ ସହିତ ପୁତନାଙ୍କର ମୂର୍ତ୍ତି ପୂଜା ପାଇଥା'ନ୍ତି। ଅଧିକାରୀ ପରିବାରର ବହୁ ପୁରୁଣା ଘରେ ସ୍ଥିତ ଏହି ମନ୍ଦିରରେ କ୍ରମାଗତ ଚାରିପିଢ଼ି ଧରି ପୂଜା କରି ଆସୁଛନ୍ତି। ଏହି ମନ୍ଦିରରେ ମଧ୍ୟ ସନ୍ତାନମାନଙ୍କ କଲ୍ୟାଣାର୍ଥେ ପୂଜାର୍ଚ୍ଚନା କରାଯାଏ।

ଏତଦ୍‌ବ୍ୟତୀତ ଭାରତୀୟ ଚିକିତ୍ସା ପଦ୍ଧତି ଅନ୍ତର୍ଗତ କେତେକ ଗ୍ରନ୍ଥ ଓ ସୁଶ୍ରୁତ ସଂହିତାରେ ପୁତନାଙ୍କୁ କଳାବର୍ଣ୍ଣଯୁକ୍ତ, ବଡ଼ ଓ ଖୋଲା ପାଟି, ଆଗକୁ ବାହାରିଥିବା ଆସୁରିକ ଦାନ୍ତଯୁକ୍ତ, ଖୋଲା କେଶ, ମଇଳା ବସ୍ତ୍ର ପରିଧାନଯୁକ୍ତ, ଦେହରୁ ଦୁର୍ଗନ୍ଧ ବାହାରୁଥିବା ଏବଂ ଭଙ୍ଗାଘରେ ରହୁଥିବା ଶିଶୁରୋଗ ସୃଷ୍ଟିକାରୀ ଦୁଷ୍ଟ ମାତୃକାଗଣ ଓ ଗ୍ରାହିଣୀ ଭାବେ ବର୍ଣ୍ଣନା କରାଯାଇଛି। ତେଣୁ ପୁତନାଙ୍କ ଉଦ୍ଦେଶ୍ୟରେ ଗୋବର, ମାଛ, ଚାଉଳରେ ପ୍ରସ୍ତୁତ ବିଭିନ୍ନ ଖାଦ୍ୟ, ପେଡ଼ା ହୋଇଥିବା ତେଲ ଓ ମଦିରା ଅର୍ପଣ କରି ଶିଶୁରୋଗ ମୁକ୍ତ କରିବା ପାଇଁ ଅନେକ ସ୍ତୁତି, ଶ୍ଳୋକ ଓ ପୂଜପଦ୍ଧତି ରହିଛି। ଆୟୁର୍ବେଦର ଏକ ଶାଖା 'କୁମାର ତନ୍ତ୍ର' ଅନୁସାରେ ଶିଶୁଙ୍କ ଦୁଗ୍ଧ ସମ୍ବନ୍ଧୀୟ ରୋଗର ଚିକିତ୍ସା ନିମନ୍ତେ ପୁତନାଙ୍କ ଉଦ୍ଦେଶ୍ୟରେ ସ୍ତୁତିପାଠ କରିବାକୁ ନିର୍ଦ୍ଦେଶ ଦିଆଯାଇଛି। 'କୁମାରତନ୍ତ୍ର'ରେ ଉଲ୍ଲେଖ ଅଛି ଯେ, ଶିଶୁକୁ ଜନ୍ମର ତୃତୀୟ ଦିନ କିମ୍ବା ତୃତୀୟ ମାସ କିମ୍ବା ତୃତୀୟ ବର୍ଷ ଯାହା କିଛି ରୋଗ ହୁଏ, ତାହା କେବଳ ପୁତନା ଗ୍ରାହିଣୀ ପାଇଁ ହୋଇଥାଏ। ତେଣୁ ଆୟୁର୍ବେଦୀୟ ଅନୁଷ୍ଠାନ ଦ୍ୱାରା ପୁତନାଙ୍କ ପୂଜା କରି ଶିଶୁକୁ ରୋଗମୁକ୍ତ କରାଯାଏ।

ଭୁବନେଶ୍ୱର, ମୋ: ୯୦୯୦୧୯୪୯୪୩

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

# ପୁଲିସର ବେପରୁଆ ପାର୍କିଂ ନେଲା ୨ ଜୀବନ

ବାହାନଗା, ୧୬।୧୦ (ସମିସ): ବାଲେଶ୍ୱର ଜିଲ୍ଲା ଖନ୍ତାପଡ଼ା ପୁଲିସର ବେପରୁଆ କାର୍ଯ୍ୟ ପାଇଁ ଆଜି ୨ଟି ଜୀବନ ଅକାଳରେ ଝରିପଡ଼ିଥିବା ନେଇ ଅଭିଯୋଗ ହୋଇଛି। ଜାତୀୟ ରାଜପଥକୁ ଲାଗି ଥାନା ସମ୍ମୁଖରେ ପୁଲିସ ଜବତ ଗାଡ଼ି ପାର୍କିଂ କରୁଥିବାରୁ ଆଜି ଏପରି ଏକ ଅଘଟଣ ଘଟିଛି। ଦୁର୍ଘଟଣାରେ ୨ଜଣଙ୍କ ମୃତ୍ୟୁ ଘଟିଥିବା ବେଳେ ୨ ଜଣ ଗୁରୁତର ଆହତ ହୋଇଛନ୍ତି। ଖବର ଲେଖା ହେବା ସୁଦ୍ଧା ମୃତାହତଙ୍କ ପରିଚୟ ମିଳିପାରିନାହିଁ।

ସୂଚନାନୁଯାୟୀ, ଖନ୍ତାପଡ଼ା ଥାନା ପରିସରରେ ପର୍ଯ୍ୟାପ୍ତ ଜାଗା ନ ଥିବାରୁ ପୁଲିସ ବିଭିନ୍ନ ସମୟରେ ଜବତ କରୁଥିବା ଦୁର୍ଘଟଣାଗ୍ରସ୍ତ ଏବଂ ଚୋରା ଲଘୁ ଖଣିଜ

**ମୃତ୍ୟୁ ସହ ସଂଗ୍ରାମ କରୁଛନ୍ତି ୨ ସଂକଟାପନ୍ନ**

ପଦାର୍ଥ ପରିବହନ ଗାଡ଼ିଗୁଡ଼ିକୁ ଥାନା ସମ୍ମୁଖ ୧୬ ନମ୍ବର ଜାତୀୟ ରାଜପଥରେ ଛିଡ଼ା କରୁଛି। ଏପରିସ୍ଥଳେ ଗତ ୧୪ତାରିଖରେ ୨ଟି ବାଲି ଡମ୍ପର୍ ଏବଂ ଗୋଟିଏ ଟ୍ରାକ୍ଟରକୁ ଜବତ କରି ଥାନା ସମ୍ମୁଖ ରାସ୍ତା ଉପରେ ରଖିଥିଲା। ପୁରୀ ବୁଲିବାକୁ ଆସିଥିବା ପୂର୍ବମେଦିନୀପୁର ଅଞ୍ଚଳର ୪ଜଣ ଆଜି ଦିନ ପ୍ରାୟ ୧୧ଟାରେ ପଶ୍ଚିମବଙ୍ଗ ଅଭିମୁଖେ ଫେରୁଥିବା ବେଳେ ଉକ୍ତ ଡମ୍ପରକୁ ସେମାନଙ୍କ କାର୍‌ଟି ପଛରୁ ଧକ୍କା ଦେଇଥିଲା। ଏଥିରେ କାର୍‌ରେ ଥିବା ୪ ଜଣ ଗୁରୁତର ହୋଇଥିଲେ। ଆମ୍ବୁଲାନ୍ସରେ ସମସ୍ତଙ୍କୁ ଫକୀରମୋହନ ମେଡିକାଲ କଲେଜ ଓ ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲା। ସେଠାରେ ଡାକ୍ତର ଜଣେ ଯୁବକ ଏବଂ ଜଣେ ମହିଳାଙ୍କୁ ମୃତ ଘୋଷଣା କରିଥିଲେ। ଅନ୍ୟ ଜଣେ ପୁରୁଷ ଏବଂ ଅନ୍ୟ ଜଣେ ମହିଳାଙ୍କ ସ୍ୱାସ୍ଥ୍ୟାବସ୍ଥା ସଂକଟାପନ୍ନ ରହିଛି। ପୁଲିସ ଶବଦ୍ୱୟକୁ ଜବତ କରି ତଦନ୍ତ ଚଳାଇଛି। ପୁଲିସର ବେପରୁଆ ପାର୍କିଂ ପାଇଁ ୨ଜଣଙ୍କ ଜୀବନ ଯାଇଥିବାରୁ ସାଧାରଣରେ ପୁଲିସ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଦାବି ହେଉଛି।

# 'ଲଢ଼େଇ' ରିଲିଜ୍‌ରେ ସେନସର୍ ରୋକ୍

■ ସମୀକ୍ଷା ପାଇଁ ମୁମ୍ବାଇ ପଠାଗଲା
■ ପକ୍ଷପାତ ଅଭିଯୋଗ ଆଣିଲେ ପ୍ରଯୋଜକ, ନିର୍ଦ୍ଦେଶକ

ଭୁବନେଶ୍ୱର, ୧୬।୧୦ (ସମିସ): ନବାଗତ ଅଭିନେତାଙ୍କୁ ନେଇ ପ୍ରସ୍ତୁତ ଓଡ଼ିଆ ସିନେମା 'ଲଢ଼େଇ'ର ରିଲିଜ୍‌କୁ ସେଣ୍ଟ୍ରାଲ ବୋର୍ଡ ଅଫ୍ ଫିଲ୍ମ ସାର୍ଟିଫିକେସନ୍ ଅଧୀନ ଓଡ଼ିଶା ସେନସର୍ ବୋର୍ଡ ସ୍ଥଗିତ କରିଛି। ଦୀପାବଳି ଉପଲକ୍ଷେ ଆସନ୍ତାକାଲି ଅର୍ଥାତ୍ ୧୭ତାରିଖରେ ରିଲିଜ୍ ହେବାକୁ ଥିବା ଏହି ସିନେମାରେ ମାତ୍ରାଧିକ ହିଂସାତ୍ମକ ଦୃଶ୍ୟ ଥିବା ଦର୍ଶାଇ ରାଜ୍ୟ ସେନସର୍ ବୋର୍ଡ ଏହାକୁ 'ଏ' ବର୍ଗର ସାର୍ଟିଫିକେଟ୍ ନ ଦେବା ସହ ଏହାର ସମୀକ୍ଷା ପାଇଁ ମୁମ୍ବାଇ ପଠାଇଛି। ଫଳରେ ସିନେମାର ରିଲିଜ୍ ସ୍ଥଗିତ ରହିଥିବା ସିନେମାର ପ୍ରଯୋଜକ, ନିର୍ଦ୍ଦେଶକ ଆଜି ଏକ ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଛନ୍ତି। ସିନେମାର ମୁକ୍ତିଲାଭ ପାଇଁ ସମସ୍ତ ପ୍ରସ୍ତୁତି ସରିଥିବା ବେଳେ ସେନସର୍ ବୋର୍ଡର ଏହି ନିଷ୍ପତ୍ତି ଦର୍ଶକଙ୍କୁ ନିରାଶ କରିଛି ବୋଲି କହିଛନ୍ତି ପ୍ରଯୋଜକ ଦେବାଶିଷ ପଟ୍ଟନାୟକ।

ସେ କହିଛନ୍ତି, ନିକଟ ଅତୀତରେ ମୁକ୍ତିଲାଭ କରିଥିବା 'ଆନିମଲ୍' ପରି ଅନେକ ହିନ୍ଦୀ ଏବଂ ଅନ୍ୟ ଭାଷାରେ ନିର୍ମିତ ଚଳଚ୍ଚିତ୍ରରେ ହିଂସାତ୍ମକ ଦୃଶ୍ୟ ରହିଛି। ଅତ୍ୟଧିକ ହିଂସା ଦୃଶ୍ୟ ଥିବା ସତ୍ତ୍ୱେ ହିନ୍ଦୀ, ତେଲୁଗୁ, କନ୍ନଡ଼ ଆଦି ଚଳଚ୍ଚିତ୍ର କେନ୍ଦ୍ର ସରକାରଙ୍କ ସେଣ୍ଟ୍ରାଲ ବୋର୍ଡ ଅଫ୍ ଫିଲ୍ମ ସାର୍ଟିଫିକେସନ୍‌ରୁ ଅନୁମତି ପାଇଛନ୍ତି। ଖାଲି ସେତିକି ନୁହେଁ, ଉକ୍ତ ଚଳଚ୍ଚିତ୍ରଗୁଡ଼ିକ ଆମ ରାଜ୍ୟର ଦର୍ଶକଙ୍କଠାରୁ କୋଟିକୋଟି ଟଙ୍କା ଆୟ ମଧ୍ୟ କରିଛନ୍ତି। ହେଲେ ସାମାନ୍ୟ ହିଂସା ଦୃଶ୍ୟ ପାଇଁ ଓଡ଼ିଆ ସିନେମା 'ଲଢ଼େଇ'କୁ 'ଏ' ବର୍ଗର ସାର୍ଟିଫିକେଟ୍ ନଦେଇ ସମୀକ୍ଷା ପାଇଁ ମୁମ୍ବାଇ ପଠାଇ ଦିଆଯିବା ପ୍ରଯୋଜକ, ନିର୍ଦ୍ଦେଶକ, ଅଭିନେତାଙ୍କୁ ଆଶ୍ଚର୍ଯ୍ୟ ଓ ନିରାଶ କରିଛି।

ନିର୍ଦ୍ଦେଶକ ଅଶୋକ ପତି ପ୍ରଶ୍ନ କରିଛନ୍ତି ଯେ ହିନ୍ଦୀ, କନ୍ନଡ଼, ତେଲୁଗୁ ସିନେମା ଅତ୍ୟଧିକ ହିଂସା ଦୃଶ୍ୟ ଥାଇ ମଧ୍ୟ କିପରି ଓଡ଼ିଶାରେ ସେହି ଜାତୀୟ ସଂସ୍ଥା ଦ୍ୱାରା ସ୍ୱୀକୃତି ପାଇ ପ୍ରଦର୍ଶିତ ହୋଇପାରୁଛି। ଏପରି ପକ୍ଷପାତିତା ଯୋଗୁଁ ଓଡ଼ିଆ ପ୍ରଯୋଜକଙ୍କ ମନୋବଳ ଭାଙ୍ଗିଯାଉଛି ବୋଲି ବିଶିଷ୍ଟ ପ୍ରଯୋଜକ ସଞ୍ଜୟ ନାୟକ କହିଛନ୍ତି।



ବରିଷ୍ଠ ସାମ୍ବାଦିକ, ସିନେସମୀକ୍ଷକ ଏବଂ ଜାତୀୟ ମିଡିଆ ଫାଉଣ୍ଡେସନ୍ (ଏନଏମଏଫ୍)ର ରାଜ୍ୟ ମୁଖପାତ୍ର ଶ୍ୟାମାପ୍ରସାଦ ମିଶ୍ର କହିଛନ୍ତି, କେନ୍ଦ୍ର ସରକାରଙ୍କ ସେଣ୍ଟ୍ରାଲ ବୋର୍ଡ ଅଫ୍ ଫିଲ୍ମ ସାର୍ଟିଫିକେସନ୍ ସଂସ୍ଥା ଭାରତ ବର୍ଷରେ ସେନ୍ସର୍ ପାଇଁ ଗୋଟିଏ ନୀତି ଆଣିବା ଆବଶ୍ୟକ। କାରଣ ଭେଦଭାବ ଓଡ଼ିଆ ପ୍ରଯୋଜକଙ୍କୁ କ୍ଷତି ପହଞ୍ଚାଇବ। ତେବେ 'ଲଢ଼େଇ' ନିର୍ଦ୍ଧାରିତ ସମୟରେ ମୁକ୍ତିଲାଭ କରିପାରୁନଥିବାରୁ ପ୍ରଯୋଜକ ଏଥିପାଇଁ ଦର୍ଶକଙ୍କୁ କ୍ଷମା ମାଗିଛନ୍ତି।

# ନିଯୁକ୍ତି ଆବେଦନ ପାଇଁ ଫି' ଦେବେ ପରୀକ୍ଷାର୍ଥୀ

■ ପ୍ରକାଶ ପାଇଲା ଗେଜେଟ୍ ବିଜ୍ଞପ୍ତି
■ ପରୀକ୍ଷାରେ ଉପସ୍ଥିତ ରହିଲେ ଫି' ଫେରସ୍ତ
■ ଏସ୍‌ସି/ଏସ୍‌ଟି ଓ ଦିବ୍ୟାଙ୍ଗଙ୍କ ପାଇଁ ମାଗଣା
■ ପରୀକ୍ଷା ପରିଚାଳନାରେ ସଂସ୍କାର ପାଇଁ ପଦକ୍ଷେପ

ଭୁବନେଶ୍ୱର, ୧୫।୧୦ (ସମିସ): ନିଯୁକ୍ତି ପାଇଁ ଆବେଦନ କରୁଥିବା ଆଶାୟୀ ପ୍ରାର୍ଥୀଙ୍କୁ ଏଣିକି ଫି' ଦେବାକୁ ପଡ଼ିବ। ନିଯୁକ୍ତି ପରୀକ୍ଷା ପରିଚାଳନା କରୁଥିବା ସଂସ୍ଥା ପକ୍ଷରୁ ଫି' ନିର୍ଦ୍ଧାରଣ କରାଯିବ। ତେବେ ଅନୁସୂଚିତ ଜାତି, ଅନୁସୂଚିତ ଜନଜାତି ବର୍ଗ ସହ ଦିବ୍ୟାଙ୍ଗ ପ୍ରାର୍ଥୀଙ୍କୁ କୌଣସି ଫି' ଦେବାକୁ ପଡ଼ିବ ନାହିଁ। ସେହିପରି ଫି' ଦେଇଥିବା ପ୍ରାର୍ଥୀ ପରୀକ୍ଷାରେ ଉପସ୍ଥିତ ରହିଲେ, ତାଙ୍କ ଫି' ଫେରସ୍ତ କରାଯିବ। ଏନେଇ ଏକ ଗେଜେଟ୍ ବିଜ୍ଞପ୍ତି ପ୍ରକାଶ ପାଇଛି।

ନିଯୁକ୍ତି ପରୀକ୍ଷା ପାଇଁ ଆବେଦନ କରୁଥିବା ବହୁ ଆଶାୟୀ ପରୀକ୍ଷା ଦେଉନାହାନ୍ତି। ଏପରିକି, ଅଧାରୁ ଅଧିକ ପ୍ରାର୍ଥୀ ପରୀକ୍ଷାରେ ଅନୁପସ୍ଥିତ ରହୁଛନ୍ତି। ଏପରି ଖାମଖିଆଲ ମନୋଭାବ ରଖି ଆବେଦନ କରୁଥିବା ପ୍ରାର୍ଥୀଙ୍କ ପାଇଁ ନିଯୁକ୍ତି ପ୍ରକ୍ରିୟା ମନ୍ଥର ହେଉଛି। ପରୀକ୍ଷା ବ୍ୟବସ୍ଥା କରିବାକୁ ବ୍ୟାପକ ରାଜସ୍ୱ ଖର୍ଚ୍ଚ ହେଉଥିବା ବେଳେ ଏହା ସମୟସାପେକ୍ଷ ମଧ୍ୟ। ତେଣୁ ଆବେଦନ ସମୟରେ ଫି' ଲାଗୁ ହେଲେ ଏସବୁ ସମସ୍ୟାରେ ସୁଧାର ଆସିପାରିବ। ପରୀକ୍ଷା ଦେଉଥିବା ପ୍ରାର୍ଥୀଙ୍କୁ କୌଣସି ଆର୍ଥିକ ବୋଝ ରହିବ ନାହିଁ। ପରୀକ୍ଷାରେ ଉପସ୍ଥିତ ରହିଲେ ଶତପ୍ରତିଶତ ଫି' ଫେରସ୍ତ କରାଯିବ। ଆବେଦନ କରି ପରୀକ୍ଷା ଦେଉ ନଥିବା ପରୀକ୍ଷାର୍ଥୀଙ୍କୁ ଆବେଦନ ଫି' ଫେରସ୍ତ କରାଯିବ ନାହିଁ ବୋଲି କୁହାଯାଉଛି।

ଗେଜେଟ୍ ବିଜ୍ଞପ୍ତି ଅନୁଯାୟୀ, ପରବର୍ତ୍ତୀ ନିଯୁକ୍ତି ପାଇଁ ବିଜ୍ଞପ୍ତି ପ୍ରକାଶ କରିବାକୁ ସମସ୍ତ ବିଭାଗ ଓ ଜିଲ୍ଲାପାଳମାନଙ୍କୁ ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗ ପକ୍ଷରୁ ଅବଗତ କରାଯାଇଛି। ରାଜ୍ୟରେ ନିଯୁକ୍ତି ପରିଚାଳନା କରୁଥିବା ଓଡ଼ିଶା ଲୋକସେବା ଆୟୋଗ(ଓପିଏସ୍‌ସି), ଓଡ଼ିଶା କର୍ମଚାରୀ ପ୍ରବରଣ ଆୟୋଗ(ଓଏସ୍‌ଏସ୍‌ସି), ଓଡ଼ିଶା ଅଧସ୍ତନ କର୍ମଚାରୀ ଚୟନ ଆୟୋଗ(ଓଏସ୍‌ଏସ୍‌ଏସ୍‌ସି) ସମେତ ଅନ୍ୟ ସମସ୍ତ ସଂସ୍ଥା ଏହି ଆଧାରରେ ଫି' ନିର୍ଦ୍ଧାରଣ କରି ବିଜ୍ଞପ୍ତି ପ୍ରକାଶ କରିବେ।

ପୂର୍ବରୁ ପରୀକ୍ଷା ସଂସ୍କାର ପାଇଁ ଏକକ ମାର୍ଗଦର୍ଶିକା ଜାରି ହୋଇଥିବା ବେଳେ ଏହି ଗେଜେଟ୍ ବିଜ୍ଞପ୍ତି ଆଶାୟୀଙ୍କ ମଧ୍ୟରେ ନୂତନ ଆଶା ସଞ୍ଚାର କରିଛି। ଗତ ଜାନୁଆରୀରୁ ସାଧାରଣ ସ୍ନାତକ ପିଲାଙ୍କ ପାଇଁ କୌଣସି ନିଯୁକ୍ତି ବାହାରି ନଥିବାରୁ ଏବେ ବିଭିନ୍ନ ପଦରେ ନିଯୁକ୍ତି ପାଇଁ ବିଜ୍ଞପ୍ତି ପ୍ରକାଶ ପାଇବ ବୋଲି ଆଶା ବାନ୍ଧିଛନ୍ତି। ବିଶେଷକରି, ଦୀର୍ଘଦିନରୁ ଅପେକ୍ଷିତ ଥିବା ଓଡ଼ିଶା ସିଜିଏଲ୍, ଏଏସ୍‌ଓ, ବିଶ୍ୱବିଦ୍ୟାଳୟର ଅଣଶିକ୍ଷକ ପଦ, କମ୍ୟୁନିକେସନ୍ କନେଷ୍ଟବଳ ଓ ଜେଇଏ ପରି ପଦରେ ନିଯୁକ୍ତି ପାଇଁ ଖୁବ୍‌ଶୀଘ୍ର ବିଜ୍ଞପ୍ତି ପ୍ରକାଶ ପାଇବ ବୋଲି ଆଶାୟୀମାନେ ଆଶା ବାନ୍ଧିଛନ୍ତି।

# ଏକାଧିକ ଥର ଟ୍ରାଫିକ୍ ନିୟମ ଭାଙ୍ଗିଲେ ଗାଡ଼ି ବ୍ଲାକ୍ ଲିଷ୍ଟ

■ ନିୟମ ଭାଙ୍ଗିଥିବା ୨୫୮ ଗାଡ଼ିକୁ ଚିହ୍ନଟ କଲା ଟ୍ରାଫିକ୍ ପୁଲିସ
■ ରେଜିଷ୍ଟ୍ରେସନ୍ ନମ୍ବର ରଦ୍ଦ ପାଇଁ ପରିବହନ ବିଭାଗକୁ ଚିଠି

ଭୁବନେଶ୍ୱର,୧୬।୧୦(ସମିସ): ଏକାଧିକ ଥର ଟ୍ରାଫିକ୍ ନିୟମ ଉଲ୍ଲଂଘନ କରୁଥିବା ଗାଡ଼ି ଚାଳକ ଏବେ ସାବାଡ଼ ହେବେ। ସେମାନଙ୍କୁ ଖୋଜି ଖୋଜି ଚିହ୍ନଟ କରି ବ୍ଲାକ୍ ଲିଷ୍ଟ କରିବ ଟ୍ରାଫିକ୍ ପୁଲିସ। ବାରମ୍ବାର ଟ୍ରାଫିକ ନିୟମ ଭାଙ୍ଗିଲେ ରଦ୍ଦହେବ ଗାଡ଼ି ରେଜିଷ୍ଟ୍ରେସନ୍ ନମ୍ବର। ଏଭଳି ୨୫୮ଟି ଗାଡ଼ିକୁ ଚିହ୍ନଟ କରିଛି କମିଶନରେଟ ଟ୍ରାଫିକ୍ ପୁଲିସ। ୨୫୮ଟି ଗାଡ଼ିର ରେଜିଷ୍ଟ୍ରେସନ୍ ନମ୍ବର, ଫିଟ୍‌ନେସ୍ ସାର୍ଟିଫିକେଟ ରଦ୍ଦ ପାଇଁ ପରିବହନ ବିଭାଗକୁ ଚିଠି ଲେଖିଛି। ଏହି ଚିଠି ଆଧାରରେ ଖୁବ୍‌ଶୀଘ୍ର ଚିହ୍ନଟ ଗାଡ଼ିର ରେଜିଷ୍ଟ୍ରେସନ ନମ୍ବର ରଦ୍ଦ କରାଯିବ।

ରାସ୍ତାରେ ଅମାନିଆ ଗାଡ଼ି ଚାଳକଙ୍କ ଯୋଗୁଁ ଅନେକ ଦୁର୍ଘଟଣା ଘଟୁଛି। ଅନେକ ଲୋକଙ୍କ ଜୀବନ ଯାଉଛି। ପ୍ରତିବର୍ଷ ସଡ଼କ ଦୁର୍ଘଟଣାରେ ରାଜ୍ୟରେ ହାରାହାରି ୫ ହଜାର ଲୋକଙ୍କ ମୃତ୍ୟୁ ଘଟୁଛି। ଯେଉଁଥିପାଇଁ ଅନେକ ପରିବାର ଛାରଖାର ହେଉଛି। ଏବେ ଏସବୁରେ ରୋକ ଲଗାଇବା ପାଇଁ ଟ୍ରାଫିକ୍ ପୁଲିସ ଅଭିନବ ବ୍ୟବସ୍ଥା ଆରମ୍ଭ କରିଛି। ଟ୍ରାଫିକ୍ ନିୟମ ଭାଙ୍ଗୁଥିବା ଅମାନିଆଙ୍କୁ ଚିହ୍ନଟ କରି ପୁଲିସ ଅନ୍‌ଲାଇନ୍‌ରେ ଚାଲାଣ କାଟୁଥିଲେ। କିନ୍ତୁ ତାହା ସେମାନଙ୍କ ଉପରେ କିଛି ବି ପ୍ରଭାବ ପକାଇ ପାରୁ ନ ଥିଲା। ଗୋଟିଏ ଗାଡ଼ି ଉପରେ ୨୦ରୁ ଅଧିକ ଚାଲାଣ ରହିଛି। ସେମାନେ ନା ଜରିମାନା ପୈଠ କରୁଛନ୍ତି ନା ଟ୍ରାଫିକ୍ ନିୟମ ମାନୁଛନ୍ତି। ଖୁଲମ୍‌ଖୁଲା ଟ୍ରାଫିକ୍ ନିୟମ ଉଲ୍ଲଂଘନ କରି ଅନ୍ୟମାନଙ୍କୁ ଅସୁବିଧାରେ ପକାଉଛନ୍ତି। ଯାହାଫଳରେ ସହରରେ ଦୁର୍ଘଟଣା ହାର ବଢ଼ିବାରେ ଲାଗିଛି। ଏସବୁରେ ପୂର୍ଣ୍ଣଚ୍ଛେଦ ପକାଇବାକୁ ଏଥର କମିଶନରେଟ ପୁଲିସ ଅଣ୍ଟା ଭିଡ଼ିଛି।

# ବିଦେଶ ଗସ୍ତରେ ବାଚସ୍ପତି

**ପ୍ରବାସୀ ଓଡିଆଙ୍କ ଦ୍ୱାରା କାର୍ଯ୍ୟକ୍ରମରେ ଯୋଗଦେଲେ**

ଭୁବନେଶ୍ୱର,୧୬।୧୦(ସମିସ): ବିଦେଶ ଗସ୍ତରେ ଥିବା ବାଚସ୍ପତି ସୁରମା ପାଢ଼ୀ ବାର୍ବାଦୋସ୍‌ର ବ୍ରିଜ୍‌ଟାଉନ୍ ରାଜ୍ୟଗୋଷ୍ଠୀ ସଂସଦୀୟ ସଂଘ ଓ ରାଜ୍ୟଗୋଷ୍ଠୀ ମହିଳା ସମ୍ମିଳନୀରେ ଯୋଗଦେଇ ବ୍ରିଟେନ୍, ସୁଇଜରଲ୍ୟାଣ୍ଡ ଓ ଫ୍ରାନ୍ସ ଗସ୍ତ କରିଛନ୍ତି। ବ୍ରିଟେନଠାରେ ଭାରତୀୟ ହାଇକମିଶନର ତାଙ୍କୁ ସ୍ୱାଗତ କରିଥିଲେ। ସେଠାରେ ପ୍ରବାସୀ ଭାରତୀୟ ତଥା ପ୍ରବାସୀ ଓଡ଼ିଆମାନଙ୍କ ଦ୍ୱାରା ଆୟୋଜିତ କାର୍ଯ୍ୟକ୍ରମରେ ଯୋଗଦେଇ ୨୦୪୭ ସୁଦ୍ଧା ଏକ ବିକଶିତ ଭାରତର ଲକ୍ଷ୍ୟ ରହିଥିବାବେଳେ ୨୦୩୬ ମସିହା ସୁଦ୍ଧା ଓଡିଶା ଏକ ସମୃଦ୍ଧ ରାଜ୍ୟରେ ପରିଣତ ହେବାକୁ ଯାଉଛି ବୋଲି ବାଚସ୍ପତି କହିବା ସହ ବ୍ରିଟିଶ୍ ମ୍ୟୁଜିୟମ୍ ସହ ବକିଂହାମ୍ ପ୍ୟାଲେସ୍ ବୁଲି ଦେଖିଥିଲେ। ଏହାପରେ ବାଚସ୍ପତି ସୁଇଜରଲ୍ୟାଣ୍ଡର ଗସ୍ତ କରିଥିବା ବେଳେ ଜୁରିକ୍‌ଠାରେ ଭାରତର ରାଷ୍ଟ୍ରଦୂତ ତାଙ୍କୁ ସ୍ୱାଗତ କରିବା ସହ ପ୍ରବାସୀ ଓଡିଆମାନେ ସମ୍ବର୍ଦ୍ଧିତ କରିଥିଲେ।

ସେହିପରି ଫ୍ରାନ୍ସର ରାଜଧାନୀ ପ୍ୟାରିସ୍‌ଠାରେ ମଧ୍ୟ ତାଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଏହି ଅବସରରେ ପ୍ରବାସୀଙ୍କୁ ଉଦ୍‌ବୋଧନ ଦେଇ ବାଚସ୍ପତି କହିଲେ ଯେ ଓଡ଼ିଶା ହେଉଛି ପ୍ରଭୁ ଶ୍ରୀଜଗନ୍ନାଥଙ୍କ ମାଟି। ଆମର ପରିଚୟ ହେଉଛି ଜଗନ୍ନାଥ ସଂସ୍କୃତି। ଏହି ସଂସ୍କୃତିର ମହନୀୟତାକୁ ବିଶ୍ୱ ଦରବାରରେ ପହଞ୍ଚାଇବା କ୍ଷେତ୍ରରେ ଆପଣମାନେ ସାଂସ୍କୃତିକ ରାଷ୍ଟ୍ରଦୂତ ଭାବେ କାର୍ଯ୍ୟ କରିବେ ବୋଲି ବାଚସ୍ପତି ଆଶା ପ୍ରକାଶ କରିଥିଲେ। ଆସନ୍ତା ୧୯ ତାରିଖରେ ବାଚସ୍ପତି ଓଡିଶା ଫେରିବାର କାର୍ଯ୍ୟକ୍ରମ ରହିଛି।



## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଶେଷ ପର୍ଯ୍ୟନ୍ତ...

ନବୀନ ପଟ୍ଟନାୟକ ଜିନ୍ଦାବାଦ ନାରାରେ ସମଗ୍ର ଅଞ୍ଚଳ ପ୍ରକମ୍ପିତ ହୋଇ ଉଠିଥିଲା। ନବୀନ ମଧ୍ୟ ସେମାନଙ୍କୁ ନିରାଶ କରି ନ ଥିଲେ। ଚିରାଚରିତ ଭାବେ ମୁହଁରେ ସ୍ମିତହାସ୍ୟ ସହ ହାତ ହଲାଇ ସେମାନଙ୍କର ଅଭିବାଦନ ଗ୍ରହଣ କରିଥିଲେ ନବୀନ। ଆୟୋଜିତ ସଭାରେ ନବୀନ ଉପସ୍ଥିତ ଜନତା ଓ କର୍ମୀଙ୍କୁ ଜନ୍ମ ଦିନର ଶୁଭେଚ୍ଛା ପାଇଁ ଧନ୍ୟବାଦ ଜଣାଇଥିଲେ। ଏହା ସହ ଉପସ୍ଥିତ ଛୋଟଛୋଟ ପିଲାଙ୍କୁ ଚକୋଲେଟ୍ ଦେଇଥିଲେ।

ଭୁବନେଶ୍ୱର ବିଜେଡି ସଭାପତି ଅଶୋକ ଚନ୍ଦ୍ର ପଣ୍ଡାଙ୍କ ସଭାପତିତ୍ୱରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ବିଜେଡିର ବରିଷ୍ଠ ଉପସଭାପତି ଦେବୀପ୍ରସାଦ ମିଶ୍ର, ସାଂସଦ ଦେବାଶିଷ ସାମନ୍ତରାୟ, ସାଂସଦ ସୁଲତା ଦେଓ, ବିଧାୟିକା ପ୍ରମିଳା ମଲ୍ଲିକ, ବିଧାୟକ ଅନନ୍ତ ନାରାୟଣ ଜେନା, ବିଧାୟକ ସୁଶାନ୍ତ ରାଉତ, ବିଧାୟକ ବିଭୁତି ବଳବନ୍ତରାୟ ,ଭୁବନେଶ୍ୱର ମେୟର ସୁଲୋଚନା ଦାସ, ଡେପୁଟି ମେୟର ମଞ୍ଜୁଲତା କହଁର, ବିଜେଡି ଭୁବନେଶ୍ୱର ସାଂସଦ ପ୍ରାର୍ଥୀ ମନ୍ମଥ ରାଉତରାୟ ଓ ବିଜେଡିର କର୍ପୋରେଟର ମାନେ ଯୋଗ ଦେଇଥିଲେ। ସୂଚନାଯୋଗ୍ୟ ଯେ ଚଳିତ ବର୍ଷ ବିଜେଡିର ଜନ ସମ୍ପର୍କ ପଦଯାତ୍ରା ଗତ ତାରିଖରୁ ଆରମ୍ଭ ହୋଇଛି। ଆସନ୍ତା ଏହା ନଭେମ୍ବର ୯ ତାରିଖ ପର୍ଯ୍ୟନ୍ତ ଚାଲିବ।

### ଶିଶୁ ଗ୍ରାମରେ...

କେକ୍ କାଟିଥିଲେ। ପିଲାମାନେ ମଧ୍ୟ ନିଜ ପ୍ରିୟ ମଣିଷ, ଜୀବନର ଆଦର୍ଶଙ୍କୁ ପାଖରେ ପାଇ ଅଭିଭୂତ ହୋଇଥିଲେ। ପିଲାଙ୍କ ସହ ଜନ୍ମଦିନ ପାଳନ କରି ମୁଁ ବହୁତ ଖୁସି ବୋଲି ନବୀନ କହିବା ସହ ସେମାନଙ୍କୁ ଭଲ ପାଠ ପଢ଼ିବା ସହ ଜୀବନରେ ଭଲ ମଣିଷ ହେବାକୁ ଆଶୀର୍ବାଦ ପ୍ରଦାନ କରିଛନ୍ତି। ଏସଓଏସ ଶିଶୁ ଗ୍ରାମରେ ନବୀନ ଏବଂ ଛୋଟ ପିଲାମାନଙ୍କ ଏହି ଯୁଗଳବନ୍ଦୀ ଆଜି ରାଜ୍ୟବ୍ୟାପୀ ଚର୍ଚ୍ଚା ଏବଂ ଆକର୍ଷଣର କେନ୍ଦ୍ରବିନ୍ଦୁ ପାଲଟିଛି।

ଭୁବନେଶ୍ୱର ଏସଓଏସ ଶିଶୁ ଗ୍ରାମରେ ନବୀନ ପହଞ୍ଚିବା ମାତ୍ରେ ପିଲାମାନେ ନବୀନଙ୍କୁ ଘେରି ଯାଇଥିଲେ। ନବୀନଙ୍କ ଜନ୍ମଦିନ ପାଇଁ ସେମାନେ ପ୍ରସ୍ତୁତ କରିଥିବା ଫଟୋଚିତ୍ର, କାର୍ଡ ଏବଂ ବିଭିନ୍ନ ହାତଲେଖା ଶୁଭେଚ୍ଛା ବାର୍ତ୍ତା ନବୀନଙ୍କୁ ପ୍ରଦାନ କରିଥିଲେ। ନବୀନ ମଧ୍ୟ ସେମାନଙ୍କୁ ଚକୋଲେଟ ସହ ଉପହାର ପ୍ରଦାନ କରିଥିଲେ। ସେମାନଙ୍କ ଦ୍ୱାରା ପ୍ରସ୍ତୁତ କେକକୁ ନବୀନ କାଟିବା ସହ ନିଜର ୭୯ତମ ଜନ୍ମଦିନ ପାଳନ କରିଥିଲେ ନବୀନ। ପିଲାମାନଙ୍କୁ ଆଶୀର୍ବାଦ କରି ଶ୍ରୀ ପଟ୍ଟନାୟକ କହିଥିଲେ ଯେ ଆଜି ପିଲାମାନଙ୍କ ସହ ଜନ୍ମ ଦିନ ପାଳନ କରି ସେ ବହୁତ ଖୁସି। ତାଙ୍କ ଜନ୍ମ ଦିନରେ ସାମିଲ ହୋଇ ଥିବାରୁ ଶ୍ରୀ ପଟ୍ଟନାୟକ ପିଲାମାନଙ୍କୁ ଧନ୍ୟବାଦ ଜଣାଇଥିଲେ। ନବୀନଙ୍କ ଗସ୍ତ ନେଇ ଏସଓଏସର ନିର୍ଦ୍ଦେଶକ ଅବିନାଶ ହୋତା କହିଛନ୍ତି ଯେ ନବୀନ ସାର୍‌ଙ୍କ ଗସ୍ତ ସୂଚନା ପାଇବା ପରେ ପିଲାମାନେ ଅତ୍ୟନ୍ତ ଉତ୍ସାହିତ ହୋଇ ପଡ଼ିଥିଲେ। ନିଜ ପ୍ରିୟ ମଣିଷଙ୍କୁ ଜନ୍ମଦିନର ଶୁଭେଚ୍ଛା ଜଣାଇବାକୁ ସେମାନେ ସ୍ୱତପ୍ରବୃତ୍ତ ଭାବେ ନିଜକୁ ପ୍ରସ୍ତୁତ କରିଥିଲେ। ସାର୍‌ଙ୍କ ଆଶୀର୍ବାଦ ସବୁବେଳେ ପିଲାମାନଙ୍କ ଉପରେ ଏମିତି ରହିଥାଉ ବୋଲି ସେ କହିଛନ୍ତି।

ଅନ୍ୟପକ୍ଷରେ ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକଙ୍କୁ ଜନ୍ମଦିନର ଶୁଭେଚ୍ଛା ସୁଅ ଛୁଟିଛି। ନବୀନ ୭୯ ତମ ଜନ୍ମ ଦିନରେ ରାଜ୍ୟପାଳଙ୍କଠାରୁ ଆରମ୍ଭ କରି ମୁଖ୍ୟମନ୍ତ୍ରୀ ଓ ଏକାଧିକ କେନ୍ଦ୍ରମନ୍ତ୍ରୀଙ୍କ ସମେତ ବହୁ ବିଶିଷ୍ଟ ବ୍ୟକ୍ତି ବିଶେଷ ନବୀନଙ୍କୁ ଶୁଭେଚ୍ଛା ଜଣାଇଛନ୍ତି। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ସକାଳେ ଫୋନ୍ ଯୋଗେ ନବୀନଙ୍କ ସହ କଥା ହୋଇ ତାଙ୍କୁ ଜନ୍ମ ଦିନର ଶୁଭେଚ୍ଛା ଜଣାଇଛନ୍ତି। ଏହି ଅବସରରେ ସେ ନବୀନଙ୍କ ଦୀର୍ଘ ନିରାମୟ ଜୀବନ ପାଇଁ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ନିକଟରେ ପ୍ରାର୍ଥନା କରୁଛି ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। ସେହିପରି କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ନିଜ ଏକ୍ସରେ ଉଲ୍ଲେଖ କରି ନବୀନଙ୍କୁ ଜନ୍ମ ଦିନ ଶୁଭେଚ୍ଛା ଜଣାଇଛନ୍ତି। ସେ ନବୀନଙ୍କୁ ଜନ୍ମଦିନର ଶୁଭକାମନା ଜଣାଇବା ସହିତ ମହାପ୍ରଭୁଙ୍କ ପାଖରେ ତାଙ୍କର ଉତ୍ତମ ସ୍ୱାସ୍ଥ୍ୟ ସହ ଦୀର୍ଘ ଓ ନିରାମୟ ଜୀବନ କାମନା କରିଛନ୍ତି। ଏହାସହିତ କେନ୍ଦ୍ରମନ୍ତ୍ରୀ ଶିବରାଜ ସିଂ ଚୌହାନ, ଜୁଏଲ୍ ଓରାମଙ୍କ ସମେତ ଉପମୁଖ୍ୟମନ୍ତ୍ରୀ କେଭି ସିଂହଦେଓ, ପ୍ରଭାତୀ ପରିଡ଼ା, ପିସିସି ସଭାପତି ଭକ୍ତ ଚରଣ ଦାସଙ୍କ ସମେତ ଅନ୍ୟ ବହୁ ବ୍ୟକ୍ତିବିଶେଷ ନବୀନଙ୍କୁ ଶୁଭେଚ୍ଛା ଜଣାଇଛନ୍ତି।

**ପୂର୍ବ ତଟ ରେଳପଥ**
**ଶୁଦ୍ଧିପତ୍ର ସଂ. - 02**
ଟେଣ୍ଡର ବିଜ୍ଞପ୍ତି ସଂ. ETCECONIIBBS2025040 ତା. 12.09.2025 ରିଖ
ଉପରୋକ୍ତ ଟେଣ୍ଡର ବିଜ୍ଞପ୍ତିରେ ନିମ୍ନଲିଖିତ ସଂଶୋଧନ କରାଯାଇଛି, ଯାହାକୁ ଦୟାକରି ଧ୍ୟାନ ଦେବା ଆବଶ୍ୟକ।
ବିଷୟ : ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ :-

| ପ୍ରକାଶିତ ଅନୁଯାୟୀ (ଶୁଦ୍ଧିପତ୍ର ସଂ. - 01) | ବର୍ତ୍ତମାନ ପଢ଼ାଯିବା ଆବଶ୍ୟକ |
|---|---|
| ତା.24.10.2025 ରିଖ 1200 ଘଟିକାରେ | ତା.04.11.2025ରିଖ 1200 ଘଟିକାରେ |

ବିସ୍ତୃତ ବିବରଣୀ ନିମନ୍ତେ ଦୟାକରି ୱେବସାଇଟ୍ : www.ireps.gov.in ଅବଲୋକନ କରନ୍ତୁ।
ମୁଖ୍ୟ ପ୍ରଶାସନିକ ଅଧିକାରୀ (ନିର୍ମାଣ)/ ଭୁବନେଶ୍ୱର
PR-135/CI/25-26

**AFFIDAVIT**
By virtue of an Affidavit before Notary Public, Malkangiri, I, **Deepa Majhi**, aged about 20 years, W/o.: Binod Majhi,D/o.: Nepal Saha resident of Village: M.V.23, PO.: Mariwada, P.S: Korukanda, Dist: Malkangiri, Odisha-764045, declare by this Affidavit No.: 2069/2025, Dated: 16.10.2025 that I have changed my name from Deepa Saha to **Deepa Majhi**. Henceforth I shall be known as **Deepa Majhi** for all future purposes.

**AFFIDAVIT**
I, Kuntala Kumari Dash, W/o- Nrusinha Prasad Das, Resident of At/PO: Old LIC Building, Pujariput, Koraput, Koraput, Dist.: Koraput, Odisha, PIN-764020, declared by this Affidavit No:1215/2025 Dated: 16.10.2025. That now onwards I shall be known as **KUNTALA KUMARI DAS** for all future Purposes.

**AFFIDAVIT**
By virtue of an Affidavit before the Executive Magistrate, Bhadrak, Affidavit No-2721, dated 15.10.2025, I Krushna Chandar Das, Resident of Vill- Padhuan, P.S-Basudevpur, Dist- Bhadrak, Odisha - 756125 declare that I have Changed my name from Bablu Das to Krushna Chandar Das. Henceforth I shall be known as KRUSHNA CHANDAR DAS for all future purposes.
**KRUSHNA CHANDAR DAS**

**PUJA OFFER SALE**
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
**9437015112**

**AFFIDAVIT**
I, Parmashwari, W/o- Lalit Bhatter, At- Traffic Square, P.O. Baripada, Dist- Mayurbhanj (Odisha), declare by affidavit No- 1096, dated 15/10/25, that now onwards I shall be known as **Parmashwari Bhatter** for all future purposes.

**NAME CHANGE**
By virtue of an Affidavit sworn before Executive Magistrate, Bhubaneswar CF.NO. 52, on Dated 15.10.2025, I, **UMARANI MOHAPATRA**, W/o Balaram Mohapatra, permanent resident of At- Rasika, Po- Rajaloka, Ps- Jharpokharia, Dist- Mayurbhanj, Odisha, Pin- 757086 declare that I have changed my name from **UMAMANI MOHAPATRA** (Old Name) to **UMARANI MOHAPATRA** (New Name). Henceforth, I shall be known as **UMARANI MOHAPATRA** for all future purposes.
Sd- (UMARANI MOHAPATRA)

**AFFIDAVIT**
By virtue of an affidavit no. 2625, dtd. 15.10.2025 before the Executive Magistrate, Phulbani, Dist.- Kandhamal, I, Amiya Kanhar, At-Pabingia, Po- Pabingia, Ps-Phiringia, District- Kandhamal, Odisha, Pin-762011 have changed my minor son's name from Ankiti Kanhar to Ankit Kanhar. Henceforth he will be known as **Ankit Kanhar** for all purposes.
Sd/- Amiya Kanhar

**SALE**
1 Number of TATA INTRA V-30 HD (SCV) / 2023, Registration No.- OD-01-AT-6551, Model- 2023, ENGINE NO – 15CR09HWXSA1170, CHASSIS NO - MAT535348PYH37249, For Details, contact- 9437560894, 94375 77758, SUNDARAM FINANCE LTD., First floor, Choudhury Complex, SAHADEVKHUNTA, BALASORE - 756001, PH. NO- 06782-266657

**AFFIDAVIT**
I, Abhisek Tripathy, S/o. Ashok Kumar Tripathy, resident of Plot No. 87/2322, Nigamananda Nagar, Bomikhal, P.S.- Sahid Nagar, Ward No.31 Bhubaneswar-751010, Dist - Khordha, Odisha declare by this Affidavit No. 52, dtd.13.10.2025, that now onwards I shall be known as **ABHISHEK TRIPATHY** for all future purposes.

**AFFIDAVIT**
By virtue of an affidavit C.F.NO - 92, dated on 06.08.2025 in the court of the Executive Magistrate Bhubaneswar , Address Nayagarh Dist : Nayagarh. I Rajalaxmi Panda have changed my name from Laxmi Priya Panda to Rajalaxmi Panda . Hence Forth he will be known as Rajalaxmi Panda instead of Laxmi Priya Panda for all purposes.
Sd/- Rajalaxmi Panda

**AFFIDAVIT**
By virtue of an affidavit Sl. No. 2626, dtd. 15.10.2025 in the court of the Executive Magistrate, Phulbani, Dist.- Kandhamal, I, Samanta Kanhar, At- Ladadi, Po- Jajespanga, Ps.- Phiringia, Dist.- Kandhamal - 762011 have changed my minor daughter's name from Lovely Kanhar to Pallabi Kanhar. Henceforth she will be known as Pallabi Kanhar for all purposes.
Sd/- Samanta Kanhar

**AFFIDAVIT**
I, Satyasikha Tripathy, W/o. Sri Abhishek Tripathy, resident of Plot No. 87/2322, Nigamananda Nagar, Bomikhal, P.S.- Sahid Nagar, Ward No.31, Bhubaneswar-751010, Dist - Khordha, Odisha declare by this Affidavit No. 53, dtd.13.10.2025, that now onwards I shall be known as **SATYASHIKHA TRIPATHY** for all future purposes.

**AFFIDAVIT**
I, Papuna Khan, S/o- Late Rasid Khan, resident of At- Gayabandha, Po- Damanabhumi, Ps- Jankia, Dist- Khordha, PIN- 752020, Odisha declared by this affidavit No. 566, dtd- 15/10/2025 that now onwards I shall be known as **PAPUN KHAN** for all future purposes.

**AFFIDAVIT**
I, Badakulu Ada Patra, aged about 36 years, S/o- Badakulu Chandru Patra, resident of At- Sasanapalli, Po- Jagannathpur, Dist- Ganjam, Pin- 761003, Odisha declare by this affidavit No. 2102, dtd. 16/10/2025, that now onwards I shall be known as **B ADIADA PATRA** for all future purposes.

**AFFIDAVIT**
By virtue of an Affidavit before Notary Public, Malkangiri, I, **Ananda Barman**, aged about 42 years, S/o.: Basudeb Barman, resident of Village: M.V.28, PO.: Kamwada, P.S: Korukanda, Dist: Malkangiri, Odisha, declare by this Affidavit No.: 12456/2025, Dated: 16.10.2025 that I have changed my name from Anand Barman to **Ananda Barman**. Henceforth I shall be known as **Ananda Barman** for all future purposes.

**AFFIDAVIT**
I, Subhakant Swain, S/o- Ashok Kumar Swain, resident of Plot No- 367/3293, Flat no-B-202, 2nd Floor, Sishu Vihar, Infocity, Kalarahanga, Dist- Khurda PIN-751024, Odisha declared by this affidavit No-838, dtd- 15/10/2025 that now onwards I shall be known as **SUBHAKANTA SWAIN** for all future purposes

**LOST**
I, **Rakesh Kumar Biswal,** aged about 36 years, S/o Maheswar Biswal, resident of At- Bhagabat Sandhan, Laxmisagar, Po- Budheswari Colony, Ps- Laxmisagar, Bhubaneswar, Dist: Khordha, PIN- 751006, Odisha declare that on dtd. 13/10/2025, while I was coming from Laxmi Sagar market area to my resident at 6.50 am, I have lost the Sale Deed bearing No. 4180, dtd- 06/04/2005 and ROR of the schedule of property under Mouza Godagopinathprasad, Bhubaneswar Sahar Unit No.37, bearing Khata No. 423/1216, Plot No. 1210/2031/2627 & Plot No. 1210/1988/2628, 1210/1990/2626, pervious owner name Rabindra Kumar Mishra from my custody along with other documents which was kept in my hand bag somewhere. Therefore, notice is hereby given to general public that, if anybody has got any right, title interest over the property on the missing document or on the above property they have to claim within 7 days from the date of publication and after that the documents will lose its legal force and we will not be responsible for any claim what-so-ever on the property after 5 days.
**Advocate: Debabrata Padhy**
**Mob: 9040778197**

**NAME CHANGE**
By virtue of an affidavit sworn before the Executive Magistrate, Astarang, CF. No. 2299, on dated 13/10/2025, I **JAYAKRUSHNA ROUT**, S/o Sarbeswar Rout, resident of Village At- Nanapur, Po- Jhadaling, Ps - Astarang, Dist- Puri, State- Odisha, declare that I have changed my name from **JAYAKRISHNA ROUT** (Old Name) to **JAYAKRUSHNA ROUT** (New Name). Henceforth, I shall be known as **JAYAKRUSHNA ROUT** for all future purposes.
(Sd- **JAYAKRUSHNA ROUT**)

**AFFIDAVIT**
By virtue of an affidavit sworn before the Executive Magistrate, Angul, dated:16.10.2025, I, **Smrutiranjan Jena,** S/o: Late Dillip Jena, Permanent/Current Address resident At: Badabahal, PO.: Kumurisingha, PS.: Angul Sadar, Dist.: Angul, Odisha- 759129 declare that I have changed my name from **"Sruti Ranjan Jena"** to Smrutiranjan Jena. Henceforth I shall be know as **Smrutiranjan Jena** for all purposes.

muthoot MICROFIN
ମୁଥୁଟ୍ ମାଇକ୍ରୋଫିନ୍ ଲିମିଟେଡ୍
info@muthootmicrofin.com
ଶାଖା ବନ୍ଦ ଏବଂ ମିଶ୍ରଣ ପାଇଁ ସାଧାରଣ ସୂଚନା - ରେଜି.
www.muthootmicrofin.com

# ନବୀନ ବାବୁଙ୍କ ୭୯ତମ ଜନ୍ମଦିନରେ ଦୀପଦାନ ଓ ରକ୍ତଦାନ ଶିବିର





ଭଦ୍ରକ/ଧାମନଗର/ଅସୁରାଳି, ୧୬।୧୦(ସମିସ): ଭଦ୍ରକ ସହର ୬ ନମ୍ବର ୱାର୍ଡ ବସଷ୍ଟାଣ୍ଡ ନିକଟସ୍ଥ ମା' ଦକ୍ଷିଣେଶ୍ୱର କାଳୀଙ୍କ ମନ୍ଦିରରେ ରାଜ୍ୟ ବିଜୁ ଜନତା ଦଳର ସଭାପତି, ପୂର୍ବତନ ମୁଖ୍ୟମନ୍ତ୍ରୀ, ବିରୋଧୀ ଦଳ ନେତା ତଥା ଜନପ୍ରିୟ ନବୀନ ପଟ୍ଟନାୟକଙ୍କ ୭୯ତମ ଜନ୍ମ ଦିବସ ଅବସରରେ ତାଙ୍କ ଦୀର୍ଘାୟୁ ଓ ନିରାମୟ ଜୀବନ କାମନା କରି ବିଜୁ ଯୁବ-ଛାତ୍ର ଜନତା ଦଳ ତରଫରୁ ଭକ୍ତିଭାବରେ ପୂଜାର୍ଚ୍ଚନା ଓ ଦୀପଦାନ କରାଯାଇଛି। ରାଜ୍ୟ ବିଜେଡି ବରିଷ୍ଠ ଉପସଭାପତି ଓ ପୂର୍ବତନ ମନ୍ତ୍ରୀ ପ୍ରଫୁଲ୍ଲ ସାମଲଙ୍କ ଉପସ୍ଥିତି ଓ ଶୁଭକାମନା ସହ ଶତାଧିକ ଯୁବ-ଛାତ୍ର ନେତୃମଣ୍ଡଳୀ ଯୋଗ ଦେଇଥିଲେ। ଜନନେତା ବିଜୁ ପଟ୍ଟନାୟକଙ୍କ ଆଦର୍ଶ ଓ ନବୀନ ବାବୁଙ୍କ ଦୟା, ସରଳତା ଓ ନିରହଂକାରୀ ଜୀବନଶୈଳୀ ଆମ ପାଇଁ ସଦା ପ୍ରେରଣାଦାୟକ ହେଉ ବୋଲି କାମନା କରିଥିଲେ।

ସେହିପରି ଧାମନଗର ବ୍ଲକ ବିଜେଡି ପକ୍ଷରୁ ସଭାପତି ପ୍ରତାପ ସାମଲଙ୍କ ନେତୃତ୍ୱରେ ବିଜେଡି ନେତୃମଣ୍ଡଳୀ ଏବଂ ସରପଞ୍ଚ, ସମିତିସଭ୍ୟ ଦୀର୍ଘାୟୁ ଜୀବନ କାମନା କରିଛନ୍ତି। ଧାମନଗର ଏନଏସି ଅଧୀନସ୍ଥ ତହସିଲ କାର୍ଯ୍ୟାଳୟ ନିକଟରେ ସାଇ ମନ୍ଦିର ସମ୍ମୁଖରେ ନଗର ବିଜେଡି ପକ୍ଷରୁ ସଭାପତି ବିଜୟ କେତନ ସାହୁଙ୍କ ଅଧ୍ୟକ୍ଷତାରେ ଆୟୋଜିତ କାର୍ଯ୍ୟକ୍ରମରେ ଉପାଧ୍ୟକ୍ଷ ଓସିମ ଏଜଦାନୀ କାଦରୀ, କାଉନସିଲର ଜୟନୁଲ ହକ, ନଜମା ଖାତୁନ, ରହିମା ଖାତୁନ, ବିଜେଡି ନିର ସ୍ୱାଇଁ, ଭାସ୍କର ସାହୁ (ସନା), ସେକ ଜାଫର ଅଲ୍ଲୀ, ରବିନ୍ଦ୍ର ଜେନା, ରମେଶଚନ୍ଦ୍ର ଜେନା, ଶ୍ରୀଧର ମଳିକ, ସେକ ମୁରତୁଜା, ସେକ ସଲାଉଦ୍ଦିନ, ସେକ ମୁକ୍ତାର, ବେବୁଲି ପଟ୍ଟନାୟକ, ବୁଲୁ ମଲ୍ଲିକ, ଅଜୟ ବେହେରା, ଗୌରାଙ୍ଗ ଯେନା, ଦେବେନ୍ଦ୍ର ଜେନା, ମନୋଜ ବେହେରା, ମନୋରଞ୍ଜନ ମିଶ୍ର, ଶିବପ୍ରସାଦ ସାହୁ, ଅଭୟ ମଳିକଙ୍କ ସମେତ ଶତାଧିକ କର୍ମୀ-ନେତା ଏବଂ ମହିଳା କେକ୍ କାଟିଥିଲେ। ପରେ ସାଇ ମନ୍ଦିର ସମ୍ମୁଖରେ ସମୂହ ଦୀପ ଦାନ କରିଥିଲେ।

ସେହିପରି ଧାମନଗର ନିର୍ବାଚନମଣ୍ଡଳୀ ବିଜୁ ଜନତା ଦଳ ତରଫରୁ ଧୂଷୁରୀସ୍ଥିତ ଧୂଷୁରାସୁଣୀ ମନ୍ଦିରରେ ୧୦୮ ଦୀପଦାନ ସହ କେକ୍ କାଟି ତାଙ୍କ ଦୀର୍ଘାୟୁ କାମନା କରିଥିଲେ। ବରିଷ୍ଠ ବିଜେଡି ନେତା ତଥା ଧୂଷୁରୀ ଜୋନ୍ ଜିଲ୍ଲାପରିଷଦ ସଭ୍ୟ ପ୍ରଦୀପ କୁମାର ମଲ୍ଲିକ, ପୂର୍ବତନ ବ୍ଲକ ଅଧ୍ୟକ୍ଷ ଅଶୋକ ନାୟକ, ଧୂଷୁରୀ ସେବା ସମବାୟ ସମିତି ସଭାପତି ସନ୍ଦୀପ ସ୍ୱାଇଁ, ହସାନାବାଦ ସରପଞ୍ଚ ଅଜୟ ମଲ୍ଲିକ, ବରିଷ୍ଠ ନେତୃତ୍ୱ ଶାନ୍ତନୁ ପଲେଇ, ଉମେଶ ମହାନ୍ତି, ସାହସପୁର ସରପଞ୍ଚଙ୍କ ପ୍ରତିନିଧି ବିଜୟ ସାହୁ, ଖଗେଶ୍ୱର ଖଟୁଆ, ସନ୍ତୋଷ ରାୟ, ଧରଣୀଧର ବସନ୍ତିଆ, ହସାନାବାଦ ପଞ୍ଚାୟତ ବିଜେଡ଼ି ସଭାପତି ଦେବେନ୍ଦ୍ର ପଣ୍ଡା, ଅକ୍ଷୟ ନାୟକ, ଗଜେନ୍ଦ୍ର ମହାନ୍ତି, ଉମେଶ ତ୍ରିପାଠୀ ଏବଂ ବିଜେଡ଼ି ର ବହୁ ଆଗଧାଡ଼ିର ନେତୃତ୍ୱ ଉପସ୍ଥିତ ଥିଲେ।

## ୧୦୩ ୟୁନିଟ୍ ସଂଗୃହୀତ



ଭଦ୍ରକ: ଭଦ୍ରକ ବିଜୁ ଜନତା ଦଳ ଜିଲ୍ଲା କାର୍ଯ୍ୟାଳୟଠାରେ ସାଢ଼େ ଚାରିକୋଟି ଓଡ଼ିଆଙ୍କ ଜନମାନସର ନେତା, ରାଜ୍ୟ ବିଜେଡି ସଭାପତି, ବିରୋଧୀ ଦଳନେତା ତଥା ସଭିଙ୍କ ପ୍ରିୟ ନେତା ନବୀନ ପଟ୍ଟନାୟକଙ୍କ ୭୯ତମ ଜନ୍ମ ଦିବସ ଅବସରରେ ବିଜୁ ଯୁବ-ଛାତ୍ର ଜନତା ଦଳ ଭଦ୍ରକ ନିର୍ବାଚନମଣ୍ଡଳୀ ତରଫରୁ ଏକ ସ୍ୱେଚ୍ଛାକୃତ ରକ୍ତଦାନ ଶିବିର ଅନୁଷ୍ଠିତ ହୋଇଯାଇଛି। ଏଥିରେ ୧୦୩ ୟୁନିଟ୍ ରକ୍ତ ସଂଗୃହୀତ ହୋଇଛି। କାର୍ଯ୍ୟକ୍ରମରେ ରାଜ୍ୟ ବିଜେଡିର ବରିଷ୍ଠ ଉପସଭାପତି ତଥା ପ୍ରାକ୍ତନ ମନ୍ତ୍ରୀ ପ୍ରଫୁଲ୍ଲ ସାମଲ, ଭଦ୍ରକ ବିଜେଡି ଜିଲ୍ଲା ସଭାପତି ଜଗନ୍ନାଥ ସ୍ୱାଇଁ, ଭଦ୍ରକ ବ୍ଲକ ଅଧ୍ୟକ୍ଷା ଉର୍ମିଳା ନାୟକ, ଭଦ୍ରକ ପୌରାଧ୍ୟକ୍ଷା ଗୁଲମକ୍କୀ ହବିବ, ଟାଉନ୍ ବିଜେଡି ସଭାପତି ଏମଡି ଜକାଉଲ୍ଲା, ବ୍ଲକ ବିଜେଡି ସଭାପତି ପ୍ରଫୁଲ୍ଲ ନାୟକ, ଜିଲ୍ଲା ପରିଷଦ ସଭ୍ୟା ପୂର୍ଣ୍ଣଶଶି ପାଣିଗ୍ରାହୀ, ବିଜେଡି ସମର୍ଥିତ ସରପଞ୍ଚ, ସମିତି ସଭ୍ୟସଭ୍ୟା, ପାରିଷଦ ଓ ପାରିଷଦଙ୍କ ପ୍ରତିନିଧିଙ୍କ ସହ ବିଜୁ ମହିଳା ଜନତା ଦଳର ପୂର୍ବତନ ସଭାନେତ୍ରୀ ଦେବୀଦତା ମହାନ୍ତି, ନାରୀନେତ୍ରୀ ରାଜଲକ୍ଷ୍ମୀ ମହାପାତ୍ର, ବରିଷ୍ଠ ନେତା ଦିଲ୍ଲୀପ ନାୟକ, ଅକ୍ଷୟ କୁମାର ମହାନ୍ତି, ସୁଧାକର ମହାଳିକ, ଯୁବନେତା ଆଶିଷ ମହାନ୍ତି, ସୁଧାକର ଜେନା, ରଘୁନାଥ ପଣ୍ଡା, ଯୁବନେତା ଅଞ୍ଜନ ଜେନା, ପଙ୍କଜ ବଳ, ଜାହିଦ ହବିବ, ପ୍ରିୟବ୍ରତ ନାୟକ, ଏମଡି ଫରହାତ ଆଲମ ଖାନ, ତପନ ଦାସ, ସାହିଦ ଖାନ, ତନବିର ଖାନ, ମେହେବୁବ ଖାନ, ବିକାଶ ଶ୍ରେଷ୍ଠା, ଆଶିଷ ମହାନ୍ତି, ତାପସ ରାୟ, ଦେବାଶିଷ ଭାରତୀ, ଛାତ୍ରନେତା କାମେଶ ବାରିକ, ଶାନ୍ତନୁ ବିଶ୍ୱାଳ ଯୋଗ ଦେଇଥିଲେ।

■ ଫଳକ ଅଛି, ଗଛ ନାହିଁ

## ଚାନ୍ଦବାଲି ବନଖଣ୍ଡ ବିଭାଗର ଅପାରଗତା

ବାରିକପୁର, ୧୬।୧୦(ସମିସ): ଧାମନଗର ବନାଞ୍ଚଳ ଅଧୀନସ୍ଥ ଭଣ୍ଡାରିପୋଖରୀ ବ୍ଲକର ରଣଜିତ୍ ପଞ୍ଚାୟତ ବଣଡିହା ହରିଜନ ସାହିଠାରୁ ମହାମାଲ୍ୟା ଗାଁ ଛକ ଯାଏଁ ଗତବର୍ଷ ବ୍ୟାପକ ବୃକ୍ଷ ରୋପଣ ହୋଇଥିଲା। ବୃକ୍ଷରୋପଣ ପରବର୍ତ୍ତୀ ସମୟରେ ଗଛଗୁଡ଼ିକର କୌଣସି ପ୍ରକାର ରକ୍ଷଣାବେକ୍ଷଣ ନହେବାରୁ ଯୋଜନାଟି ସମ୍ପୂର୍ଣ୍ଣ ବିଫଳ ହୋଇଥିବା ଦେଖାଯାଇଛି। ଲାଗିଥିବା ଗଛ ମଧ୍ୟରୁ ପ୍ରାୟ ୫୦ ଭାଗରୁ ଅଧିକ ନଷ୍ଟ ହୋଇଛି। ଯେତେକ ବି ଅଛି ରକ୍ଷଣାବେକ୍ଷଣ ଅଭାବରୁ ଗାଈଗୋରୁଙ୍କ ପାଟିରେ ସବୁ ଚାଲିଯିବ; ଏଥିରେ ସନ୍ଦେହ ନାହିଁ। ସେହିଭଳି ବାଙ୍କମୁହାଁ ଓ ନୂଆପୋଖରୀ ରହଣିଆ ରାସ୍ତା ପାର୍ଶ୍ୱରେ ଲାଗିଥିବା ଗଛଗୁଡ଼ିକର ଅବସ୍ଥା ମଧ୍ୟ ସମାନ ଦେଖାଯାଇଛି। ଜିଲ୍ଲା ମୁଖ୍ୟ ବନ ଅଧିକାରୀଙ୍କ କାର୍ଯ୍ୟଶୈଳୀ



ହେଉକି ବନ ବିଭାଗର ଅପରାଗତା; ରାସ୍ତା ପାର୍ଶ୍ୱ ବୃକ୍ଷରୋପଣ କାର୍ଯ୍ୟକ୍ରମ ସଫଳ ହେଉନାହିଁ। ଦୀର୍ଘବର୍ଷ ହେବ ହଜାର ହଜାର ବୃକ୍ଷରୋପଣ ହେଉଥିଲେ ମଧ୍ୟ କେବଳ ଫଳକ ରହୁଛି ହେଲେ ଗଛ ରହୁନାହିଁ। ସୂଚନା ଅନୁସାରେ, ଭଦ୍ରକ ଜିଲ୍ଲା ଜଙ୍ଗଲ ବିଭାଗ ଅଧୀନସ୍ଥ ଚାନ୍ଦବାଲି ବନଖଣ୍ଡ ପକ୍ଷରୁ ମହାତ୍ମାଗାନ୍ଧୀ ଜାତୀୟ ନିଶ୍ଚିତ କର୍ମନିଯୁକ୍ତି ଯୋଜନା ଅନୁଯାୟୀ ରାସ୍ତା ପାର୍ଶ୍ୱରେ ପ୍ରାୟ ୧୨ ଶହ ଗଛ ଲଗା ଯାଇଥିଲା। ଲକ୍ଷାଧିକ ଟଙ୍କା ବ୍ୟୟ ବରାଦରେ ରାସ୍ତା ଦୁଇ ପାଖରେ ରାଧାଚୂଡ଼ା, କରଞ୍ଜ, ଜାମୁ, ନିମ, ଛତିଆନ, ଅଲଟ କମଳ ଆଦି ବୃକ୍ଷ ରୋପଣ ହୋଇଥିଲା। ଏହାଛଡ଼ା ପ୍ରସ୍ତାବିତ ଆମ୍ବ ବଗିଚା ଶୂନ୍ୟ ନିକଟସ୍ଥ ଝଟିଆ ପଡିଆ ଓ କୁମ୍ଭାରିଆ କେନାଲ ଦୁଇ ପାଖରେ ମଧ୍ୟ ଗଛ ଲାଗିଥିଲା। ବିଭାଗ ଗଛ ଲଗାଇବା ପରେ ସେଥିରେ ବାଉଁଶ ପାତିଆ ଘେରା ଦେଇଥିବା ବେଳେ ତାହା ଧୀରେଧୀରେ ନଷ୍ଟ ହୋଇଯାଇଛି।

## ଉତ୍କଳ କେଶରୀ ଡ ହରେକୃଷ୍ଣ ମହତାବଙ୍କ ୧୨୫ତମ ଜନ୍ମବାର୍ଷିକୀ



ଭଦ୍ରକ, ୧୬।୧୦(ସମିସ): ଭଦ୍ରକର ଚରମ୍ପା ମହାବିଦ୍ୟାଳୟ ପକ୍ଷରୁ କଲେଜ ସମ୍ମିଳନୀ କକ୍ଷରେ ପୂର୍ବତନ ମୁଖ୍ୟମନ୍ତ୍ରୀ ଡ. ହରେକୃଷ୍ଣ ମହତାବଙ୍କ ୧୨୫ତମ ଜୟନ୍ତୀ ପାଳନ କରାଯାଇଥିଲା। ଏହି ଉତ୍ସବରେ କଲେଜର ଅଧ୍ୟକ୍ଷ ଅମରେନ୍ଦ୍ର ଦାସ ଅଧ୍ୟକ୍ଷତା କରିଥିଲେ। ଉତ୍କଳ କେଶରୀ ହରେକୃଷ୍ଣ ମହତାବ ସ୍ମାରକୀ ପରିଷଦର ସଭାପତି ଡ. ଭାଗବତ ତ୍ରିପାଠୀ ଡ. ମହତାବଙ୍କୁ ଜଣେ ମହାନ ସ୍ୱାଧୀନତା ସଂଗ୍ରାମୀ ଭାବରେ ମନେ ପକାଇ ପ୍ରତିବାଦର ଗାନ୍ଧୀବାଦୀ ମଡେଲର ପ୍ରବର୍ତ୍ତକ ଥିଲେ ଏବଂ ସେ ଆଧୁନିକ ଓଡ଼ିଶାର ରାଜନୈତିକ ଜୀବନରେ ଅପରାଜିତ ନେତା ବୋଲି ପ୍ରଶଂସା କରିଥିଲେ। କଲେଜର ଅଧ୍ୟକ୍ଷ ଶ୍ରୀ ଦାସ ମହତାବଙ୍କୁ ଭାରତୀୟ ଜାତୀୟ କଂଗ୍ରେସର ଜଣେ ବହୁମୁଖୀ ନେତା, ରାଜନେତା, ସମାଜ ସଂସ୍କାରକ, ଇତିହାସବିଦ, ନାଟ୍ୟକାର, ସମ୍ପାଦକ ଭାବରେ ବର୍ଣ୍ଣନା କରିଥିଲେ। ରାଜନୀତି ବିଜ୍ଞାନର ଅଧ୍ୟାପକ ମନୋଜ ମହାଳିକ ଡ. ମହତାବଙ୍କ ଜୀବନବ୍ୟାପୀ ଉତ୍ସର୍ଗ ବିଷୟରେ କହିଥିଲେ। କାର୍ଯ୍ୟନିର୍ବାହୀ ପରିଷଦ ସଦସ୍ୟ ଏବଂ ଅବସରପ୍ରାପ୍ତ ଅଧ୍ୟକ୍ଷ ଡ. ଶଶିକାନ୍ତ ପାଢ଼ୀ ମୁଖ୍ୟମନ୍ତ୍ରୀ ଭାବରେ କାର୍ଯ୍ୟକାଳ ମଧ୍ୟରେ ମହତାବଙ୍କ ସୁଶାସନ ମଡେଲ ଉପରେ ଆଲୋକପାତ କରିଥିଲେ। ଅବସରପ୍ରାପ୍ତ ଅଧ୍ୟକ୍ଷ ଡ. ଶିବକୁମାର ଖାମୁରାଇ ମହତାବ ଜଣେ ଦୂରଦୃଷ୍ଟିସମ୍ପନ୍ନ ରାଜନେତା ମଧ୍ୟ ଥିଲେ ଯିଏ ଓଡ଼ିଶାର ଆଧୁନିକ ପରିଚୟକୁ ଆକାର ଦେଇଥିଲେ ବୋଲି ଗୁରୁତ୍ୱାରୋପ କରି କହିଥିଲେ। ପରିଚାଳନା ପରିଷଦର ପୂର୍ବତନ ସଭାପତି ପଦ୍ମନ କୁମାର ରାୟ ମହତାବଙ୍କ ଦେଶପ୍ରେମ ମନୋଭାବ ଏବଂ ଓଡ଼ିଶାର ଅର୍ଥନୀତିକୁ ସୁଦୃଢ଼ କରିବାରେ ତାଙ୍କର ଗୁରୁତ୍ୱପୂର୍ଣ୍ଣ ଭୂମିକା ଥିଲା ବୋଲି କହିଥିଲେ। ରାଜନୀତି ବିଜ୍ଞାନ ପ୍ରାଧ୍ୟାପିକା ସଂଯୁକ୍ତା ବୋଷ, ଜୀବବିଜ୍ଞାନ ଅଧ୍ୟାପକ ସୋମନାଥ ସିଂହ, ଅର୍ଥନୀତି ଅଧ୍ୟାପକ ରାକେଶ ମଲ୍ଲିକ ଆଲୋଚନାରେ ଅଂଶଗ୍ରହଣ କରିଥିଲେ। ଅଧ୍ୟାପକ ମନୋଜ ମହାଳିକ ଧନ୍ୟବାଦ ଅର୍ପଣ କରିଥିଲେ।

■ ଟ୍ରକ୍ ମାଲିକ ସଂଘ ଧାରଣା

## ୧୨ ଧାରଣାକାରୀଙ୍କୁ ଉଠାଇନେଲା ପୁଲିସ



ଭଣ୍ଡାରିପୋଖରୀ, ୧୬।୧୦(ସମିସ): ମା' କାଳିତ୍ରା ଟ୍ରକ ମାଲିକ ସଂଘ ପକ୍ଷରୁ ୧୬ ନଂ ଜାତୀୟ ରାଜପଥର ଭାଗଡା-ନାରାୟଣପୁର ଟୋଲଗେଟ ସମ୍ମୁଖରେ ଧାମରା ବନ୍ଦରରୁ ମାଲ ପରିବହନ ସୁଯୋଗ ଦାବିରେ ୩ୟ ପର୍ଯ୍ୟାୟ ଜନଧାରଣା ଗୁରୁବାର ଅବ୍ୟାହତ ରହିଛି। ଗୁରୁବାର ଅପରାହ୍ନ ଉପଖଣ୍ଡ ପୁଲିସ ଅଧିକାରୀ ତ୍ରିଲୋଚନ ସେଠୀ, ଥାନାଧିକାରୀ କମଳାକାନ୍ତ ଦାସଙ୍କ ନେତୃତ୍ୱରେ ପୁଲିସ ଧାରଣାରତ ଟ୍ରକ ୧୨ ଜଣ ମାଲିକମାନଙ୍କୁ ସୁରକ୍ଷା ବଳ ସହାୟତାରେ ଉଠାଇ ନେଇଛି। ଧାରଣାକାରୀମାନେ ଦ୍ୱାରା ଅଟକ ଥିବା ଧାମରାରୁ ମାଲ ପରିବହନ କରିଆସୁଥିବା ୨୦ଟି ଟ୍ରକକୁ ପୁଲିସ ଜବତ କରିଥିବା ଜଣାଯାଇଛି। ଧାରଣାକାରୀମାନଙ୍କୁ ପୁଲିସ ପ୍ରଥମେ ଭଣ୍ଡାରିପୋଖରୀ ଥାନା, ପରେ ଗ୍ରାମାଞ୍ଚଳ ଥାନା ଓ ରିଜର୍ଭ ପୁଲିସ କାର୍ଯ୍ୟାଳୟକୁ ନେଇ ଅଟକ ରଖିଥିଠବା ସୂଚନା ମିଳିଛି। ୨ୟ ପର୍ଯ୍ୟାୟ ଧାରଣା ସମୟରେ କଇଥଗୋଲା ଟ୍ରକ ଆସୋସିଏସନ ପକ୍ଷରୁ ମା' କାଳିତ୍ରା ଟ୍ରକ ମାଲିକ ସଂଘ ବିରୋଧରେ ଅଭିଯୋଗ ଆଧାରରେ ମାମଲା ରୁଜୁ ହୋଇଥିଲା। ଆଜି ଧାରଣାକାରୀମାନଙ୍କ ବିରୋଧରେ ମାମଲା ରୁଜୁ ହେବ ବୋଲି ସୂଚନା ମିଳିଛି। ରିପୋର୍ଟ ପ୍ରସ୍ତୁତ ପର୍ଯ୍ୟନ୍ତ ପୁଲିସ ପକ୍ଷରୁ ଏଥିନେଇ କୌଣସି ସୂଚନା ଦିଆଯାଇ ନାହିଁ। ଭଣ୍ଡାରିପୋଖରୀ, ବନ୍ତ ଓ ଧାମନଗର ଟ୍ରକ ମାଲିକମାନଙ୍କ ଦ୍ୱାରା ଗଠିତ ଏହି ସଂଘରେ ଅନୁବନ୍ଧିତ ଟ୍ରକଗୁଡ଼ିକୁ ଧାମରା ବନ୍ଦରରୁ ପରିବହନ ସୁଯୋଗକୁ ଉଦ୍ଦେଶ୍ୟମୂଳକ ଭାବେ ବାଧା ଦିଆଯାଉଛି। ଜିଲ୍ଲା ଓ ଜିଲ୍ଲା ବାହାରର ଟ୍ରକ ମାଲିକ ସଂଘଗୁଡ଼ିକୁ ପରିବହନ ସୁଯୋଗ ମିଳୁଥିବା ବେଳେ ମା'କାଳିତ୍ରା ସଂଘକୁ ବୈମାତୃକ ମନୋଭାବ ଯୋଗୁଁ ଏଥିରୁ ବଞ୍ଚିତ କରାଯାଉଥିବା ଅଭିଯୋଗ କରି ସଂଘ ପକ୍ଷରୁ ବାରମ୍ବାର ଧାରଣା ହୋଇଛି। ଏଥିପାଇଁ ସଂଘ ପକ୍ଷରୁ ୩ ଦଫା ଦାବି ରଖାଯାଇଛି। ଧାମରା ବନ୍ଦରରୁ ୧୫ ଶତାଂଶ ମାଲ ପରିବହନ ସୁଯୋଗ ମିଳିବା, ଧାମରାର ସ୍ଥାନୀୟ ସଂଘ ବ୍ୟତୀତ ଜିଲ୍ଲାର ଅନ୍ୟ ସମସ୍ତ ସଂଘକୁ ସମାନ ପରିବହନ ସୁବିଧା ଯୋଗାଇ ଦିଆଯିବା ଓ କଇଥଗୋଲା ଟ୍ରକ ଆସୋସିଏସନ ପକ୍ଷରୁ ମା' କାଳିତ୍ରା ଟ୍ରକ ମାଲିକ ସଂଘ ବିରୋଧରେ ଦିଆଯାଇଥିବା ଏଫଆଇଆର ପ୍ରତ୍ୟାହାର କରାଯିବା ଆଦି ଦାବି କରାଯାଇଛି।

## କଂଗ୍ରେସର 'ଭୋଟ୍ ଚୋର-ଗାଦି ଛାଡ଼' ଦସ୍ତଖତ ଅଭିଯାନ



ଭଦ୍ରକ, ୧୬।୧୦(ସମିସ): ଜିଲ୍ଲା କଂଗ୍ରେସ କାର୍ଯ୍ୟାଳୟରେ ଜିଲ୍ଲା ସଭାପତି ନଳିନୀକାନ୍ତ ମହାନ୍ତିଙ୍କ ଅଧ୍ୟକ୍ଷତାରେ ଭୋଟ ଚୋରି ପ୍ରତିବାଦରେ ଭଦ୍ରକ ଜିଲ୍ଲାରେ ଦସ୍ତଖତ ଅଭିଯାନର ଶୁଭାରମ୍ଭ ହୋଇଯାଇଛି। ଜିଲ୍ଲାସ୍ତରୀୟ ଦସ୍ତଖତ ଅଭିଯାନ କାର୍ଯ୍ୟକ୍ରମର ଶୁଭାରମ୍ଭ କରାଯାଇଛି। ପୂର୍ବତନ ବିଧାୟକ ପଞ୍ଚାନନ ମଣ୍ଡଳ, ବରିଷ୍ଠ ନେତା ଦେବେନ୍ଦ୍ର ମହାନ୍ତି, ପୂର୍ବତନ ଜିଲ୍ଲା କାର୍ଯ୍ୟକାରୀ ସଭାପତି ଦେବରୂପ ମହାନ୍ତି, ପିସିସି ଅନୁସୂଚିତ ଜାତି ବିଭାଗର ରାଜ୍ୟ ସାଧାରଣ ସମ୍ପାଦକ ରାଜେନ୍ଦ୍ର ପ୍ରସାଦ ଜେନା, ଜିଲ୍ଲା ମହିଳା କଂଗ୍ରେସ ସଭାପତି ସବିତା ଚନ୍ଦ, ଟାଉନ ସଭାପତି ଅବଦୁଲ ମୋକିତ ଖାଁ, ପ୍ରକାଶଜ୍ୟୋତି ମହାକୁଡ଼, ପିସିସି ଦଳିତ ସେଲ ସମ୍ପାଦକ ରଞ୍ଜନ ଜେନା, ଜିଲ୍ଲା ଦଳିତ ସେଲ ସଭାପତି ବିଦ୍ୟାଧର ଜେନା ପ୍ରମୁଖ ଯୋଗ ଦେଇଥିଲେ। କେନ୍ଦ୍ରରେ ଚାଲୁଥିବା ବିଜେପି ସରକାର କିପରି ଭୋଟ ଚୋରି କରି କ୍ଷମତାସୀନ ହୋଇପାରିଛି ତାର ପ୍ରତିବାଦରେ ହେବାକୁ ଥିବା ଦସ୍ତଖତ ଅଭିଯାନକୁ ଦଳୀୟ କର୍ମୀ, ସାଧାରଣ ଭୋଟର, ସଚେତନ ନାଗରିକ ଏବଂ ସବୁ ବର୍ଗର ଲୋକଙ୍କ ପାଖରେ ପହଞ୍ଚି ସେମାନଙ୍କୁ ସଚେତନ କରାଇ ଦସ୍ତଖତ ଅଭିଯାନକୁ ସଫଳ କରିବାକୁ ଜିଲ୍ଲା ସଭାପତି ଶ୍ରୀ ମହାନ୍ତି ବକ୍ତବ୍ୟ ଦେଇଥିଲେ। ପୂର୍ବତନ ବିଧାୟକ ପଞ୍ଚାନନ ମଣ୍ଡଳ, ବରିଷ୍ଠ ନେତା ଦେବେନ୍ଦ୍ର ମହାନ୍ତି, ରାଜ୍ୟ ଦଳିତ ନେତା ରାଜେନ୍ଦ୍ର ପ୍ରସାଦ ଜେନାଙ୍କୁ ସଂଯୋଜକ ଭାବେ ନିଯୁକ୍ତ କରାଯାଇଛି। ଭଦ୍ରକ ବ୍ଲକ ସଭାପତି ପୀତବାସ ଧଳ, ଧାମନଗର ବ୍ଲକ ସଭାପତି ରମେଶଚନ୍ଦ୍ର ବେହେରା, ଭଣ୍ଡାରିପୋଖରୀ ବ୍ଲକ ସଭାପତି ରଜନୀକାନ୍ତ ଚନ୍ଦ, ଆରଜିପିଆରଏସର ନେତା ପ୍ରଦ୍ୟୁମ୍ନ ଦାସ, ଯୁବ ନେତା ବଳରାମ ରାଉତ, ଚାନ୍ଦବାଲି ଟାଉନ ସଭାପତି ବଦ୍ରି ନାୟକ, ଧାମନଗର ଟାଉନ ସଭାପତି ମାନସ ରଞ୍ଜନ ବେହେରା, ଭଣ୍ଡାରିପୋଖରୀ ନିର୍ବାଚନମଣ୍ଡଳୀ ଯୁବ ସଭାପତି ସାଦ ସିଦ୍ଦିକ, ଧାମନଗର ନିର୍ବାଚନମଣ୍ଡଳୀ ସଭାପତି ଆଲୋକ ସ୍ୱାଇଁ, ଭଦ୍ରକ ବ୍ଲକ ନିର୍ବାଚନମଣ୍ଡଳୀ ସଭାପତି ଇଲିଆସ ଖାଁ, ରାଉତ, ସୁଶାନ୍ତ ବାରିକ ପ୍ରମୁଖ ଯୋଗ ଦେଇଥିଲେ। ଯୁବନେତା ବିଜୟ ବାରିକ, ରାଜକିଶୋର ପଣ୍ଡା, ମନୋଜ ମଲ୍ଲିକ ପରିଚାଳନା କରିଥିଲେ।

## ବିଜ୍ଞାନ ପ୍ରକଳ୍ପ ପ୍ରଦର୍ଶନୀ ମେଳା

ଅସୁରାଳି, ୧୬।୧୦(ସମିସ): ଧାମନଗର ବ୍ଲକ ଅଧୀନ ହରିହଂସ ସରକାରୀ ଉ.ପ୍ରା ବିଦ୍ୟାଳୟରେ ବିଦ୍ୟାଳୟ ସ୍ତରୀୟ ବିଜ୍ଞାନ ପ୍ରକଳ୍ପ ଓ ପ୍ରଦର୍ଶନୀ ମେଳା ଅନୁଷ୍ଠିତ ହୋଇଯାଇଛି। ଏହି ପ୍ରଦର୍ଶନୀ ମେଳାକୁ ଅଧ୍ୟାପକ ନିକୁଞ୍ଜ କିଶୋରେ ଯେନା ଉଦଘାଟନ କରିଥିଲେ। ପ୍ରଧାନଶିକ୍ଷୟିତ୍ରୀ ଶାନ୍ତିଲତା ପତିଙ୍କ ସଭାପତିତ୍ୱରେ ଏକ ସଭା ବିଦ୍ୟାଳୟ ପରିସରରେ ଅନୁଷ୍ଠିତ ହୋଇଥିଲା। ପ୍ରଧାନଶିକ୍ଷକ ଅକ୍ଷୟ କୁମାର ହୋତା, ବରିଷ୍ଠ ସମାଜସେବୀ ଚତୁର୍ଭୁଜ ନାୟକ, ଧୂଷୁରୀ ସରପଞ୍ଚ ଅନ୍ତର୍ଯ୍ୟାମୀ ପତି, ପ୍ରଧାନଶିକ୍ଷକ କୃଷ୍ଣଚନ୍ଦ୍ର ମିଶ୍ର, ନନ୍ଦକିଶୋର ଦଳାଇ, ବିଜୟ ଦାସ, ପ୍ରାକ୍ତନ ସଂଯୋଜକ ତୃପ୍ତିରଞ୍ଜନ ବିଶ୍ୱାଳ, ଶିକ୍ଷକ ବିକାଶ ନାୟକ ତଥା ବିଦ୍ୟାଳୟ ପରିଚାଳନା କମିଟିର ସଭାପତି ଜ୍ୟୋତ୍ସ୍ନାରାଣୀ ନାୟକ ପ୍ରମୁଖ ଉପସ୍ଥିତ ଥିଲେ। ଶିକ୍ଷୟିତ୍ରୀ ପୁଷ୍ପଲତା ପାଣିଗ୍ରାହୀ ଧନ୍ୟବାଦ ଅର୍ପଣ କରିଥିଲେ। ବିଜ୍ଞାନ ଶିକ୍ଷୟିତ୍ରୀ ଅମିତା ମହାଳିକଙ୍କ ତତ୍ତ୍ୱାବଧାନରେ ଏହି କାର୍ଯ୍ୟକ୍ରମଟି ସମ୍ପାଦିତ ହୋଇଥିଲା। ଶିକ୍ଷୟିତ୍ରୀ ଦୀପିକା ବିଶ୍ୱାଳ, ପୁଷ୍ପଲତା ପାଣିଗ୍ରାହୀ ଓ ଶିକ୍ଷକ ସଞ୍ଜୟ ବିନ୍ଧାଣୀ ସହଯୋଗ କରିଥିଲେ। ଉକ୍ତ କାର୍ଯ୍ୟକ୍ରମରେ ସମସ୍ତ ଅଭିଭାବକ ଓ ଅଭିଭାବିକା କୃତୀ ଛାତ୍ରଛାତ୍ରୀଙ୍କୁ ପ୍ରମାଣପତ୍ର ଓ ପୁରସ୍କାର ପ୍ରଦାନ କରାଯାଇଥିଲା।



## ନାବାଳିକାକୁ ଦୁଷ୍କର୍ମ: ୨ ଗିରଫ



ଦୋବଲ, ୧୬।୧୦(ସମିସ): ଧାମନଗର ଥାନା ଦୋବଲ ଅଞ୍ଚଳରେ ଜଣେ ୧୫ ବର୍ଷ ନାବାଳିକାକୁ ଦୁଷ୍କର୍ମ ଅଭିଯୋଗରେ ୨ ଯୁବକ ଗିରଫ ହୋଇଛନ୍ତି। ଗିରଫ ହୋଇଥିବା ୨ ଅଭିଯୁକ୍ତ ହେଲେ ମୁସ୍ତାଫାପୁର ଗାଁର ସେକ ଜାବିର ଓ ଟାଇଗର ଲତିଫ। ପୁଲିସ ସୂଚନାନୁଯାୟୀ, ଗତମାସ ୨୯ ତାରିଖରେ ନାବାଳିକାକୁ ଦୋବଲ ଅଞ୍ଚଳରୁ ନେଇ ଭୁବନେଶ୍ୱର, ଗୁଜୁରାଟ ଓ ଆଜମେରରେ ରଖି ଦୁଷ୍କର୍ମ କରାଯାଇଥିଲା। ପରେ ଅଭିଯୁକ୍ତମାନେ ୬ ତାରିଖ ତାଙ୍କୁ ଭଦ୍ରକ ଚରମ୍ପା ଅଞ୍ଚଳରେ ଛାଡି ପଳାଇଯାଇଥିଲେ। ୧୩ ତାରିଖ ଧାମନଗର ଥାନାରେ ପରିବାର ପକ୍ଷରୁ ଏନେଇ ଅଭିଯୋଗ ମିଳିବା ପରେ ୩୮୭/୨୫ରେ ମାମଲା ରୁଜୁ କରି ଧାନଗର ଥାନାଧିକାରୀ ରଞ୍ଜନ ସେଠୀଙ୍କ ନିର୍ଦ୍ଦେଶକ୍ରମେ ଏଏସଆଇ ନରେନ୍ଦ୍ର ରାଉତ ଗୁଜୁରାଟରୁ ଉଭୟ ଅଭିଯୁକ୍ତଙ୍କୁ ଗିରଫ କରି ଥାନାକୁ ଆଣିଥିଲେ। ଗୁରୁବାର ଉଭୟଙ୍କୁ ଡାକ୍ତରୀ ମଇନା ପରେ କୋର୍ଟ ଚାଲାଣ କରାଯାଇଛି। ଏହି ଘଟଣା ଧାମନଗର ଅଂଚଳରେ ଚର୍ଚ୍ଚାର ବିଷୟ ପାଲଟିଛି।

# ବିଭିନ୍ନ କ୍ଲଷ୍ଟରସ୍ତରୀୟ ଶିଶୁ ମହୋତ୍ସବ 'ସୁରଭି'





### ସାଆଁଳପୁର

ଅସୁରାଳି, ୧୬।୧୦(ସମିସ): ଧାମନଗର ବ୍ଲକ ସାଆଁଳପୁର କ୍ଲଷ୍ଟର ଅଧୀନରେ ଥିବା ବିଦ୍ୟାଳୟ ସମୂହକୁ ନେଇ କ୍ଲଷ୍ଟରସ୍ତରୀୟ ଶିଶୁ ମହୋତ୍ସବ ସୁରଭି ସାଆଁଳପୁର ସରକାରୀ ଉଚ୍ଚବିଦ୍ୟାଳୟରେ ସାଧନ କେନ୍ଦ୍ର ସଂଯୋଜକ ବ୍ରଜମୋହନ ସିଅଳଙ୍କ ସଂଯୋଜନାରେ ଅନୁଷ୍ଠିତ ହୋଇଯାଇଛି। ସଭାପତିତ୍ୱ କରିଥିଲେ ପ୍ରଧାନଶିକ୍ଷୟିତ୍ରୀ ସଂଯୁକ୍ତା ଦାସ। ମୁଖ୍ୟଅତିଥି ଭାବେ ଧାମନଗର ଏବିଇଓ ସତ୍ୟସୁନ୍ଦର ପରିଡ଼ା, ମୁଖ୍ୟବକ୍ତା ଭାବେ ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ସାଧୁଚରଣ ଷଡ଼ଙ୍ଗୀ, ସମ୍ମାନିତ ଅତିଥିଭାବେ ପ୍ରଧାନଶିକ୍ଷକ ଚୈତନ୍ୟ ଚରଣ ବିଶ୍ୱାଳ, ପ୍ରଧାନଶିକ୍ଷକ ମନ୍ମଥ କର, ଭାରପ୍ରାପ୍ତ ପ୍ରଧାନ ଶିକ୍ଷକ ରମେଶଚନ୍ଦ୍ର ଧଳ, ପ୍ରମୋଦିନୀ ଦେଇ, ସରସ୍ୱତୀ ଦାସ, ପ୍ରଧାନଶିକ୍ଷୟିତ୍ରୀ ମଞ୍ଜୁରାଣୀ ଦାସ, ପ୍ରଧାନଶିକ୍ଷକ ରାକେଶ ସାହୁ, ଅବସରପ୍ରାପ୍ତ ଶିକ୍ଷୟିତ୍ରୀ ଝରଣା ଦାସ, ପ୍ରାକ୍ତନ ସଂଯୋଜକ ତୃପ୍ତିରଞ୍ଜନ ବିଶ୍ୱାଳ, ଏସଏମସି ସଭାପତି ବୀରେନ୍ଦ୍ର ଜେନା, ପନ୍ଦର ବାଟିଆ ମଦ୍ରାସା କ୍ୟୁଦ୍ରୀଆ ସେକ ମୁକ୍ତାର ଆଲ୍ଲାମ ପ୍ରମୁଖ ବକ୍ତବ୍ୟ ରଖିଥିଲେ। ଅଧ୍ୟାପକ ରବୀନ୍ଦ୍ର ପାଣିଗ୍ରାହୀ ଏହି କାର୍ଯ୍ୟକ୍ରମକୁ ପ୍ରଶଂସା କରିବା ସହିତ ପିଲାମାନଙ୍କୁ ବିକଶିତ ଓଡିଶା ଗଠନରେ ଭାଗିଦାର ହେବାକୁ ଆହ୍ୱାନ ଦେଇଥିଲେ। କୃତୀ ଛାତ୍ରଛାତ୍ରୀଙ୍କୁ ଅତିଥିଙ୍କ ଦ୍ୱାରା ପୁରସ୍କୃତ କରାଯାଇଥିଲା। ଧନ୍ୟବାଦ ଅର୍ପଣ କରିଥିଲେ ସଂଗ୍ରାମ ଭାରତୀ।

### ଦେଶବନ୍ଧୁ ନୋଡାଲ ସିଆର୍‌ସି

ଦେଶବନ୍ଧୁ ନୋଡାଲ ସାଧନ କେନ୍ଦ୍ର ଅଧୀନରେ ଥିବା ବିଦ୍ୟାଳୟ ସମୂହକୁ ନେଇ କ୍ଲଷ୍ଟରସ୍ତରୀୟ ଶିଶୁ ମହୋତ୍ସବ ସୁରଭି ଝାରଡ଼େଶ୍ୱର ଉଚ୍ଚ ବିଦ୍ୟାପୀଠରେ ସାଧନ କେନ୍ଦ୍ର ସଂଯୋଜକ ସଞ୍ଜୟ ଜେନାଙ୍କ ସଂଯୋଜନାରେ ଅନୁଷ୍ଠିତ ହୋଇଯାଇଛି। ସଭାପତିତ୍ୱ କରିଥିଲେ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ଗିରିଶ ମିଶ୍ର। ମୁଖ୍ୟଅତିଥି ଭାବେ ଏବିଇଓ ସତ୍ୟସୁନ୍ଦର ପରିଡ଼ା, ମୁଖ୍ୟବକ୍ତା ଭାବେ ଅଧ୍ୟକ୍ଷ ହୃଷିକେଶ ରାଉତ, ସମ୍ମାନିତ ଅତିଥି ଭାବେ ସରପଞ୍ଚ ସରୋଜ ସ୍ୱାଇଁ, ଅଧ୍ୟକ୍ଷ ସତ୍ୟବ୍ରତ ଭାରତୀ, ଅଧ୍ୟାପକ ସଞ୍ଜୟ ବହଳ ପ୍ରମୁଖ ଯୋଗ ଦେଇଥିଲେ। ବିଚାରକ ଭାବେ କାମିନୀବାଳା ମିଶ୍ର, ନନ୍ଦିନୀ ରାୟ, ରବିନ୍ଦ୍ର ପାଣିଗ୍ରାହୀ, ଉମେଶଚନ୍ଦ୍ର ପତି, ଗଣପତି ଜେନା, ଅଜୟ ପଣ୍ଡା, ସସ୍ମିତା ବିଶ୍ୱାଳ, ସୁଶ୍ରୀ କ୍ରିତିକ୍ରିଷ୍ଣା ପଣ୍ଡା, ସୁବାସଚନ୍ଦ୍ର ମଲ୍ଲିକ, ମନୋଜ ପଣ୍ଡା, ସନ୍ଧ୍ୟାରାଣୀ ସାହୁ ପ୍ରମୁଖ ଯୋଗ ଦେଇଥିଲେ। ଉଦଯାପନୀ ଉତ୍ସବରେ ସଭାପତିତ୍ୱ କରିଥିଲେ ପ୍ରଧାନଶିକ୍ଷକ ଗିରିଶ ମିଶ୍ର। ଯୋଗଦାନ କରିଥିଲେ ପ୍ରବୀଣ ବେହେରା, ଅହଲ୍ୟା ନାୟକ ପ୍ରମୁଖ। ମୋଟ ୨୫୦ ଛାତ୍ରଛାତ୍ରୀ ଓ ୩୨ ଜଣ ଗାଇଡ ଶିକ୍ଷକ ଯୋଗଦାନ କରିଥିଲେ।

### ମତୋ

ଭଦ୍ରକ: ଭଦ୍ରକ ଜିଲ୍ଲା ଚାନ୍ଦବାଲି ମତୋ ଆଞ୍ଚଳିକ ସାଧନକେନ୍ଦ୍ର ଅଧୀନସ୍ଥ ଫାର୍ଶୀବନ୍ଧ ପ୍ରକଳ୍ପ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଆଞ୍ଚଳିକ ସାଧନକେନ୍ଦ୍ରସ୍ତରୀୟ ସୁରଭି ମହୋତ୍ସବ ସିଆରସିସି ବୀରନାରାୟଣ ଦାସଙ୍କ ସଂଯୋଜନା ଓ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ସତ୍ୟବତୀ ପାତ୍ର ଅତିଥିଙ୍କ ପରିଚୟ ପ୍ରଦାନ କରିଥିଲେ। ପ୍ରଧାନଶିକ୍ଷକ ଶିବାଜୀ ଚରଣ ନାୟକ ସ୍ୱାଗତ ଭାଷଣ ଦେଇଥିଲେ। ଭଦ୍ରକ ଜିଲ୍ଲା ଓଷ୍ଟା ସଂଘ ସମ୍ପାଦକ ଓ ଅବସରପ୍ରାପ୍ତ ପ୍ରଧାନ ଶିକ୍ଷକ ପ୍ରଭାତ ପାଣିଗ୍ରାହୀ ମୁଖ୍ୟଅତିଥି, ସରପଞ୍ଚ ସୁରଭି ନାୟକ ମୁଖ୍ୟବକ୍ତା, ସୁଶାନ୍ତ ପୁହାଣ, ସମିତିସଭ୍ୟା ଚିନ୍ମୟୀ ନାୟକ, ସମାଜସେବୀ ବେଣୁଧର ନାୟକ, ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ହରେକୃଷ୍ଣ ଜେନା, ଧ୍ରୁବଚରଣ ଧଳ ସମ୍ମାନିତ ଅତିଥି ଭାବରେ ଯୋଗ ଦେଇଥିଲେ। କାର୍ଯ୍ୟକ୍ରମରେ ୧୭ଟି ବିଦ୍ୟାଳୟର ପାଖାପାଖି ୩୦୦ ଛାତ୍ରଛାତ୍ରୀ ୫୦ରୁ ଅଧିକ ଶିକ୍ଷକଶିକ୍ଷୟିତ୍ରୀ ଓ ଜନସାଧାରଣ ଉପସ୍ଥିତ ଥିଲେ। ସହକାରୀ ଶିକ୍ଷକ ସୁଶୀଲ କ୍ଷେଣ୍ଣ ଧନ୍ୟବାଦ ଦେଇଥିଲେ।

## ସିଂହପୁର କାଳୀପୂଜା ପାଇଁ ପ୍ରସ୍ତୁତି



ସିଂହପୁର,୧୬।୧୦(ସମିସ): ବିଂଝାରପୁର ବ୍ଲକ୍‌ର ପ୍ରମୁଖ ବ୍ୟବସାୟୀ କେନ୍ଦ୍ର ସିଂହପୁର ବଜାରରେ କାଳୀପୂଜା ଚଳିତ ବର୍ଷ ୬୯ ବର୍ଷରେ ପଦାର୍ପଣ କରୁଛି। ସିଂହପୁର ବ୍ୟବସାୟୀ ସଙ୍ଘ ପକ୍ଷରୁ ୧୯୫୬ରେ ଛୋଟ ଅନୁଷ୍ଠାନରୁ ଆରମ୍ଭ ହୋଇଥିବା ପୂଜା ଏବେ ସିଂହପୁରର ଗଣପର୍ବରେ ପରିଣତ ହୋଇଛି। ପୂଜା ପାଇଁ ବ୍ୟାପକ ପ୍ରସ୍ତୁତି କରାଯାଇଛି। ମା'ଙ୍କ ପୂଜା ୨୦ ତାରିଖରୁ ଆରମ୍ଭ ହୋଇ ନଭେମ୍ବର ମାସ ୨ ତାରିଖ ପର୍ଯ୍ୟନ୍ତ ଚାଲିବ। ବିଭିନ୍ନ ଦିବସରେ ବିଭିନ୍ନ କାର୍ଯ୍ୟକ୍ରମ, ସାଂସ୍କୃତିକ କାର୍ଯ୍ୟକ୍ରମ କରାଯାଉଥିବାବେଳେ ୩୦ ତାରିଖରୁ ଯାତ୍ରା ସ୍ୱପ୍ନମହଲ ଅପେରା ପରିବେଷଣ କରିବ। ଚଳିତ ବର୍ଷ ପୂଜା ଓ କାର୍ଯ୍ୟକ୍ରମକୁ ସଫଳ, ଶାନ୍ତିଶୃଙ୍ଖଳାର ସହିତ ସମ୍ପନ୍ନ କରିବାକୁ ବ୍ୟବସାୟୀ ସଙ୍ଘ ସମ୍ପାଦକ ନିରଞ୍ଜନ ବେଉରିଆ ଓ ବ୍ୟବସାୟୀ ପ୍ରସ୍ତୁତି ଚଳାଇଛନ୍ତି।

### ପୁଣି ତାତିଲେ ମେସ୍କୋ ବିସ୍ଥାପିତ

# ତୁରନ୍ତ କାରଖାନା ଚାଲୁ କରାଯିବା ଦାବି

ଦାନଗଦି, ୧୬।୧୦(ସମିସ):




କଳିଙ୍ଗନଗରର ପ୍ରଥମ ଇସ୍ପାତ କାରଖାନା ଏବେ ଦୀର୍ଘ ୬ ବର୍ଷ ହେବ ବନ୍ଦ ହୋଇ ପଡ଼ିରହିଛି। ଫଳରେ କାରଖାନା ପାଇଁ ଭିଟାମାଟି ହରାଇଥିବା ୨୦୦ ଶହ ପରିବାର ଏବେ ଭୋକ ଉପବାସରେ ଦିନ କାଟୁଛନ୍ତି। ତୁରନ୍ତ ମେସ୍କୋ କାରଖାନା ଚାଲୁ କରା ନ ଗଲେ ଏଡିଏମ ଅଫିସ ଘେରଉ କରିବାକୁ ବିସ୍ଥାପିତ ଚେତାବନୀ ଦେଇଥିବା ଜଣାପଡ଼ିଛି।

### ଏଡିଏମ୍ ଅଫିସ ଘେରିବାକୁ ଦେଲେ ଚେତାବନୀ

ଯାଜପୁର ଜିଲ୍ଲା କଳିଙ୍ଗନଗରଠାରେ ସ୍ୱର୍ଗତ ବିଜୁବାବୁ ୧୯୯୩ରେ ଦ୍ୱିତୀୟ ଇସ୍ପାତ କାରଖାନା ନାମରେ ମେସ୍କୋ ଷ୍ଟିଲ୍‌କୁ ୫୭୦ ଏକର ଜମି ଓ କଞ୍ଚାମାଲ ପାଇଁ ୨୪୦୦ ହେକ୍ଟର ଖଣି ଯୋଗାଇ ଦେଇଥିଲେ। କାରଖାନା ସ୍ୱାଭାବିକ ଚାଲିଥିବାବେଳ ହଠାତ ମାନ୍ଦାବସ୍ଥାର ଆଳଦେଖାଇ କାରଖାନା କର୍ତ୍ତୃପକ୍ଷ ଦୀର୍ଘ ୭୦ ମାସ ହେଲା ଏହାକୁ ବନ୍ଦ କରିଦେଇଛନ୍ତି। ଫଳରେ ବିସ୍ଥାପିତ ପରିବାର ଲୋକେ ନାହିଁ ନ ଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ୪/୫ ଥର ଜିଲ୍ଲା ପ୍ରଶାସନ ଓ କାରଖାନା କର୍ତ୍ତୃପକ୍ଷ ଓ ବିସ୍ଥାପିତ ପରିବାର ଲୋକେ ବୈଠକ ପରେ ବୈଠକ କରିଚାଲିଛନ୍ତି। ହେଲେ ମିଥ୍ୟା ପ୍ରତିଶ୍ରୁତି ଦେଇ ଚାଲିଛି କାରଖାନା ମାଲିକ। ଯାହାକୁ ନେଇ ନିକଟରେ କାରଖାନା ବିସ୍ଥାପିତ ଓ କଳିଙ୍ଗନଗର ମଜଦୂର ୟୁନିଅନର କର୍ମକର୍ତ୍ତା ମୁଖ୍ୟମନ୍ତ୍ରୀ, ମୁଖ୍ୟ ଶାସନ ସଚିବ, ଶିଳ୍ପମନ୍ତ୍ରୀ, ଶିଳ୍ପ ସଚିବ, ଜିଲ୍ଲାପାଳ, ଜିଲ୍ଲା ଆରକ୍ଷୀ ଅଧୀକ୍ଷକଙ୍କୁ ପତ୍ର ମାଧ୍ୟମରେ କାରଖାନାକୁ ଚାଲୁ କରିବା ପାଇଁ ଅନୁରୋଧ କରିଥିଲେ। ହେଲେ ସେମାନଙ୍କ କଥା କେହିବି ଶୁଣିଲେ ନାହିଁ। ଫଳରେ ଆଜି କଳିଙ୍ଗନଗର ମଜଦୂର ୟୁନିଅନ ମେସ୍କୋ ଶାଖା କଳିଙ୍ଗନଗର କର୍ମକର୍ତ୍ତା ବିସ୍ଥାପିତ ପରିବାର ଓ କର୍ମଚାରୀଙ୍କୁ ନେଇ କାରଖାନା ଫାଟକ ସମ୍ମୁଖରେ ଏକ ସାମ୍ବାଦିକ ସମ୍ମିଳନୀର ଆୟୋଜନ କରିଥିଲେ। ତୁରନ୍ତ କାରଖାନା ଚାଲୁ କରିବାକୁ ପ୍ରଶାସନ ଓ କାରଖାନା କର୍ତ୍ତୃପକ୍ଷଙ୍କୁ ଚେତାବନୀ ଦେଇଛନ୍ତି। ଆସନ୍ତା ୧୦ ଦିନ ମଧ୍ୟରେ ସେମାନଙ୍କ କଥାକୁ ପ୍ରଶାସନ ନ ବୁଝିଲେ କଳିଙ୍ଗନଗର ଏଡିଏମଙ୍କ କାର୍ଯ୍ୟାଳୟ ଘେରଉ କରିବା ସହ ଅଫିସ ବନ୍ଦ କରିଦେବେ ବୋଲି ସେମାନେ କହିଛନ୍ତି। ସଭାପତି ସେକ ମହମ୍ମଦ ଜାହେଦଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଏହି ସମ୍ମିଳନୀରେ ସମ୍ପାଦକ ନରେନ୍ଦ୍ର ସାମଲଙ୍କ ସମେତ ବହୁ କର୍ମଚାରୀ ଓ ବିସ୍ଥାପିତ ପରିବାର ଲୋକେ ଉପସ୍ଥିତ ଥିଲେ। ସରକାର ନୂଆ ନୂଆ ଶିଳ୍ପକୁ ଆମନ୍ତ୍ରଣ କରୁଥିବାବେଳେ କାହିଁକି ମେସ୍କୋକୁ ଅନୁକମ୍ପା ଦେଖାଉଛନ୍ତି, ତାହା ସେମାନେ ପ୍ରଶ୍ନ କରିଥିଲେ।

## ଜିଲ୍ଲା ଆଇନ୍ ସେବା ପ୍ରାଧିକରଣ ପକ୍ଷରୁ ସଚେତନତା




ଯାଜପୁର,୧୬।୧୦(ସମିସ): ଯାଜପୁର ଜିଲ୍ଲା ଆଇନ୍ ସେବା ପ୍ରାଧିକରଣ ପକ୍ଷରୁ ଜିଲ୍ଲା ଦୌରାଜଜ୍ ତଥା ପ୍ରାଧିକରଣ ଅଧ୍ୟକ୍ଷ ଅମୃତ ରଞ୍ଜନ ନନ୍ଦଙ୍କ ନିର୍ଦ୍ଦେଶକ୍ରମେ ସଚେତନତା ସଭା ଓ ଛାତ୍ରଛାତ୍ରୀଙ୍କ ମଧ୍ୟରେ ବିଶ୍ୱାୟାୟନ ଶୀର୍ଷକ ବକ୍ତୃତା ପ୍ରତିଯୋଗିତା ପ୍ରାଧିକରଣ ସଚିବ ଲିପା ମହାନ୍ତିଙ୍କ ଅଧ୍ୟକ୍ଷତାରେ ଯାଜପୁର ମ୍ୟୁନିସପାଲ୍ ସରକାରୀ ଉଚ୍ଚ ବିଦ୍ୟାଳୟରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଅତିଥି ଆଲୋଚକ ଭାବେ ଶୀତିକଣ୍ଠ କାନୁନଗୋ ଅତିରିକ୍ତ ଜିଲ୍ଲା ଆରକ୍ଷୀ ଅଧୀକ୍ଷକ, ଡ ରୁଦ୍ରନାରାୟଣ ପୃଷ୍ଟି ପ୍ରାକ୍ତନ ପ୍ରାଧିକରଣ ସଦସ୍ୟ ତଥା ସାମାଜିକ କାର୍ଯ୍ୟକର୍ତ୍ତା ଯୋଗଦେଇ ନାଗରିକଙ୍କ ମୌଳିକ କର୍ତ୍ତବ୍ୟ ସମ୍ବନ୍ଧରେ ସବିଶେଷ ଆଲୋଚନା କରିବା ସହିତ ନିଜ ଅଧିକାର ସାବ୍ୟସ୍ତ ପାଇଁ ଆମେ ଆଗଭର ହେଉଥିବାବେଳେ ସ୍ଥିରୀକୃତ କର୍ତ୍ତବ୍ୟ ସମ୍ପାଦନ କରିବା ଦିଗରେ ସଚେତନ ରହିବା ଉଚିତ ବୋଲି କହିଥିଲେ। ପ୍ରଧାନଶିକ୍ଷକ ଚିତ୍ତରଞ୍ଜନ ସେଠୀ ସ୍ୱାଗତ ଭାଷଣ ପ୍ରଦାନ କରିଥିବାବେଳେ ସହକାରୀ ଶିକ୍ଷକ ପ୍ରତାପ ମିଶ୍ର ଧନ୍ୟବାଦ ଅର୍ପଣ କରିଥିଲେ। ବକ୍ତୃତା ପ୍ରତିଯୋଗିତାରେ ପ୍ରଥମ, ଦ୍ୱିତୀୟ ଓ ତୃତୀୟ ସ୍ଥାନ ଅଧିକାର କରିଥିବା କୃତୀ ପ୍ରତିଯୋଗୀ ସସ୍ମିତା ବେହେରା, ବନୀତା ସାହୁ, ସୋହାନ ନାୟକଙ୍କୁ ପ୍ରାଧିକରଣ ପକ୍ଷରୁ ଅତିଥିମାନେ ଟ୍ରଫି ଓ ପ୍ରମାଣ ପତ୍ର ପ୍ରଦାନ କରି ପୁରସ୍କୃତ କରିଥିଲେ। କାର୍ଯ୍ୟକ୍ରମ ପରିଚାଳନାରେ ବିଦ୍ୟାଳୟ ଶିକ୍ଷକ, ଶିକ୍ଷୟିତ୍ରୀ, ଶିକ୍ଷାକର୍ମୀ ଓ ପ୍ରାଧିକରଣ କର୍ମଚାରୀ ମିଳିତ ଭାବେ ସହଯୋଗ କରିଥିଲେ।

## ନବୀନ ପଟ୍ଟନାୟକଙ୍କ ଜନ୍ମଦିନ ପାଳିତ




ବିଞ୍ଝାରପୁର,୧୬।୧୦(ସମିସ): ଆଜି ବିଜେଡି ସଭାପତି ତଥା ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ୭୯ ବର୍ଷରେ ପାଦ ଦେଇଛନ୍ତି। ନିଜର ନିଆରା ଓ ଭିନ୍ନ ରାଜନୀତି ପାଇଁ ସବୁବେଳେ ଚର୍ଚ୍ଚାରେ ରହୁଥିବା ନବୀନ ୧୯୪୬ ଅକ୍ଟୋବର ୧୬ ତାରିଖରେ ଜନ୍ମଗ୍ରହଣ କରିଥିଲେ। ଯୁବାବସ୍ଥାରେ ରାଜନୀତିର ଧାର୍ ଧାରୁ ନ ଥିବା ନବୀନ ଘଟଣାଚକ୍ରରେ ଓଡ଼ିଶା ଆସି ରାଜ୍ୟ ରାଜନୀତିରେ ସାମିଲ ହୋଇଥିଲେ। ୧୯୯୭ରେ ବିଜୁ ପଟ୍ଟନାୟକଙ୍କ ଦେହାନ୍ତ ପରେ ସେ ଲୋକସଭା ନିର୍ବାଚନ ଲଢ଼ିଥିଲେ। ପରବର୍ତ୍ତୀ ସମୟରେ ବିଜେଡି ଗଠନ ହେଲା ପରେ ସେ ସଭାପତି ହୋଇଥିଲେ। ବର୍ତ୍ତମାନ ସୁଦ୍ଧା ତାଙ୍କର ରାଜନୀତିରେ ପ୍ରାୟ ୨୯ ବର୍ଷ ହୋଇଗଲାଣି। ସେଥିରୁ ୨୫ ବର୍ଷରୁ ଅଧିକ ସମୟ ସେ କ୍ଷମତାରେ ହିଁ ରହିଛନ୍ତି। ପ୍ରଥମେ କେନ୍ଦ୍ରମନ୍ତ୍ରୀ ଥିଲେ। ୨୦୦୦ରେ ବିଜେଡି-ବିଜେପି ମେଣ୍ଟ ଶାସନକୁ ଆସିଲା ପରେ ମୁଖ୍ୟମନ୍ତ୍ରୀ ଭାବେ ଦାୟିତ୍ୱ ଗ୍ରହଣ କରିଥିଲେ ନବୀନ। ମେଣ୍ଟ ଭାଙ୍ଗିଗଲା ପରେ ବିଜେଡିକୁ ତିନିଥର କ୍ଷମତାସୀନ କରାଇଥିଲେ। ୨୪ ବର୍ଷ ଲଗାତର ମୁଖ୍ୟମନ୍ତ୍ରୀ ପଦବୀରେ ରହି ରେକର୍ଡ ସ୍ଥାପନ କରିଥିବା ନବୀନଙ୍କୁ ଆଜି ସାରା ରାଜ୍ୟ ଝୁରୁଥିବାବେଳେ ତାଙ୍କ ଜନ୍ମଦିନକୁ ସାରା ରାଜ୍ୟର ବିଜେଡି କର୍ମୀ ପାଳନ କରିଛନ୍ତି। ଏହି କ୍ରମରେ ବିଞ୍ଝାରପୁର ନିର୍ବାଚନମଣ୍ଡଳୀ ବିଜୁ ଜନତା ଦଳ ପକ୍ଷରୁ ବିଞ୍ଝାରପୁରସ୍ଥ ବିଜୁ କଲ୍ୟାଣ ମଣ୍ଡପରେ ନିଆରା ଢଙ୍ଗରେ ପାଳନ କରାଯାଇଛି।

ବ୍ଲକ୍ ବିଜୁ ଜନତା ଦଳ ସଭାପତି ନନ୍ଦକିଶୋର ସାମଲଙ୍କ ସଭାପତିତ୍ୱରେ ଆୟୋଜିତ ନବୀନ ପଟ୍ଟନାୟକଙ୍କ ଜନ୍ମଦିନର ଶୁଭେଚ୍ଛା ଓ ଅଭିନନ୍ଦନ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ବ୍ଲକ ଅଧ୍ୟକ୍ଷା ରଂଜିତା କୁମାରୀ ଦାସ, ଉପାଧ୍ୟକ୍ଷ ସେକ ଇର୍ସାଦ, ନିର୍ବାଚନମଣ୍ଡଳୀ ସଂଯୋଜକ ପ୍ରଦୀପ ମହାନ୍ତି, ଜିଲ୍ଲା ପରିଷଦ ସଭ୍ୟା ଅହଲ୍ୟା ସ୍ୱାଇଁ, ବ୍ଲକ୍ ଯୁବ ସଭାପତି ଦିଲ୍ଲୀପ ରାଉଳ, ଛାତ୍ର ସଭାପତି ଲେଲିନ ଦାସ, ନିର୍ବାଚନମଣ୍ଡଳୀ ସଭାପତି ମୁରଲୀ ବେହେରା, ଜିଲ୍ଲା ଉପସଭାପତି ଲାୟକ ଅଲ୍ଲୀ ଖାଁ, ସଂଖ୍ୟାଲଘୁ ସେଲ୍ ସଭାପତି ମୋଜାହିଦ ଖାଁ, କୃଷକ ନେତା ନିତ୍ୟାନନ୍ଦ ରାଉତ, ଶ୍ୟାମସୁନ୍ଦର ବେହେରା, ଘଣ୍ଟିଆଳି ସରପଞ୍ଚ କାର୍ତ୍ତିକ ଧଳ, ବିଞ୍ଝାରପୁର ସରପଞ୍ଚ ପ୍ରତିନିଧି ଅଶୋକ ସାହୁ, ମୁକ୍ତିକାନ୍ତ ସାମଲ, ରଣପୁର ସରପଞ୍ଚ ରିୟଙ୍କା ଜେନା, ଯୁବ ନେତା ସୁଖରଞ୍ଜନ ପରିଡ଼ା ପ୍ରମୁଖ ଯୋଗଦେଇ କେକ କାଟି ନବୀନଙ୍କ ଜନ୍ମଦିନ ପାଳନ କରିବା ସହ ଦୀର୍ଘାୟୁ କାମନା କରିଛନ୍ତି।

## ଯୁବକଙ୍କ ବ୍ୟାଗ୍ ଛଡ଼ାଇନେଲେ ଦୁର୍ବୃତ୍ତ

ପାଣିକୋଇଲି, ୧୬।୧୦(ସମିସ): ବସ୍‌ରେ ଯାତ୍ରା କରୁଥିବା ଜଣେ ଯୁବକଙ୍କ ବ୍ୟାଗକୁ ଛଡ଼ାଇନେବା ନେଇ ପାଣିକୋଇଲି ଥାନାରେ ଅଭିଯୋଗ ହୋଇଛି। କେନ୍ଦୁଝର ଜିଲ୍ଲା ଆନନ୍ଦପୁର ଥାନା ଅନ୍ତର୍ଗତ ଗଣେଶ୍ୱର ପାଢୀଙ୍କ ପୁଅ ଗିରିଜା ଶଙ୍କର ଭୁବନେଶ୍ୱରରୁ ଏକ ଘରୋଇ ବସ୍‌ରେ ଆନନ୍ଦପୁର ଫେରୁଥିଲେ। ରାତି ୧୧ଟା ସମୟରେ ବସ୍ ରାତ୍ରୀଭୋଜନ ନିମନ୍ତେ ଜାତୀୟ ରାଜପଥ ୧୬ର ଏକ ଢାବା ନିକଟରେ ଅଟକି ଥିଲା। ଏହି ସମୟରେ ଗିରିଜା ବ୍ୟାଗ୍ ଧରି ବସ୍ ପଛପଟେ ଛିଡ଼ା ହୋଇଥିବାବେଳେ ଜଣେ ବ୍ୟକ୍ତି କାର୍‌ରୁ ଓହ୍ଲାଇ ତାଙ୍କ ବ୍ୟାଗ୍‌କୁ ଛଡ଼ାଇ ନେଇ କାର୍‌ରେ ବସି ଭଦ୍ରକ ଅଭିମୁଖେ ପଳାଇଯାଇଥିଲେ। ଉକ୍ତ ବ୍ୟାଗରେ ଏକ ମୋବାଇଲ ଫୋନ, ଦୁଇ ହଜାର ଟଙ୍କା ସମେତ ଗିରିଜାଙ୍କ ବହୁ ଗୁରୁତ୍ୱପୂର୍ଣ୍ଣ କାଗଜପତ୍ର ଥିଲା। ଏ ନେଇ ଗିରିଜା ଥାନାରେ ଅଭିଯୋଗ କରିବା ପରେ ପୁଲିସ ଏକ ମାମଲା ରୁଜୁ କରି ତଦନ୍ତ ଚାଲୁ ରଖିଛି।

## ଜେନାପୁର ପୁଲିସକୁ ଆକ୍ରମଣ ଘଟଣାରେ ଜଣେ ଗିରଫ



କବାଟବନ୍ଧ,୧୬।୧୦ (ସମିସ): ଧର୍ମଶାଳା ବ୍ଲକ୍ ଅନ୍ତର୍ଗତ ଜେନାପୁର ଥାନା ପୁଲିସକୁ କାର୍ଯ୍ୟରେ ବାଧା ଦେବା ଓ ଆକ୍ରମଣ କରିବା ଅଭିଯୋଗରେ ଜଣେ ଯୁବକ ଗିରଫ ହୋଇ କୋର୍ଟ ଚାଲାଣ ହୋଇଥିବା ଜଣାପଡିଛି। ଗିରଫ ଯୁବକ ଜଣକ ଏହି ଥାନା ଅନ୍ତର୍ଗତ ଷେଣ୍ଡପୁର ଗ୍ରାମର ଦାମୋଦର ଭାରତୀଙ୍କ ପୁଅ ଆଲୋକ ଭାରତୀ (୨୮) ବୋଲି ଜଣାପଡିଛି। ପୁଲିସ ସୂଚନା ମୁତାବକ, ବୁଧବାର ସନ୍ଧ୍ୟାରେ ଜେନାପୁର ପୁଲିସ ପକ୍ଷରୁ ଜାରକା-କବାଟବନ୍ଧ ନଦୀବନ୍ଧ ରାସ୍ତା ଜେନାପୁର-ଜାବରା ସେତୁ କଲେଜ ଛକ ନିକଟରେ ଯାନବାହନ ଯାଞ୍ଚ କରାଯାଉଥିଲା। ଏହି ସମୟରେ ଆଲୋକ ପୁଲିସ ଚେକିଂର ସାମନା କରି କାହିଁକି ଚେକିଂ କରାଯାଉଛି ବୋଲି ପାଲଟା ପ୍ରଶ୍ନ କରିଥିଲେ। ପରେ ପୁଲିସ ସହିତ ଯୁକ୍ତିତର୍କ କରି ଅସଭ୍ୟ ଭାଷାରେ ଗାଳିଗୁଲଜ କରିବା ସହିତ ଟେକା ପଥର ଧରି ଆକ୍ରମଣ ଉଦ୍ୟମ କରିଥିଲା। ପୁଲିସ ତାକୁ କାବୁ କରି ଜେନାପୁର ଥାନା କେସ ନମ୍ବର ୩୬୪/୨୫ରେ ଏକ ମାମଲା ରୁଜୁ କରି ଗୁରୁବାର କୋର୍ଟ ଚାଲାଣ କରାଯାଇଥିବା ଜଣାପଡ଼ିଛି।

## ଜେନାପୁର ଉଚ୍ଚ ବିଦ୍ୟାଳୟରେ ସୁରଭି କାର୍ଯ୍ୟକ୍ରମ



କବାଟବନ୍ଧ,୧୬।୧୦(ସମିସ): ଧର୍ମଶାଳା ବ୍ଲକ୍ ଅନ୍ତର୍ଗତ ଜେନାପୁର ଉଚ୍ଚବିଦ୍ୟାଳୟ ପରିସରରେ ସୁରଭି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଜେନାପୁର ସରକାରୀ ଉଚ୍ଚ ବିଦ୍ୟାଳୟର ଆଞ୍ଚଳିକ ସାଧନ କେନ୍ଦ୍ରସ୍ତରୀୟ ଏହି କାର୍ଯ୍ୟକ୍ରମରେ ପ୍ରଧାନଶିକ୍ଷକ ନିତ୍ୟାନନ୍ଦ ନାୟକଙ୍କ ଆବାହକତ୍ୱରେ ମୁଖ୍ୟଅତିଥି ଭାବେ ଜେନାପୁର ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ପ୍ରାକ୍ତନ ଅଧ୍ୟକ୍ଷ ପ୍ରକାଶ ବରାଳ, ଆଞ୍ଚଳିକ ସାଧନ କେନ୍ଦ୍ର ସଂଯୋଜକ ମୃତ୍ୟୁଞ୍ଜୟ ପ୍ରଧାନ ଯୋଗ ଦେଇଥିଲେ। ସମ୍ମାନିତ ଅତିଥି ଭାବେ ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ନିରୋଜ କୁମାର ମହାନ୍ତି, ପ୍ରଫୁଲ୍ଲ କୁମାର ମହାରଣା, ପୂର୍ବତନ ସିଆରସିସି ଦେବେନ୍ଦ୍ର ସାମନ୍ତ, ତ୍ରିଲୋଚନ ଜେନା, ପ୍ରଫୁଲ୍ଲ କୁମାର ପାତ୍ର, ରଘୁନାଥ ଶତପଥୀ ଓ କ୍ଷେତ୍ରବାସୀ ରାଉତ ଉପସ୍ଥିତ ଥିଲେ। ବିଶ୍ୱନାଥ ମହାରଣା ଓ କବିତା ରାଉତ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ପ୍ରାରମ୍ଭରେ ଛାତ୍ରଛାତ୍ରୀଙ୍କ ଦ୍ୱାରା ସ୍ୱାଗତ ନୃତ୍ୟ ପରିବେଷଣ କରାଯାଇଥିଲା। ଉକ୍ତ କାର୍ଯ୍ୟକ୍ରମରେ ୧୨ଟି ବିଦ୍ୟାଳୟର ପ୍ରାୟ ୧୮୦ ଜଣ ପ୍ରତିଯୋଗୀ ବିଭିନ୍ନ ପ୍ରତିଯୋଗିତାରେ ଅଂଶଗ୍ରହଣ କରିଥିଲେ। ଶ୍ରେଷ୍ଠ ପ୍ରତିଯୋଗୀଙ୍କୁ ସାର୍ଟିଫିକେଟ୍ ପ୍ରଦାନ କରାଯାଇଥିଲା। ଏଥିରେ ବିଦ୍ୟାଳୟ ଓ ବିଭିନ୍ନ ବିଦ୍ୟାଳୟର ସମସ୍ତ ଶିକ୍ଷକ, ଶିକ୍ଷୟିତ୍ରୀ ଓ କର୍ମଚାରୀଙ୍କ ଉପସ୍ଥିତ ଥିଲେ।

## ପାଞ୍ଚଦିନିଆ 'ସମ୍ଭବ' ପ୍ରଶିକ୍ଷଣ ଶିବିର ଉଦ୍‌ଘାଟିତ

ଯାଜପୁର,୧୬।୧୦(ସମିସ): ସରକାରୀ ବାଳିକା ଉଚ୍ଚବିଦ୍ୟାଳୟ ପରିସରରେ ଜିଲ୍ଲା ଶିକ୍ଷା କାର୍ଯ୍ୟାଳୟ ଓ ଜିଲ୍ଲା ପ୍ରକଳ୍ପ କାର୍ଯ୍ୟାଳୟ ପକ୍ଷରୁ ରୁ ମାଧ୍ୟମିକ ବିଦ୍ୟାଳୟର ପ୍ରଧାନଶିକ୍ଷକଙ୍କ ପାଇଁ "ସମ୍ଭବ" ପ୍ରଶିକ୍ଷଣ ଶିବିର ଅନୁଷ୍ଠିତ ହୋଇଯାଇଛି। ଏଥିରେ ଯାଜପୁର ଓ ବରୀ ବ୍ଲକ ଅନ୍ତର୍ଗତ ସରକାରୀ ଓ ସରକାରୀ ଅନୁଦାନପ୍ରାପ୍ତ ସମସ୍ତ ହାଇସ୍କୁଲରୁ ୮୯ ଜଣ ପ୍ରଧାନଶିକ୍ଷକ ଓ ପ୍ରଧାନଶିକ୍ଷୟିତ୍ରୀ ଯୋଗଦାନ କରିଛନ୍ତି। ଏହି ପ୍ରଶିକ୍ଷଣ ଶିବିର ୫ ଦିନ ପର୍ଯ୍ୟନ୍ତ ଚାଲୁ ରହିବ। ଏହି ପ୍ରଶିକ୍ଷଣରେ ପ୍ରଶିକ୍ଷାର୍ଥୀଙ୍କୁ ଏନଇପି ୨୦୨୦, ସ୍କିଲ ଡେଭେଲପମେଣ୍ଟ, ସ୍କୁଲ ମ୍ୟାନେଜମେଣ୍ଟ, କ୍ୟାରିୟର କାଉନସେଲିଂ, ଭୋକେସନାଲ ଟିଚିଂ, ଇଂକଲୁଜୀଭ ଏଜୁ୍ୟକେସନ ଆଦି ବିଷୟରେ ପ୍ରଶିକ୍ଷଣ ଦିଆଯାଉଛି। ଜିଲ୍ଲା ପ୍ରଶିକ୍ଷକ ଭାବେ ଅଭିଜିତ ବାରିକ, ଯୁଗପ୍ରଭା ସାବତ, ରଞ୍ଜନ ନାୟକ ଓ ସଂଯୁକ୍ତା ଦାସ ପ୍ରଧାନଶିକ୍ଷକଙ୍କୁ ପ୍ରଶିକ୍ଷଣ ଦେଉଛନ୍ତି। ଜିଲ୍ଲା ଶିକ୍ଷାଧିକାରୀ ମହେଶ୍ୱର ସାହୁ ପ୍ରଶିକ୍ଷଣ ଶିବିରକୁ ଉଦଘାଟନ କରିବା ସହ ଉକ୍ତ ବିଦ୍ୟାଳୟର ପ୍ରଧାଶିକ୍ଷୟିତ୍ରୀ ସୁପ୍ରଭା ପରିଡାଙ୍କ ସଭାପତିତ୍ୱ କରିଥିଲେ। ଉକ୍ତ ସଭାରେ ଜିଲ୍ଲା ଶିକ୍ଷାଧିକାରୀ ଶ୍ରୀ ସାହୁ, ବିଜ୍ଞାନ ନିରୀକ୍ଷକ କୁମାରସେନ ସେନାପତି, ପେଡାଗୋଜି କୋଅଡିନେଟର ରାଜେଶ କରମହାପାତ୍ର, ୪ ଜଣ ପ୍ରଶିକ୍ଷକ ଉପସ୍ଥିତ ଥିଲେ। କାର୍ଯ୍ୟକ୍ରମକୁ ପରିଚାଳନା କରିବାରେ ଜିଲ୍ଲା ପ୍ରକଳ୍ପ କାର୍ଯ୍ୟାଳୟ ପକ୍ଷରୁ ପ୍ରିୟମ୍ବଦା ମିଶ୍ର, ସୁଦର୍ଶନ ପଣ୍ଡାଙ୍କ ସହ ଉକ୍ତ ବିଦ୍ୟାଳୟର ଶିକ୍ଷକ ଶିକ୍ଷୟିତ୍ରୀ ଓ କର୍ମଚାରୀ ସହଯୋଗ କରିଥିଲେ।




### ଝୋଟ ଚାଷୀଙ୍କୁ ମିଳିନି ପ୍ରାପ୍ୟ

## ପ୍ରତିବାଦରେ ଜିଲ୍ଲା ପ୍ରଶାସନର ଦ୍ୱାରସ୍ଥ

ଯାଜପୁର,୧୬।୧୦(ସମିସ):



ଚାଷୀଙ୍କଠାରୁ ଝୋଟ କିଣି ଚାଷୀଙ୍କ ପ୍ରାପ୍ୟ ପ୍ରଦାନ କରୁନି ଯାଜପୁର ଜିଲ୍ଲା ଧାନମଣ୍ଡଳ ଝୋଟ ନିଗମ। କେନ୍ଦ୍ର ସରକାର ଓ ରାଜ୍ୟ ସରକାର ଚାଷୀଙ୍କୁ ପ୍ରାଧାନ୍ୟ ଦେଉଥିବା ଡିଣ୍ଡିମ ପିଟୁଥିବାବେଳେ ଯାଜପୁର ଜିଲ୍ଲା ବଡ଼ଚଣାସ୍ଥ ଧାନମଣ୍ଡଳ ଝୋଟ ନିଗମ ନାମରେ ଏଭଳି ସାଙ୍ଘାତିକ ଅଭିଯୋଗ ଆଣିଛନ୍ତି ଝୋଟ ଚାଷୀ। ଏ ନେଇ ଯାଜପୁର ଜିଲ୍ଲା ପ୍ରଶାସନର ଦ୍ୱାରସ୍ଥ ହୋଇଛନ୍ତି ପ୍ରଭାବିତ ଝୋଟ ଚାଷୀ।

ଲକ୍ଷ ଲକ୍ଷ ଟଙ୍କା ଝୋଟ ବାବଦରେ ଚାଷୀ ପାଇବାକୁ ଅଛନ୍ତି। କିନ୍ତୁ ଚାଷୀଙ୍କୁ ୮ ମାସ ଧରି ଭଣ୍ଡେଇ ଚାଲିଛି ନିଗମ। ବକେୟା ଅର୍ଥ ନ ମିଳିବାରୁ ନଳିତା ମଞ୍ଜି କିଣିବା ପାଇଁ ଚାଷୀଙ୍କ ପାଖରେ ଅର୍ଥ ଅଭାବରୁ ଚଳିତ ବର୍ଷ ଝୋଟ ଚାଷ ବନ୍ଦ କରିଛନ୍ତି ଚାଷୀ। ଏ ନେଇ ଚାଷୀ ପଶ୍ଚିମବଙ୍ଗ ମୁଖ୍ୟ କାର୍ଯ୍ୟାଳୟଠାରୁ ଆରମ୍ଭ କରି ସ୍ଥାନୀୟ ବିଧାୟକ, ସ୍ଥାନୀୟ ତହସିଲଦାର, ବଡ଼ଚଣା ପୁଲିସ ଓ ଜିଲ୍ଲା ପ୍ରଶାସନ ନିକଟରେ ବାରମ୍ବାର ଲିଖିତ ଅଭିଯୋଗ କରିଥିଲେ ମଧ୍ୟ କୌଣସି ସୁଫଳ ନ ମିଳିବାରୁ ଚାଷୀ ହତାଶ ହୋଇ ଧାନମଣ୍ଡଳ ଝୋଟ କାର୍ଯ୍ୟାଳୟ ସମ୍ମୁଖରେ ଧାରଣା ଦେବାକୁ ଜିଲ୍ଲା ପ୍ରଶାସନ ପାଖରେ ଅବଗତ କରିଛନ୍ତି। ବକେୟା ପ୍ରାପ୍ୟ ନ ମିଳିବା ପର୍ଯ୍ୟନ୍ତ ଧାରଣା ଜାରି ରହିବ ବୋଲି ଚାଷୀ ଚେତାବନୀ ଦେଇଛନ୍ତି। ଚାଷୀଙ୍କ ପକ୍ଷରୁ ରବୀନ୍ଦ୍ର ସାମଲ ଓ ବିଜୟ କୁମାର ବେହେରାଙ୍କ ନେତୃତ୍ୱରେ ଏକ ପ୍ରତିନିଧି ଦଳ ଜିଲ୍ଲା ପ୍ରଶାସନକୁ ଭେଟି ତୁରନ୍ତ ସେମାନଙ୍କ ବକେୟା ରାଶି ପ୍ରଦାନ କରିବାକୁ ଦାବି କରିଥିଲେ। ଦାବି ପୂରଣ ନ ହେଲେ ଆଗାମୀ ଦିନରେ ଆନ୍ଦୋଳନ କରାଯିବ ବୋଲି ଚେତାବନୀ ଦେଇଛନ୍ତି।

## ପାଣିକୋଇଲି ହାଇସ୍କୁଲରେ ସ୍କାଉଟ ଓ ଗାଇଡ୍ ପ୍ରଶିକ୍ଷଣ ଶିବିର



ପାଣିକୋଇଲି,୧୬।୧୦(ସମିସ): କୋରେଇ ଶିକ୍ଷାମଣ୍ଡଳ ଅଧୀନସ୍ଥ ପାଣିକୋଇଲି ସରକାରୀ ଉଚ୍ଚ ବିଦ୍ୟାଳୟରେ ଜିଲ୍ଲାସ୍ତରୀୟ ସ୍କାଉଟ ଓ ଗାଇଡ୍ସର ଦିନିକିଆ ପ୍ରଶିକ୍ଷଣ ଶିବିର ଅନୁଷ୍ଠିତ ହୋଇଯାଇଛି। ଉକ୍ତ ଶିବିରରେ କୋରେଇ, ସୁକିନ୍ଦା, ରସୁଲପୁର ଓ ଦାନଗଦୀ ବ୍ଲକ୍‌ର ୧୪ଟି ବିଦ୍ୟାଳୟର ୩୨୮ ଜଣ ପ୍ରଶିକ୍ଷାର୍ଥୀ ଯୋଗଦେଇ ପ୍ରଶିକ୍ଷଣ ନେବା ସହିତ ତୃତୀୟ ସୋପାନ ପରୀକ୍ଷା ଦେଇଥିଲେ। ଶିବିରକୁ ହାଇସ୍କୁଲର ଭାରପ୍ରାପ୍ତ ପ୍ରଧାନଶିକ୍ଷୟିତ୍ରୀ ଗାୟତ୍ରୀ ନାୟକ ଉଦ୍‌ଘାଟନ କରିଥିଲେ। ଶିବିରରେ ଜିଲ୍ଲାର ବହୁ ସ୍କାଉଟ ଓ ଗାଇଡ୍ସର ପ୍ରଶିକ୍ଷକ ଯୋଗ ଦେଇ ତାଲିମ ପ୍ରଦାନ କରିଥିଲେ। ସମସ୍ତ କାର୍ଯ୍ୟକ୍ରମକୁ ବିଦ୍ୟାଳୟର ଖେଳ ଶିକ୍ଷକ ତଥା ସ୍କାଉଟ ଗାଇଡ୍ ପ୍ରଶିକ୍ଷକ କାହ୍ନୁଚରଣ ନାୟକ ପରିଚାଳନା କରିଥିବାବେଳେ ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ ସହଯୋଗ କରିଥିଲେ।

## ବ୍ୟବସାୟୀଙ୍କ ବିୟୋଗ; ପାଟଣା ବଜାର ବନ୍ଦ



ତୁରୁମୁଙ୍ଗା, ୧୬।୧୦(ସମିସ): କେନ୍ଦୁଝର ଜିଲ୍ଲା ପାଟଣା ବ୍ଲକ ସ୍ୱାମଶାସନର ବ୍ୟବସାୟୀ ବିପିନ ବିହାରୀ ଦାଶଙ୍କ ୬୬ବର୍ଷ ବୟସରେ ବିୟୋଗ ଘଟିଛି। ଗତ ବୁଧବାର ରାତିରେ ତାଙ୍କ ଅନ୍ତିମ ସଂସ୍କାର ପାଟଣା ବୈତରଣୀ ନଦୀର ଦୁର୍ଗାଦେଇପୁର ଶ୍ମଶାନ ଘାଟରେ ଶେଷ ହୋଇଛି। ପୁଅ ବୀରକିଶୋର ମୁଖାଗ୍ନି ଦେଇଥିବା ବେଳେ ମୃତ୍ୟୁଶଯ୍ୟା ନିକଟରେ ଭାଇ ଗଦାଧର, ବିଜୟ, ଅଜୟ, ଝିଅ ଜ୍ୱାଇଁ, ପୁତୁରା, ଝିଆରୀ, ଜ୍ଞାନ୍ତି କୁଟୁମ୍ବ ଉପସ୍ଥିତ ଥିଲେ। ବଡପାଟଣା ସରପଞ୍ଚ ବିନତି ବାନାରା, ପୂର୍ବତନ ପାଟଣା ବ୍ଲକ ଅଧ୍ୟକ୍ଷ ବିଦ୍ୟାଧର ଦାଶ, ପାଟଣା ବଜାର କମିଟି ସଭାପତି ବୁଲୁ ଭଞ୍ଜ, ସମ୍ପାଦକ ଅଜୟ ବେହେରା, ବିଜେପି ନେତା ଦୀନବନ୍ଧୁ ମିଶ୍ର, ସାମାଜିକ କର୍ମୀ ଅଜିତ ଦାଶ, ପର୍ଶୁରାମ ପଣ୍ଡା, କମଳାକାନ୍ତ ପତି, ଅଜୟ ଦାଶ, ଶିବନାରାୟଣ ମିଶ୍ର, ଅରବିନ୍ଦ ଦାଶ, ବ୍ୟବସାୟୀ ଚିତ୍ତ ସାହୁ ପ୍ରମୁଖ ଶେଷ ଦର୍ଶନ କରଥିଲେ। ବ୍ୟବସାୟୀ ବିଷ୍ଣୁ ବେହେରା, କୁଞ୍ଜ ସାହୁ, କାଳିଆ ଭଞ୍ଜ, ରାଜା ସାହୁ, ସଞ୍ଜୁ ଭଞ୍ଜ ପ୍ରମୁଖ ଶୋକ ବ୍ୟକ୍ତ କରିଛନ୍ତି। ତାଙ୍କ ବିୟୋଗରେ ପାଟଣା ମାର୍କେଟ କମିଟି ତରଫରୁ ସକାଳ ୬ରୁ ଅପରାହ୍ନ ୧୨ଟା ପର୍ଯ୍ୟନ୍ତ ପାଟଣା ବଜାରର ସମସ୍ତ ଦୋକାନକୁ ବନ୍ଦ ରଖାଯାଇଥିଲା।

## ବିପିଏଲ୍‌ଧାରୀଙ୍କୁ ସୂଚନା ଅଧିକାର ତଥ୍ୟ ପାଇଁ ଅର୍ଥ ଦାବି

ଆନନ୍ଦପୁର, ୧୬।୧୦ (ସମିସ): ସୂଚନା ଅଧିକାର ଆଇନରେ ବିପିଏଲ ହିତାଧିକାରୀ ବିନା ଅର୍ଥରେ ତଥ୍ୟ ଦେବାକୁ ସରକାରୀ ନିର୍ଦ୍ଦେଶ ଥିବାବେଳେ ତଥ୍ୟ ନଦେବା ପାଇଁ ବିଭିନ୍ନ ଆଳ ଦେଖାଇ ନିରାଶ କରୁଥିବା ଓ ଅର୍ଥ ଦାବି କରୁଥିବା ନେଇ ଗୁରୁତର ଅଭିଯୋଗ ହୋଇଛି। ଅଭିଯୋଗ ଅନୁଯାୟୀ, ଘସିପୁରା ବ୍ଲକ ଗୋହିରା ପଞ୍ଚାୟତ ଅନ୍ତର୍ଗତ ତାଳଗାଁ ଗ୍ରାମର ଦୈତାରୀ ମହାକୁଡ ସ୍ଥାନୀୟ ଓସ୍ତପୁରାସ୍ଥିତ ତ୍ରିଲୋଚନପୁର ଆଶ୍ରମ ବିଦ୍ୟାଳୟର କିଛି ତଥ୍ୟ ପାଇବା ପାଇଁ ସୂଚନା ଅଧିକାରରେ ଆବେଦନ କରିଥିଲେ। ସେ ବିପିଏଲ ହିତାଧିକାରୀ ହୋଇଥିଲେ ମଧ୍ୟ ଆଶ୍ରମ ବିଦ୍ୟାଳୟ ତରଫରୁ ୮୦ ନମ୍ବର ଚିଠିରେ ସାତ ଦିନ ମଧ୍ୟରେ



ବିଦ୍ୟାଳୟର ପ୍ରଧାନଶିକ୍ଷକଙ୍କ କାର୍ଯ୍ୟାଳୟରେ ୩୦୩୦ ଟଙ୍କା ଜମା କରିବା ପାଇଁ ଲେଖାଯାଇଥିଲା। ବିପିଏଲ୍ ହିତାଧିକାରୀଙ୍କୁ ମାଗଣା ତଥ୍ୟ ପ୍ରଦାନ ପାଇଁ ନିୟମ ଥିବା ବେଳେ ଅର୍ଥ ଦାବି ଘଟଣାରେ ଦୈତାରୀ ଅସନ୍ତୋଷ ବ୍ୟକ୍ତ କରି ଜିଲ୍ଲା ମଙ୍ଗଳ ଅଧିକାରୀଙ୍କ ନିକଟରେ ଅଭିଯୋଗ କରିଥିଲେ। ଏ ସଂକ୍ରାନ୍ତରେ ଆଶ୍ରମ ବିଦ୍ୟାଳୟ ପ୍ରଧାନଶିକ୍ଷକ ରଞ୍ଜନ ନାୟକଙ୍କ ଦୃଷ୍ଟି ଆକର୍ଷଣ କରିବାରୁ ଶ୍ରୀ ମହାକୁଡ ତାଙ୍କ ବିପିଏଲ କାର୍ଡ ଦେଇନାହାନ୍ତି ବୋଲି କହି ଏହି ପ୍ରସଙ୍ଗକୁ ଏଡ଼ାଇଦେଇଛନ୍ତି।

## ପଦ୍ମପୁରରେ ମହାଲକ୍ଷ୍ମୀଙ୍କ ଭସାଣି



କେନ୍ଦୁଝର,୧୬।୧୦(ସମିସ): କେନ୍ଦୁଝର ସଦର ବ୍ଲକ ପଦ୍ମପୁର ଗ୍ରାମରେ ମହାଲକ୍ଷ୍ମୀଙ୍କ ମୂର୍ତ୍ତି ଭସାଣି ଶୋଭାଯାତ୍ରା ଅନୁଷ୍ଠିତ ହୋଇଛି। ବାଜା ବାଣ ଫୁଟାଇ ନାଚଗୀତ ତାଳେ ତାଳେ ଗାଁ ସମେତ ବଜାର ପରିକ୍ରମା କରାଯାଇଥିଲା। ନିକଟସ୍ଥ ଗୁଡୁଗୁଡିଆ ପୋଖରୀରେ ମୂର୍ତ୍ତି ବିସର୍ଜନ କରାଯାଇଛି। ପଦ୍ମପୁର ମହାଲକ୍ଷ୍ମୀ ପୂଜା କମିଟିର ସଭାପତି ବିଜୟ ସାହୁ, ସମ୍ପାଦକ ପ୍ରବୀଣ ସାହୁ, ସଦସ୍ୟ ଗୋଲକ ବିହାରୀ ସାହୁ, ସତ୍ୟବ୍ରତ ସାହୁ(ରାଜା), ମନୋରଞ୍ଜନ ସାହୁ, ମନୋରଞ୍ଜନ ରାଉତ, ଅଜିତ ସାହୁ, ଗୌତମ ପୃଷ୍ଟି, ସମୀର ସାହୁ, ନବ କୁଅଁର, ଚତୁର୍ଭୁଜ ସାହୁ, ସୁଦର୍ଶନ ସାହୁ, ହୃଷୀକେଶ ସାହୁ, ଜନ୍ମେଜୟ ସାହୁ, ସୁଶାନ୍ତ ସାହୁ, ସିଦ୍ଧାର୍ଥ ଶଙ୍କର ସାହୁ, ପ୍ରତୀକ ସାହୁ, ଗଣେଶ ସାହୁ, ଦୀପୁ ସାହୁ, ନିନୋଦ ସାହୁ, ଗୁରୁଚରଣ ଦେହୁରୀ, ସରୋଜ ସାହୁ, ବଦ୍ରିକାନାଥ ସାହୁ, ଦିପୁ ସାହୁ ପରିଚାଳନା କରିଥିଲେ।

## ବଜ୍ରପାତ ସାବଧାନତା ପାଇଁ ସଚେତନତା

ଉଦଳା,୧୬।୧୦(ସମିସ): ଉଦଳା ସ୍ଥିତ ଇନ୍ଦିରା ଗାନ୍ଧୀ ମହିଳା ମହାବିଦ୍ୟାଳୟରେ ବଜ୍ରପାତ ପ୍ରତିରୋଧ ପାଇଁ ଏକ କର୍ମଶାଳା ମହାବିଦ୍ୟାଳୟର ଅଧ୍ୟକ୍ଷ ଶଶୀ ଭୂଷଣ ପାଣିଗ୍ରାହୀଙ୍କ ପୌରାହିତ୍ୟରେ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମ ପ୍ରାରମ୍ଭରେ ଅଧ୍ୟାପକ ଗିରିଜା ଶଙ୍କର ପାତ୍ର ଅତିଥି ପରିଚୟ କରିବା ସଙ୍ଗେ ସଙ୍ଗେ କାର୍ଯ୍ୟକ୍ରମ ସମ୍ପର୍କରେ ସୂଚନା ପ୍ରଦାନ କରିଥିଲେ। ଅତିଥି ଭାବରେ ଏନଜିଓ ଆରମ୍ଭ ପ୍ଲାନ ପ୍ରୋଜେକଟର ଆଶିଷ ମଲ୍ଲିକ ଯୋଗଦେଇ ବଜ୍ରପାତ ମୁକାବିଲା କରିବାର କୌଶଳ ସମ୍ପର୍କରେ ଆଲୋଚନା କରିଥିଲେ। ଅନ୍ୟତମ ଅତିଥି ଭାବରେ ରେଡିଓ ବାଘା ଯତୀନର ଦେବେନ୍ଦ୍ର ରାଉଳ ଯୋଗ ଦେଇ ସଂଗୀତ ମାଧ୍ୟମରେ ବଜ୍ରପାତ ନିରୋଧର ଉପାୟ ଗୁଡିକ ଜଣାଇଥିଲେ। ତାଳ ଗଛ ରୋପଣ କରି କିପରି ବଜ୍ରପାତକୁ ରୋକା ଯାଇପାରିବ ସେ ବିଷୟରେ ଛାତ୍ରୀମାନଙ୍କୁ ଅବଗତ କରାଇଥିଲେ। ଛାତ୍ରୀମାନଙ୍କ ମଧ୍ୟରେ ବଜ୍ରପାତ ସମ୍ବନ୍ଧୀୟ ଏକ କୁଇଜ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ବିଜୟୀମାନଙ୍କୁ ପୁରସ୍କୃତ କରାଯାଇଥିଲା। ରେଡ଼ିଓ ବାଘାଯତୀନର ଆକାଶ ମହାନ୍ତ ଓ ନାନୁ ରାଜଦୀପ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ। ଅଧ୍ୟାପକ ଗିରିଜା ଶଙ୍କର ପାତ୍ର ସମସ୍ତଙ୍କୁ ଧନ୍ୟବାଦ ପ୍ରଦାନ କରିଥିଲେ।

### କେନ୍ଦୁଝର ଜିଲ୍ଲାରୁ ମୂଳପୋଛ ହୋଇନି ମ୍ୟାଲେରିଆ

# ମଶାମରା ଔଷଧ ସିଞ୍ଚନ, ଔଷଧବୋଳା ମଶାରୀ ବଣ୍ଟନ ବାଟବଣା

କେନ୍ଦୁଝର, ୧୬।୧୦(ସମିସ)

କେନ୍ଦୁଝର ଜିଲ୍ଲା ମ୍ୟାଲେରିଆ ପ୍ରବଣ ଜିଲ୍ଲା ଭାବେ ଜଣା। ଏକଦା କେନ୍ଦୁଝର ସାରା ଭାରତରେ ୧ ନମ୍ବର ମ୍ୟାଲେରିଆ ପ୍ରବଣ ଜିଲ୍ଲାରେ ପରିଗଣିତ ହୋଇଥିଲା। ସରକାରଙ୍କ ପଦକ୍ଷେପ ସ୍ୱାସ୍ଥ୍ୟ ବିଭାଗର ପରିଶ୍ରମ କାରଣରୁ ଜିଲ୍ଲାରୁ ମ୍ୟାଲଲରିଆ ଦୂରେଇଛି; କିନ୍ତୁ ଜିଲ୍ଲାରୁ ଏବେବି ମୂଳପୋଛ ହୋଇପାରିନାହିଁ। ପୁଣି ଜିଲ୍ଲାରେ ମଶାବଂଶ ବୃଦ୍ଧି ହେଉଛି। ବିଗତ ଦୁଇତିନି ବର୍ଷ ହେଲା ମଶାମରା ଔଷଧ ସିଞ୍ଚନ ହୋଇନାହିଁ କିମ୍ବା ଔଷଧବୋଳା ମସାରୀ ମଧ୍ୟ ବଣ୍ଟନ ହୋଇନାହିଁ। ମ୍ୟାଲେରିଆ ନିରାକରଣ ନିମନ୍ତେ ଜିଲ୍ଲାରେ ଅନେକଗୁଡିଏ ଯୋଜନା କାର୍ଯ୍ୟକାରୀ ହେଉଛି। ବ୍ୟାପକ ଜନସଚେତନତା, ଏଏନଏମ ସେଣ୍ଟରରୁ ପ୍ରାଥମିକ ଚିକିସାକେନ୍ଦ୍ରରେ ମ୍ୟାଲେରିଆ ଔଷଧର ଉପଲବ୍ଧ, ଔଷଦ ବୋଳା ମଶାରୀ ବଣ୍ଟନ, ଠିକଣା ସମୟରେ ଔଷଧ ଖାଇବା କାରଣରୁ ମ୍ୟାଲେରିଆ ରୋଗୀ ଏବଂ ମୃତକଙ୍କ ସଂଖ୍ୟା ହ୍ରାସ ପାଇଛି। ମାତ୍ର ଏବେ ପୁଣି ମଶାବଂଶ ବୃଦ୍ଧି ହେଉଥିବାରୁ ମଶାରୀ ବଣ୍ଟନ ଔଷଧ ସିଞ୍ଚନର ଆବଶ୍ୟକତା ଅନୁଭବ ହେଲାଣି। ୨୦୨୦ରେ ଜିଲ୍ଲାରେ ୧୧ ଲକ୍ଷ ୨୬ ହଜାର ୬୧୬ ଔଷଧବୋଳା ମଶାରୀ ବଣ୍ଟନ ହୋଇଥିଲା। ଯାହାକି ଲୋକଙ୍କ ବହୁତ କାମରେ ଆସିଥିଲା। ସେଗୁଡିକ ନଷ୍ଟ ହେଇଗଲାଣି। ନୂତନ ଔଷଧବୋଳା ମାଶାରୀର ଆବଶ୍ୟକତା ପଡୁଛି। ତଥ୍ୟ ଅନୁସାରେ ୨୦୧୧ରୁ ୨୦୨୩ ପର୍ଯ୍ୟନ୍ତ ୧୩ ବର୍ଷ ମଧ୍ୟରେ ଜିଲ୍ଲାର ୫୦ ଲକ୍ଷ ୯୩ ହଜାର ୯୧୫ ଜଣଙ୍କର ମ୍ୟାଲେରିଆ ପରୀକ୍ଷା ହୋଇଥିଲା। ୨୦୨୦ରେ ମାତ୍ର ୨୬୪, ୨୦୨୧ରେ ୧୩୭



ଜଣ ଏବଂ ୨୦୨୨ରେ ୧୫୧ ଜଣ ଏବଂ ୨୦୨୩ରେ ୨୬୫ ଜଣ ମ୍ୟାଲେରିଆରେ ଆକ୍ରାନ୍ତ ଚିହ୍ନଟ ହୋଇଥିଲେ। ଗତ ୧୧ ବର୍ଷ ମଧ୍ୟରେ ଜିଲ୍ଲାର ୧୮୮୦୨ ଜଣ ମାରାତ୍ମକ ମ୍ୟାଲେରିଆ ପିଭିରେ ଏବଂ ୧୬୧୩୩୯ ଜଣ ପିଏଫ୍‌ରେ ଆକ୍ରାନ୍ତ ହୋଇଥିଲେ। ୨୦୨୦ରୁ ୨୦୨୨ରେ ତିନି ବର୍ଷରେ ଆକ୍ରାନ୍ତଙ୍କ ସଂଖ୍ୟା ହ୍ରାସ ପାଇଥିଲା। ୨୦୨୩ରେ ଆକ୍ରାନ୍ତଙ୍କ ସଂଖ୍ୟାରେ ସାମାନ୍ୟ ବୃଦ୍ଧି ହୋଇଥିବା ବେଳେ ୬୦୦୪୮୮ ଜଣଙ୍କର ରକ୍ତ ନମୁନା ପରୀକ୍ଷା କରାଯାଇଛି। ବିଗତ ୧୦ ବର୍ଷ ମଧ୍ୟରେ ସବୁଠାରୁ ଅଧିକ ରକ୍ତ ନମୁନା ପରୀକ୍ଷା ବୋଲି ଜଣାପଡିଛି। ୨୦୧୧ରେ ଜିଲ୍ଲାର ୩୦୯୯୫୦ ଜଣଙ୍କ ରକ୍ତ ପରୀକ୍ଷାରୁ ୨୦୨୦୨ ମ୍ୟାଲେରିଆ ପୋଜିଟିଭ ଚିହ୍ନଟ ହୋଇଥିଲେ। ୨ ଜଣଙ୍କର ମ୍ୟାଲେରିଆଜନିତ ମୃତ୍ୟୁ ହୋଇଥିଲା। ୨୦୧୨ରେ ୨୭୯୮୬୬ ଜଣଙ୍କ ମଧ୍ୟରୁ ୨୧୦୭୭ ଜଣ ମ୍ୟାଲେରିଆ ଆକ୍ରାନ୍ତ ଚିହ୍ନଟ ହୋଇଥିଲେ। ଏଥିରୁ ୩ଜଣ ମୃତ୍ୟୁବରଣ କରିଥିଲେ। ୨୦୧୩ରେ ୩୧୪୧୯୩ ଜଣଙ୍କ ମଧ୍ୟରୁ ୧୭୧୩୪ ଜଣ ମ୍ୟାଲେରିଆ ପଜିଟିଭ ଚିହ୍ନଟ ହୋଇଥିଲା ବେଳେ ୨ ଜଣଙ୍କର ମୃତ୍ୟୁ ହୋଇଥିଲା। ୨୦୧୪ରେ ୩୫୪୦୪୦ ଜଣଙ୍କ ପରୀକ୍ଷାରେ ୨୭୮୨୨ ଜଣ ଚିହ୍ନଟ ହୋଇଥିଲେ। ୪ ଜଣଙ୍କର ମୃତ୍ୟୁ ହୋଇଥିଲା। ୨୦୧୫ରେ ୩୩୬୨୩୫ ରକ୍ତ ପରୀକ୍ଷାରୁ ୨୮୧୫୮ ଜଣ ଚିହ୍ନଟ ହୋଇଥିଲେ। ୩ ଜଣ ପ୍ରାଣ ହରାଇଥିଲେ। ସେହିପରି ୨୦୧୬ରେ ୩୮୬୬୦୦ ଜଣଙ୍କ ରକ୍ତ ପରୀକ୍ଷାରୁ ୩୭୯୯୮ ଜଣ ଆକ୍ରାନ୍ତ ଚିହ୍ନଟ ହୋଇଥିଲା ବେଳେ ୫ ଜଣଙ୍କର ମୃତ୍ୟୁ ରେକର୍ଡ ହୋଇଥିଲା। ୨୦୧୭ରେ ଜିଲ୍ଲାର ୩୪୭୦୫୨ ଜଣଙ୍କର ରକ୍ତ ପରୀକ୍ଷା ହୋଇଥିଲା। ଏଥିରୁ ୩୩୯୧୮ ଜଣ ମ୍ୟାଲେରିଆ ପଜିଟିଭ୍ ଚିହ୍ନଟ ହୋଇ ୩ ଜଣ ମୃତ୍ୟୁ ହୋଇଥିଲା। ୨୦୧୮ରୁ ଆକ୍ରାନ୍ତଙ୍କ ସଂଖ୍ୟା ହ୍ରାସ ପାଇଛି। ସେ ବର୍ଷ ୩୩୯୪୪୫ ଜଣଙ୍କ ରକ୍ତ ପରୀକ୍ଷା କରାଯାଇଥିଲା। ୨୮୫୦ ଜଣ ଚିହ୍ନଟ ହୋଇଥିଲେ। ୨୦୧୯ରେ ସର୍ବାଧିକ ୪୫୩୮୪୫ ରକ୍ତ ପରୀକ୍ଷା ହୋଇଥିଲା। ୪୫୩ ଜଣ ଆକ୍ରାନ୍ତ ମଧ୍ୟରୁ ଜଣଙ୍କର ମୃତ୍ୟୁ ହୋଇଥିଲା। ୨୦୨୦ରେ ଜିଲ୍ଲାର ୪୧୯୦୩୦ ଜଣଙ୍କ ରକ୍ତ ପରୀକ୍ଷା କରାଯାଇଥିଲା। ସେଥିରୁ ୨୬୪ ମ୍ୟାଲେରିଆ ଚିହ୍ନଟ ହୋଇଥିଲେ। ୨୦୨୧ରେ ୧୩୭ ଜଣ ଏବଂ ୨୦୨୨ରେ ୧୫୧ ଜଣ, ୨୦୨୩ରେ ୨୬୫ ଜଣ ଆକ୍ରାନ୍ତ ଚିହ୍ନଟ ହୋଇଥିଲେ। କିଛିବର୍ଷ ହେବ ମ୍ୟାଲେରିଆ ଆକ୍ରାନ୍ତଙ୍କ ସଂଖ୍ୟା କମି ନଥିଲେ ମଧ୍ୟ ତଦଜନିତ ମୃତ୍ୟୁ ନାହିଁ। ମାତ୍ର ଆକ୍ରାନ୍ତଙ୍କ ସଂଖ୍ୟା ଏବେ ମଧ୍ୟ ଶୂନ୍ୟରେ ପହଞ୍ଚି ନାହିଁ। ତେଣୁ ସତର୍କତା ଜରୁରୀ ଥିବାବେଳେ ଔଷଧ ସିଞ୍ଚନ, ଔଷଧବୋଳା ମ।।ରୀ ବଣ୍ଟନ ବ୍ୟବସ୍ଥାକୁ ଅଗ୍ରାଧିକାର ଦେବା ଜରୁରୀ ବୋଲି କୁହାଯାଉଛି।

## ବିଜେଡି କାର୍ଯ୍ୟାଳୟରେ ନବୀନ ପଟ୍ଟନାୟକଙ୍କ ୭୯ତମ ଜନ୍ମ ଦିବସ



ବାରିପଦା,୧୬।୧୦(ସମିସ): ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ଜନନେତା ନବୀନ ପଟ୍ଟନାୟକଙ୍କ ୭୯ତମ ଜନ୍ମଦିବସ ମୟୂରଭଞ୍ଜ ଜିଲ୍ଲା ବିଜେଡି ପକ୍ଷରୁ ଜିଲ୍ଲା କାର୍ଯ୍ୟାଳୟ ବା ବିଜୁଭବନରେ ପାଳନ କରାଯାଇଛି। ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ ୭୯ ବର୍ଷ ପୂରଣ କରି ୮୦ବର୍ଷରେ ସେ ପଦାର୍ପଣ କରିଥିବା ବେଳେ ତାଙ୍କର ଦୀର୍ଘାୟୁ ଜୀବନ କାମନା କରି କାର୍ଯ୍ୟକାରୀ ସଭାପତି ଜିତେନ୍ଦ୍ର ମହାନ୍ତିଙ୍କ ପୌରହିତ୍ୟରେ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଜନନେତା ନବୀନ ପଟ୍ଟନାୟକ ଆଜି ବି ଲୋକଙ୍କ ହୃଦୟରେ ସ୍ୱତନ୍ତ୍ର ସ୍ଥାନ ଅଧିକାର କରିଛନ୍ତି। ମୁଖ୍ୟମନ୍ତ୍ରୀ ଭାବେ ସେ ଏକ ବିକଶିତ ଓଡ଼ିଶା ଗଢ଼ିଛନ୍ତି। ତେଣୁ ତାଙ୍କର ଜନ୍ମଦିନରେ ଦୀର୍ଘାୟୁ ଜୀବନ କାମନା କରାଯାଇଛି। କାର୍ଯ୍ୟକ୍ରମରେ ଜିଲ୍ଲା ସଭାପତି ତଥା ପୂର୍ବତନ ମନ୍ତ୍ରୀ ସୁଦାମ ମାର୍ଣ୍ଡି, ଅନ୍ୟତମ ଜିଲ୍ଲା ସଭାପତି ଡା ଦେବାଶିଷ ମାର୍ଣ୍ଡି, ଜିଲ୍ଲା ପରିଷଦ ଅଧ୍ୟକ୍ଷା ଭାରତୀ ହାଁସଦା, ପୂର୍ବତନ ଉପବାଚସ୍ପତି ସାନନ୍ଦ ମାର୍ଣ୍ଡି, ପୂର୍ବତନ ବିଧାୟକ ଗଣେଶ୍ୱର ପାତ୍ର, ଏମସିସି ବ୍ୟାଙ୍କ ସଭାପତି ସୁବ୍ରମଣ୍ୟମ ମହାନ୍ତି, ପୂର୍ବତନ କୃଷି ନିଗମ ଅଧ୍ୟକ୍ଷ ଦେବାଶିଷ ମହାନ୍ତି, ମୋରଡା ବିଧାୟିକା ପ୍ରାର୍ଥିନୀ ପ୍ରୀତିନନ୍ଦା କାନୁନଗୋ, ସମାଜସେବୀ ଅମର ସେଠୀ, ପ୍ରଭାତ ନାୟକ, ଦେବାଶିଷ ପାତ୍ର, ଦେବିଦତ୍ତ ଦାଶ, ଅନନ୍ତ ଦାସ, ଦୀପକ ମଢୁଆଳ, ଜନ ମହାନ୍ତି ଓ ଶ୍ରାବଣୀ ଦାସଙ୍କ ସହିତ ବିଜୁ ଯୁବ ଜନତା ଦଳ ସଭାପତି ଅରୁଣ ବରାଡ଼, ବିଜୁ ଛାତ୍ର ଜନତା ଦଳର ସଭାପତି ସୁନୀଲ ନାୟକ, ରାଜ୍ୟ ସମ୍ପାଦକ ଆଶୀର୍ବାଦ ଦାସ, ବାରିପଦା ପୌରପାଳିକାର ସମସ୍ତ ୱାର୍ଡ କାଉନସିଲର, ବିଜେଡି ବରିଷ୍ଠ ନେତା ଏବଂ ଶତାଧିକ ସକ୍ରିୟ କର୍ମୀମାନେ ସହଯୋଗ କରିଥିଲେ। ଶେଷରେ ଚାରାରୋପଣ କରାଯାଇଥିଲା।

## ପିସିପୁର ବିଦ୍ୟାଳୟରେ ବିଶ୍ୱ ହାତଧୁଆ ଦିବସ ପାଳିତ

ବାରିପଦା,୧୬।୧୦(ସମିସ): ସ୍କୁଲ ପିଲା ଏବଂ ସମ୍ପ୍ରଦାୟ ମଧ୍ୟରେ ହାତ ପରିଷ୍କାର ସଚେତନତାକୁ ପ୍ରୋତ୍ସାହିତ କରି ବରିପଦା ମୁନିସିପାଲିଟି ଅନ୍ତର୍ଗତ ପୂର୍ଣ୍ଣଚନ୍ଦ୍ରପୁର ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପରିସରରେ ରେକିଟ୍ ଏବଂ ଅମର ଜ୍ୟୋତି ଫାଉଣ୍ଡେସନ୍ ପକ୍ଷରୁ ବିଶ୍ୱ ହାତ ଧୋଇବା ଦିବସ ପାଳିତ ହୋଇଯାଇଛି। ପ୍ରଧାନଶିକ୍ଷକ ସୌମ୍ୟ ଦାଶଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ସିଆରସିସି ଧନଞ୍ଜୟ ସାହୁ, ବରିଷ୍ଠ



ଶିକ୍ଷକ ସୋମନାଥ ସିଂହ, ଫାଉଣ୍ଡେସନର ଜିଲ୍ଲା କାର୍ଯ୍ୟକାରୀ ସଂଯୋଜକ ଦାସମାତ ସୋରେନ ଉପସ୍ଥିତ ରହି ଛାତ୍ରଛାତ୍ରୀଙ୍କୁ ବିଶ୍ୱ ହାତ ଧୁଆ ଦିବସ ଉପରେ ଆଲୋକପାତ କରିଥିଲେ। ସଂଯୋଜକ ସୋରେନ ଖାଇବା ପୂର୍ବରୁ, ଖେଳିବା ତଥା ଶୌଚ ପରେ ସାବୁନରେ କିପରି ହାତ ଧୋଇବା ଉଚିତ ତାହା ଛାତ୍ରଛାତ୍ରୀଙ୍କୁ ଦର୍ଶାଇଥିଲେ। ବାରିପଦା ବ୍ଲକ ଶିକ୍ଷୟିତ୍ରୀ କଳ୍ପନା ମହାନ୍ତ କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ। କାର୍ଯ୍ୟକ୍ରମରେ ଛାତ୍ରଛାତ୍ରୀଙ୍କ ସମେତ ସମସ୍ତ ଶିକ୍ଷକ/ଶିକ୍ଷୟିତ୍ରୀ ଓ ଅଭିଭାବକ ଉପସ୍ଥିତ ଥିଲେ।

## ଡିଭାଇନ୍ ଗ୍ରୁପରେ ନବାଗତଙ୍କୁ ସ୍ୱାଗତ ସମ୍ବର୍ଦ୍ଧନା

ବାରିପଦା,୧୬।୧୦(ସମିସ): ଉତ୍ତର ଓଡିଶାର ଅଗ୍ରଣୀ ବୈଷୟିକ ଶିକ୍ଷା ଅନୁଷ୍ଠାନ ଡିଭାଇନ୍ ଗ୍ରୁପ ଅଫ୍ ଇନଷ୍ଟିଚ୍ୟୁସନ୍ସରେ ନବାଗତଙ୍କୁ ସ୍ୱାଗତ ସମ୍ବର୍ଦ୍ଧନା ଜ୍ଞାପନ କରାଯାଇଛି। ଅନୁଷ୍ଠାନର ପ୍ରାଣ ପ୍ରତିଷ୍ଠାତା ପୂର୍ଣ୍ଣଚନ୍ଦ୍ର ବୁଗୁଡେଇଙ୍କ ପୌରହିତ୍ୟରେ କାର୍ଯ୍ୟକ୍ରମରେ ତାଙ୍କ ସହିତ ମଞ୍ଚରେ ଟ୍ରଷ୍ଟି ଶାନ୍ତିଲତା ବୁଗୁଡେଇ ମଧ୍ୟ ଉପସ୍ଥିତ ଥିଲେ। ଉତ୍ସବରେ ଅନୁଷ୍ଠାନର ନିର୍ଦ୍ଦେଶକ ଇଂ ବିପ୍ଳବ ଭଞ୍ଜନ ବୁଗୁଡେଇ ନିଜର ଅନୁଭୂତି ସହ ବୈଷୟିକ ଶିକ୍ଷା, ବିଜ୍ଞାନ ଶିକ୍ଷା ଓ ନର୍ସିଂ ଶିକ୍ଷାର ଆବଶ୍ୟକତା ଏବଂ ଗୁଣବତ୍ତା ଉପରେ ଗୁରୁତ୍ୱ ଦେଇ ଉତ୍କର୍ଷ ଭାରତ ଗଠନର ସପ୍ନକୁ ସାକାର କରିବା ପାଇଁ ଉପଦେଶ ଦେଇଥିଲେ। ସୂଚନା ଓ ପ୍ରଯୁକ୍ତି ନିର୍ଦ୍ଦେଶକ ଇଂ ଗୌରବ ବୁଗୁଡେଇ ନିଜର ପରାମର୍ଶ ଛଳରେ ପୃଥିବୀ ବକ୍ଷରେ ସହକର୍ମୀ ସାଜି ନିଜର ସୁରଭିରେ ଦୁନିଆକୁ ସୁରଭିତ କରିବାର ଦୁର୍ବାର ଶପଥ ନେବାକୁ ପରାମର୍ଶ ଦେଇଥିଲେ ଯାହାକି ଡିଭାଇନରେ ହିଁ କେବଳ ସମ୍ଭବ। ପରେ ପରେ ନବାଗତଙ୍କ ମଧ୍ୟରେ ମିସ୍ ଫ୍ରେଶର ଭାବେ ଡିପ୍ଲୋମାରୁ ସହେଳି ପାନଙ୍କୁ ଚୟନ କରାଯାଇଥିବା ବେଳେ ମିଷ୍ଟର ଫ୍ରେଶର ଭାବେ ଅନୁପ ସିଙ୍କୁ ଚୟନ କରାଯାଇଥିଲା। ସେହିଭଳି ଯୁକ୍ତଦୁଇ ବିଜ୍ଞାନର ମିସ୍ ଫ୍ରେଶର ଭାବେ ଅନନ୍ୟା ଦାସଙ୍କୁ ଚୟନ କରାଯାଇଥିବା ବେଳେ ମିଷ୍ଟର ଫ୍ରେଶର ଭାବେ ସ୍ୱରୂପ ମହାନ୍ତିଙ୍କୁ ଚୟନ କରାଯାଇଥିଲା। ଡିଭାଇନ ନର୍ସିଂରୁ ମିସ୍ ଫ୍ରେଶର ଭାବେ ଅର୍ଚିତା ପାତ୍ରଙ୍କୁ ଚୟନ କରାଯାଇଥିବା ବେଳେ ମିଷ୍ଟର ଫ୍ରେଶର ଭାବେ ଜୀବନ ଜ୍ୟୋତି ଭୂୟାଁଙ୍କୁ ଚୟନ କରାଯାଇଥିଲା। ନୃତ୍ୟ ସଙ୍ଗୀତ ମାଧ୍ୟମରେ ସ୍ୱାଗତ ଉତ୍ସବ ସମ୍ପାଦିତ ହୋଇଥିଲା। ଅଧ୍ୟକ୍ଷ ଇଂ ଅଭିନ୍ନ ଦାସଙ୍କ ସହ ଡିଭାଇନ ଗ୍ରୁପର ସମସ୍ତ ଅଧ୍ୟାପକ-ଅଧ୍ୟାପିକା ଓ ପ୍ରତ୍ୟେକ କର୍ମଚାରୀଙ୍କ ସହିତ ଦ୍ୱିତୀୟ ଏବଂ ତୃତୀୟ ବର୍ଷର ସମସ୍ତ ଛାତ୍ରଛାତ୍ରୀ ବୃନ୍ଦ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।




## ଗାଡ଼ି ଧକ୍କାରେ ଯୁବକ ମୃତ

କରଞ୍ଜିଆ,୧୬।୧୦(ସମିସ): କରଞ୍ଜିଆ ଥାନା ଅଧୀନ ପାଣ୍ଡ ନିକଟରେ ଅଜଣା ଗାଡ଼ି ଧକ୍କାରେ ଯୁବକ ମୃତ। ମୃତକ ହେଲେ ମତା ଗ୍ରାମର ସରୋଜ ନାଏକ(୨୦)। ମୃତ ସରୋଜ ପାଣ୍ଡ ଗ୍ରାମରୁ ଚାଲିଚାଲି ନିଜ ଗ୍ରାମ ମତାକୁ ଯାଉଥିବା ବେଳେ ଗାଡ଼ି ଧକ୍କାଦେଇ ପଳାଇଗଲା। ସ୍ଥାନୀୟ ଲୋକ ୧୦୮ ଆମ୍ବୁଲାନ୍ସରେ ତାଙ୍କୁ ଉଦ୍ଧାର କରି କରଞ୍ଜିଆ ଡାକ୍ତରଖାନାକୁ ଆଣିଥିଲେ ତେବେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ।

### ● କୃଷି ବିଜ୍ଞାନ କେନ୍ଦ୍ର ଦ୍ୱାରା ବିଶ୍ୱ ଖାଦ୍ୟ ଦିବସ ପାଳିତ

## ଉତ୍ତମ ଖାଦ୍ୟ ବ୍ୟବସ୍ଥା ସୃଷ୍ଟି ଓ ଉତ୍ତମ ଭବିଷ୍ୟତର ଆହ୍ୱାନ

ବାରିପଦା,୧୬।୧୦(ସମିସ): ପ୍ରତିବର୍ଷ ଅକ୍ଟୋବର ୧୬ ତାରିଖକୁ ବିଶ୍ୱ ଖାଦ୍ୟ ଦିବସ ରୂପରେ ସମଗ୍ର ବିଶ୍ୱରେ ପାଳନ କରାଯାଇଥାଏ। ଦିବସ ପାଳନର ମୁଖ୍ୟ ଉଦେଶ୍ୟ ହେଉଛି ସମଗ୍ର ବିଶ୍ୱରେ କ୍ଷୁଧାମୁକ୍ତ ସୃଷ୍ଟି କରିବା, ଖାଦ୍ୟର ଉପଯୁକ୍ତ ଯତ୍ନ ଓ ଅନାହାରକୁ ମୂଳୋତ୍ପାଟନ କରିବା ପାଇଁ ସଚେତନତା ସୃଷ୍ଟି କରିବା। ଏବର୍ଷର ବିଶ୍ୱ ଖାଦ୍ୟ ଦିବସର ବିଷୟବସ୍ତୁ ହେଉଛି ପରସ୍ପର ମଧ୍ୟରେ ହାତ ମିଳାଇ ଉତ୍ତମ ଖାଦ୍ୟ ବ୍ୟବସ୍ଥା ସୃଷ୍ଟି ଏବଂ ଉତ୍ତମ ଭବିଷ୍ୟତର ଆହ୍ୱାନ। ଏହି ପରିପ୍ରେକ୍ଷୀରେ କୁଲିଅଣା ବ୍ଲକ ଅନ୍ତର୍ଗତ ଆନିଆପାଳ ଗ୍ରାମଠାରେ କୃଷି ବିଜ୍ଞାନ କେନ୍ଦ୍ର, ମୟୁରଭଞ୍ଜ-୧, ଶ୍ୟାମାଖୁଣ୍ଟା ତରଫରୁ ବିଶ୍ୱ ଖାଦ୍ୟ ଦିବସ ପାଳିତ ହୋଇଯାଇଅଛି। କାର୍ଯ୍ୟକ୍ରମକୁ କେନ୍ଦ୍ରର ମୁଖ୍ୟ ଓ ବରିଷ୍ଠ ବୈଜ୍ଞାନିକ ଡ଼ଃ ସଂଘମିତ୍ରା ପଟ୍ଟନାୟକଙ୍କ ଅଧ୍ୟକ୍ଷତାରେ କେନ୍ଦ୍ରର ବୈଜ୍ଞାନିକ ଡ଼ଃ ଝୁନିଲତା ଭୂୟାଁ, ଡ଼ଃ ଜ୍ୟୋତିପ୍ରକାଶ ମିଶ୍ର ପ୍ରମୁଖ ଯୋଗଦେଇ ଜନତାଙ୍କୁ କ୍ଷୁଧାମୁକ୍ତ ଏବଂ ଖାଦ୍ୟ ନିରାପତ୍ତା ବ୍ୟବସ୍ଥା ସୃଷ୍ଟି କରିବା ନିମନ୍ତେ ମତାମତ ରଖିଥିଲେ। କୁଚେଇ ଗ୍ରାମ ସେବକ ସୁମନ୍ତ କୁମାର ସଲେଙ୍ଗୀ ଯୋଗଦେଇ ଉପଯୁକ୍ତ ପରିମାଣର ଗୁଣ ଓ ପୋଷଣ ଯୁକ୍ତ ଖାଦ୍ୟ ଗ୍ରହଣ କରିବା ପାଇଁ ଆହ୍ୱାନ ଦେଇଥିଲେ। ଅଦିନିଆ ପନିପରିବା ଚାଷ, ଜୈବିକ ଉପାୟରେ ଚାଷ, କୃଷି ଉତ୍ପାଦନକୁ ଉପଯୁକ୍ତ ଉପାୟରେ ସଂରକ୍ଷଣ ଏବଂ ମୂଲ୍ୟଯୁକ୍ତ ପଦାର୍ଥ ସୃଷ୍ଟି କରିବା ଉପରେ ଗୁରୁତ୍ୱ ଦେଇଥିଲେ। ଏହା ସହିତ କୃଷି ବିଜ୍ଞାନ କେନ୍ଦ୍ରର ବିଭିନ୍ନ ପ୍ରକାର କାର୍ଯ୍ୟକ୍ରମ ସମ୍ବନ୍ଧରେ ଆଲୋଚନା କରାଯାଇଥିଲା। ଖାଦ୍ୟ ସୁରକ୍ଷା ଏବଂ ଖାଦ୍ୟର ସୁବଣ୍ଟନ ବିଷୟରେ ଆଲୋକପାତ କରାଯାଇଥିଲା। କାର୍ଯ୍ୟକ୍ରମରେ ଆନିଆପାଳ ଏବଂ ଆଖପାଖ ଗ୍ରାମରୁ ଶତାଧିକ ଚାଷୀ ଭାଇ ଭଉଣୀମାନେ ଯୋଗ ଦେଇଥିଲେ।




# ରାଷ୍ଟ୍ରୀୟ ବାଲ୍ ସ୍ୱାସ୍ଥ୍ୟ କାର୍ଯ୍ୟକ୍ରମ ମାଧ୍ୟମରେ ଶିଶୁ ହୃଦ୍‌ରୋଗ ପରୀକ୍ଷା



**୧୬୪ ଜଣ ଶିଶୁଙ୍କ ହୃଦରୋଗ ପରୀକ୍ଷା**
**୭୧ ଜଣଙ୍କ ହେବ ମାଗଣା ଅସ୍ତ୍ରୋପଚାର**

ବାରିପଦା,୧୬।୧୦(ସମିସ): ଜିଲ୍ଲା ରାଷ୍ଟ୍ରୀୟ ବାଲ୍ ସ୍ୱାସ୍ଥ୍ୟ କାର୍ଯ୍ୟକ୍ରମ ମାଧ୍ୟମରେ ଓ ନାରାୟଣ ହୃଦାଳୟ ଜାମସେଦପୁର ସହାୟତାରେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ପରିସରରେ ଥିବା ଜିଲ୍ଲା ସହଜ ସ୍ୱାସ୍ଥ୍ୟ ପରୀକ୍ଷା ଓ ଚିକିତ୍ସା କେନ୍ଦ୍ର (ଡିଇଆଇସି)ରେ ଶିଶୁ ହୃଦ୍‌ରୋଗ ପରୀକ୍ଷା ଶିବିର ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମକୁ ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀ ଡା. କିଶୋର କୁମାର ଆଚାର୍ଯ୍ୟ ଉଦ୍‌ଘାଟନ କରିଥିଲେ। ଶିଶୁମାନଙ୍କଠାରେ ହୃଦ୍‌ରୋଗ ଜନିତ ଜଟିଳ ସମସ୍ୟା ଦେଖାଦେଲେ, ଏହାର ଚିକିତ୍ସା ନିମନ୍ତେ ରାଷ୍ଟ୍ରୀୟ ବାଲ୍ ସ୍ୱାସ୍ଥ୍ୟ କାର୍ଯ୍ୟକ୍ରମ (ଆରବିଏସକେ) ମାଧ୍ୟମରେ ଓ ନାରାୟଣ ହୃଦାଳୟ ସହାୟତାରେ ବିନା ମୂଲ୍ୟରେ ଚିକିତ୍ସା ଯୋଗାଇ ଦିଆଯାଉଛି ବୋଲି କହିଥିଲେ। ଶିବିରରେ ନାରାୟଣ ହୃଦାଳୟ ଜାମସେଦପୁରରୁ ଆସିଥିବା ଶିଶୁ ହୃଦରୋଗ ବିଶେଷଜ୍ଞ ଡା. ଅନ୍ୱେସା ମୁଖାର୍ଜୀ ଓ ଡା. ଧର୍ମା ରାଓ ଯୋଗଦେଇ ୧୬୪ ଜଣ ଶିଶୁଙ୍କ ହୃଦ୍‌ରୋଗ ପରୀକ୍ଷା କରିଥିଲେ। ଏଥିମଧ୍ୟରୁ ୫୮ ଜଣ ଶିଶୁଙ୍କ ଅସ୍ତ୍ରୋପଚାର ପରବର୍ତ୍ତୀ ପରୀକ୍ଷା କରାଯାଇଥିଲା। ଆରବିଏସକେ ଭ୍ରାମ୍ୟମାଣ ସ୍ୱାସ୍ଥ୍ୟସେବା ଦଳ ମାଧ୍ୟମରେ ନୂତନ କରି ଚିହ୍ନଟ କରାଯାଇଥିବା ୧୦୬ ଜଣ ଶିଶୁଙ୍କ ହୃଦରୋଗ ପରୀକ୍ଷା କରାଯାଇଥିଲା। ଏହି ୧୦୬ ଜଣ ଶିଶୁଙ୍କ ମଧ୍ୟରୁ ୭୧ ଜଣଙ୍କ ଠାରେ ହୃଦରୋଗ ଜନିତ ସମସ୍ୟା ଚିହ୍ନଟ କରାଯାଇଛି। ସେମାନଙ୍କୁ ପର୍ଯ୍ୟାୟକ୍ରମେ ଆରବିଏସକେ ମାଧ୍ୟମରେ ନାରାୟଣ ହୃଦାଳୟକୁ ପଠାଯାଇ ବିନା ମୂଲ୍ୟରେ ଅସ୍ତ୍ରୋପଚାର କରାଯିବ ବୋଲି ଡା. ଆଚାର୍ଯ୍ୟ କହିଥିଲେ। କାର୍ଯ୍ୟକ୍ରମରେ ଅତିରିକ୍ତ ଜିଲ୍ଲା ଜନସ୍ୱାସ୍ଥ୍ୟ ଅଧିକାରୀ (ପରିବାର କଲ୍ୟାଣ) ଡା. ସୁନନ୍ଦା ମିଶ୍ର, ଅତିରିକ୍ତ ଜିଲ୍ଲା ଜନସ୍ୱାସ୍ଥ୍ୟ ଅଧିକାରୀ (ଭିବିଡି) ଡା. ବିଜୟ କୁମାର ଦାସ୍, ରାଜ୍ୟର ଆରବିଏସକେ ୟୁନିଟରୁ ଆସିଥିବା ପ୍ରଶାନ୍ତ କୁମାର ଦାଶ, ଚନ୍ଦନ କୁମାର ପତି, ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ (ଡିଇଆଇସି)ର ଶିଶୁରୋଗ ବିଶେଷଜ୍ଞ ଡା ପ୍ରଦୀପ ମହାପାତ୍ର, ଡା. ଭବାନୀ ଶଙ୍କର ମହାନ୍ତି, ଡିପିଏମ ଏନ୍‌ଏଚ୍‌ଏମ୍ ଅନୀଲ ମହାନ୍ତି, ଆରବିଏସକେ ମ୍ୟାନେଜର ବିଜନ ସାହୁ, ହସ୍ପିଟାଲ ମ୍ୟାନେଜର ଶ୍ରୀରାମ ମହାନ୍ତି, ଡିଇଆଇସିର ସମସ୍ତ କର୍ମକର୍ତ୍ତା ଓ ଆରବିଏସକେ ଭ୍ରାମ୍ୟମାଣ ସ୍ୱାସ୍ଥ୍ୟସେବା ଦଳର କର୍ମଚାରୀ ବୃନ୍ଦ ଯୋଗଦେଇ ଶିଶୁ ହୃଦରୋଗ ପରୀକ୍ଷା ଶିବିର ପରିଚାଳନାରେ ସହଯୋଗ କରିଥିଲେ।

## ପଦ୍ମପୋଖରୀ ଗ୍ରାମରେ ପହଞ୍ଚିଲା ପ୍ରଶାସନ



ଶରତ,୧୬।୧୦(ସମିସ): ପଞ୍ଚାୟତରେ ରାସ୍ତା ଘାଟ, ଅଙ୍ଗନବାଡ଼ି କେନ୍ଦ୍ର ପ୍ରତିଷ୍ଠା, ପାନୀୟ ଜଳ ତଥା ଅନ୍ୟାନ୍ୟ ମୌଳିକ ସୁବିଧା ଯୋଗାଇଦେବା ଦାବିରେ ଗତ ୧୪ ତାରିଖରେ ପଦ୍ମପୋଖରୀ ପଞ୍ଚାୟତବାସୀଙ୍କ ଦ୍ୱାରା କପ୍ତିପଦା ବ୍ଲକ କାର୍ଯ୍ୟାଳୟ ଘେରଉ କରାଯିବା ସହିତ ଗଣଧାରଣା ପ୍ରଦର୍ଶନ କରାଯାଇ ଦାବିପତ୍ର ପ୍ରଦାନ କରାଯାଇଥିଲା। ପଞ୍ଚାୟତବାସୀଙ୍କୁ ସମସ୍ତ ପ୍ରକାର ସୁବିଧା ଯୋଗାଇଦେବା ନିମନ୍ତେ ଆଜି କପ୍ତିପଦା ଗୋଷ୍ଠୀ ଉନ୍ନୟନ ଅଧିକାରିଣୀ ରେଶମା ଟେଟେ ଉକ୍ତ ପଞ୍ଚାୟତକୁ ଯାଇ ପାଦରେ ଚାଲି ଚାଲି କାଦୁଅ ରାସ୍ତାରେ ଗ୍ରାମ ପଞ୍ଚାୟତ ବୁଲି ଦେଖିଛନ୍ତି। ତାଙ୍କ ସହିତ କନିଷ୍ଠ ଯନ୍ତ୍ରୀ ଭାରତ ସିଂ, ଗ୍ରାମ ପଞ୍ଚାୟତ ନିର୍ବାହୀ ଅଧିକାରୀ ଭାବେଶ ମହାପାତ୍ର ମଧ୍ୟ ଉପସ୍ଥିତ ରହି ଲୋକଙ୍କ ସହିତ ପାଦରେ ଚାଲି ଚାଲି ଗ୍ରାମ ପଞ୍ଚାୟତର ବିଭିନ୍ନ ଅସୁବିଧା ବୁଲି ଦେଖିଥିଲେ। ବର୍ତ୍ତମାନ ବ୍ଲକ ପ୍ରଶାସନ ଉକ୍ତ ପଞ୍ଚାୟତ ଗସ୍ତ କରିଥିବାରୁ ଲୋକେ ଆଶ୍ୱସ୍ତି ଅନୁଭବ କରିଛନ୍ତି। ରାସ୍ତା ନିର୍ମାଣ କାର୍ଯ୍ୟ ୪୮ ଘଣ୍ଟା ମଧ୍ୟରେ ଆରମ୍ଭ କରିବାକୁ କନିଷ୍ଠ ଯନ୍ତ୍ରୀଙ୍କୁ ବିଡିଓ ଶ୍ରୀମତୀ ଟେଟେ ନିର୍ଦ୍ଦେଶ ଦେଇଛନ୍ତି। ଗ୍ରାମବାସୀଙ୍କ ମଧ୍ୟରେ ଯୁବ ସମାଜସେବୀ ନବୀନ ମୁଣ୍ଡୁରୀ, ମମତା ଗୋଇପାଇ, ଶାନ୍ତି ମୁଣ୍ଡୁରୀ, ନାନ୍ଦୀ ଜାରିକା, ଦେହୁରୀ ହେମ୍ବ୍ରମ, ବୁଧିରାମ ବେହେରା, ଗାମାଏ ଗୋଇପାଇ ପ୍ରମୁଖ ବ୍ଲକ ଅଧିକାରୀମାନଙ୍କୁ ପଞ୍ଚାୟତ ବୁଲାଇ ଦେଖାଇଥିଲେ।

## ଆଜିର ରାଶିଫଳ

**ମେଷ:** ମନ ପ୍ରସନ୍ନ ରହିବ। ବ୍ୟବହାରରେ ପରିବର୍ତ୍ତନ ଆଣିବେ। ସମାଜସେବାରେ ମନୋନିବେଶ କରିବେ। ଅଫିସ୍‌ରେ ନୂଆ ଲୋକଙ୍କ ସଂସ୍ପର୍ଶରେ ଆସିପାରନ୍ତି। ସଫଳତା ପାଇଁ କଠିନ ପରିଶ୍ରମ କରିବେ।

**ବୃଷ:** ପରିଶ୍ରମ ଅନୁସାରେ ଫଳ ମିଳିବ ନାହିଁ। ରାଜନୀତିରେ ନୂଆ ଲୋକଙ୍କ ସହ ମିଳାମିଶା ବଢ଼ିବ। ବନ୍ଧୁଙ୍କଠାରୁ ଆର୍ଥିକ ସାହାଯ୍ୟ ପାଇବେ। ଆଜି ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନେଇ ପାରନ୍ତି। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ମିଥୁନ:** ଯାନବାହନ ଓ ଭୂମି କିଣିବା ଯୋଗ ଅଛି। ପରିବାରକୁ ସମୟ ଦେବେ। କର୍ମ ନିବେଶ କରି ଅଧିକ ଲାଭ ପାଇବେ। ପାରିବାରିକ ଜୀବନ ସୁଖମୟ ହେବ। ମହିଳାଙ୍କ ସମୟ ଭଲରେ ଅତିବାହିତ ହେବ।

**କର୍କଟ:** ଦିନଟି ଶୁଭଫଳ ପ୍ରଦାନ କରିବ। ପୈତୃକ ସମ୍ପତ୍ତିକୁ ନେଇ ଭାଇ ଭାଇ ମଧ୍ୟରେ କଳହ ଲାଗିପାରେ। ଅଫିସ୍‌ରେ ସହକର୍ମୀଙ୍କ ସହଯୋଗ ମିଳିବ ନାହିଁ। ଘରେ ପୂଜାପାଠ ଆୟୋଜନ କରିବେ।

**ସିଂହ:** ପାରିବାରିକ ବ୍ୟବସାୟକୁ ଆଗକୁ ନେବେ। ପରିବାରରେ ହସଖୁସିର ପରିବେଶ ରହିବ। ସମ୍ମାନ ହାନି ଯୋଗ ଅଛି। ଚାଷ କ୍ଷେତ୍ରରେ ଲାଭ ମିଳିବ। ଛୋଟଛୋଟ ଆଲୋଚନାକୁ ଅଣଦେଖା ନ କରିବା ଭଲ।

**କନ୍ୟା:** କୌଣସି କାମ ସମୟାନୁସାରେ ସମ୍ପନ୍ନ କରିବେ ନାହିଁ। ଚାକିରିରେ ପଦୋନ୍ନତି ସମ୍ଭାବନା ଅଛି। ଦାମ୍ପତ୍ୟ ଜୀବନରେ ଭୁଲ ବୁଝାମଣା ଦେଖାଦେବ। ବିଦ୍ୟାର୍ଥୀ ଉଚ୍ଚଶିକ୍ଷା ପାଇଁ ବିଦେଶ ଯାତ୍ରା କରିପାରନ୍ତି।

**ତୁଳା:** ସମାଜସେବା ପ୍ରତି ଆଗ୍ରହ ବଢ଼ିବ। ଶିକ୍ଷା କ୍ଷେତ୍ରରେ ସଫଳତା ମିଳିବ। ଅଫିସ୍‌ରେ କାର୍ଯ୍ୟଭାର ବଢ଼ିପାରେ। ସମସ୍ତ କାର୍ଯ୍ୟକୁ ପୂରା କରିବାରେ ସଫଳ ହେବେ। ଅଚାନକ ଖୁସି ଖବର ପାଇପାରନ୍ତି।

**ବିଛା:** ଦିନଟି ମିଶ୍ରଫଳ ପ୍ରଦାନ କରିବ। ବିବାହ ସମସ୍ୟାର ସମାଧାନ ହେବ। ଘରେ ପୂଜାପାଠ, ଭଜନକୀର୍ତ୍ତନ ଆୟୋଜନ କରିବେ। ପ୍ରେମିକ ପ୍ରେମିକାଙ୍କ ମଧ୍ୟରେ ମନୋମାଳିନ୍ୟ ଦେଖା ଦେବ।

**ଧନୁ:** ବନ୍ଧୁଙ୍କ ସହ ବୁଲିବାକୁ ଯିବେ। ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ। କୌଣସି ନୂଆ କାମ ଆରମ୍ଭ କରିବେ। ଉଚ୍ଚଶିକ୍ଷା ପାଇଁ ଭଲ ସମୟ। ଚକ୍ଷୁ ସମସ୍ୟା ଭୋଗିପାରନ୍ତି। ଧାର୍ମିକ କାର୍ଯ୍ୟରେ ସାମିଲ ହେବେ।

**ମକର:** କର୍ମତତ୍ପର ରହିବେ। ଛାତ୍ରଛାତ୍ରୀମାନେ ନୂଆ ବିଷୟ ପାଇଁ ଆଗ୍ରହ ପ୍ରକାଶ କରିବେ। ସ୍ୱାମୀ-ସ୍ତ୍ରୀଙ୍କ ସମ୍ପର୍କରେ ମଧୁରତା ଦେଖାଦେବ। ଦୂରସ୍ଥାନ ଯାତ୍ରା ସମୟରେ ସତର୍କତା ଅବଲମ୍ବନ କରନ୍ତୁ।

**କୁମ୍ଭ:** କର୍ମ ଅନୁସାରେ ଫଳ ମିଳିବ। ବ୍ୟବସାୟରୁ ଆଶାଜନକ ଲାଭ ମିଳିବ। ସାମାଜିକ ପ୍ରତିଷ୍ଠା ନେଇ ଆଗକୁ ବଢ଼ିବେ। ଭବିଷ୍ୟତ ପାଇଁ ଚିନ୍ତାରେ ରହିବେ ଓ ନୂଆ ଯୋଜନା କରିବେ।

**ମୀନ:** ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ। ପଢ଼ା ପାଇଁ ଅର୍ଥ ନିବେଶ କରିବେ। ଦୂରସ୍ଥାନକୁ ବୁଲିବା ଯୋଜନା କରିବେ। ଧାର କରଜରୁ ନିବୃତ୍ତ ରହିବେ। ପୈତୃକ ସମ୍ପତ୍ତିରୁ ଲାଭ ମିଳିବ। ଅତିଥି ସତ୍କାର କରିପାରନ୍ତି।

## ଆଜିର ଇତିହାସ

- ୧୯୩୩- ପ୍ରଖ୍ୟାତ ବୈଜ୍ଞାନିକ ଆଇନଷ୍ଟାଇନ୍ ଜର୍ମାନୀରୁ ଆମେରିକା ଚାଲିଗଲେ।
- ୧୯୭୯- ମଦର ଟେରେସାଙ୍କୁ ନୋବେଲ ଶାନ୍ତି ପୁରସ୍କାର ପ୍ରଦାନ କରାଗଲା।
- ୧୯୯୮- ନାଇଜେରିଆରେ ଏକ ପାଇପ୍ ଲାଇନ୍‌ରେ ବିସ୍ଫୋରଣ ଯୋଗୁଁ ୧୦୮୨ ଲୋକଙ୍କ ମୃତ୍ୟୁ।
- ୨୦୦୯-ମାଳଦ୍ୱୀପ ପାଣି ଭିତରେ ପ୍ରଥମ କ୍ୟାବିନେଟ୍ ବୈଠକ ଡାକି ବିଶ୍ୱର ସବୁଦେଶଙ୍କୁ ଜଳବାୟୁ ପରିବର୍ତ୍ତନର ବିପଦକୁ ଜଣାଇବା ପାଇଁ ଚେଷ୍ଟା କରିଥିଲା।


## ସ୍ୱାସ୍ଥ୍ୟ ପାଇଁ କ୍ଷତିକାରକ ଧୂପକାଠି ଧୂଆଁ



ହିନ୍ଦୁ ଧର୍ମରେ ପୂଜା, ହୋମଯଜ୍ଞ ଆଦି ସମୟରେ ଧୂପକାଠି ଜଳାଯାଇଥାଏ। ଏହା ଘରେ ସକାରାତ୍ମକ ଶକ୍ତି ଆଣିଥାଏ ବୋଲି ବିଶ୍ୱାସ ରହିଛି। ଧୂପକାଠିର ସୁଗନ୍ଧରେ ପରିବେଶ ମହକିବା ସହ ସକାରାତ୍ମକ ଓ ଆଧ୍ୟାତ୍ମିକ ବାତାବରଣ ଖେଳିଯାଏ। ହେଲେ ଏହାର ଧୂଆଁ ସ୍ୱାସ୍ଥ୍ୟ ପକ୍ଷେ ହାନିକାରକ। ଏପରିକି ଏହି ଧୂଆଁ ଧୀରେ ଧୀରେ ଗମ୍ଭୀର ରୋଗର କାରଣ ହୋଇପାରେ। ଏଥିରେ ବ୍ୟବହାର ହେଉଥିବା ରସାୟନ ଏବଂ ସୁଗନ୍ଧିତ ତତ୍ତ୍ୱ ଜଳିବା ଦ୍ୱାରା ହାନିକାରକ ଗ୍ୟାସ୍ ନିର୍ଗତ ହୁଏ। ଏଥିରୁ କାର୍ବନ ମନୋକ୍ସାଇଡ୍, ବେନଜେନ୍, ଫରମାଲଡିହାଇଡ୍ ତତ୍ତ୍ୱ ମିଳିଥାଏ। ତେଣୁ ଲଗାତାର ଧୂପକାଠି ଧୂଆଁ ସଂସ୍ପର୍ଶରେ ଆସିଲେ ଏହା ଫୁସ୍‌ଫୁସ୍ ପାଇଁ କ୍ଷତିକାରକ ହୋଇଥାଏ। ଏହାର ବାଷ୍ପ ଶ୍ୱାସକ୍ରିୟା ମାଧ୍ୟମରେ ଶରୀରକୁ ଗଲେ ଏହା ଅନେକ ଗମ୍ଭୀର ରୋଗର କାରଣ ମଧ୍ୟ ହୋଇପାରେ। ସେହିପରି ଧୂଆଁରେ ଥିବା ରସାୟନ ଚର୍ମ ଓ ଚକ୍ଷୁକୁ କ୍ଷତି ପହଞ୍ଚାଏ। ଏପରିକି ଏହା ହୃଦ୍‌ଯନ୍ତ୍ର ଉପରେ ମଧ୍ୟ ପ୍ରଭାବ ପକାଏ। ତେବେ ଲଗାତାର ଏହାର ସଂସ୍ପର୍ଶରେ ଆସିବା ଦ୍ୱାରା କର୍କଟ ଆଶଙ୍କା ବଢ଼ିଥାଏ। ତେଣୁ ଏହାକୁ ସାବଧାନତାର ସହ ବ୍ୟବହାର କରିବା ଦରକାର। ଏହାକୁ ବ୍ୟବହାର କରିବା ବେଳେ ଘରେ ବାୟୁଚଳାଚଳ ହେଉଥିବା ଆବଶ୍ୟକ। ନିତିଦିନ ଦୀର୍ଘ ସମୟ ପର୍ଯ୍ୟନ୍ତ ଧୂପକାଠି ଜାଳିବା ଅନୁଚିତ। ପିଲା ଓ ବୟସ୍କଙ୍କ ରୁମ୍‌ରେ ଧୂପକାଠି ବ୍ୟବହାର ନ କରିବା ଭଲ। ତେବେ ପରିବେଶକୁ ସୁଗନ୍ଧିତ ରଖିବାକୁ ଚାହୁଁଥିଲେ ଏସେନସିଆଲ ଅଏଲ ଡିଫ୍ୟୁଜର ବ୍ୟବହାର କରିବା ହେଉଛି ଏକ ଉତ୍ତମ ବିକଳ୍ପ। ଅନ୍ୟପଟେ ପ୍ରାକୃତିକ ଫୁଲକୁ ଘରେ ରଖିଲେ ପରିବେଶ ସୁଗନ୍ଧମୟ ହୋଇଥାଏ।

## ସବୁଠୁ ଅଧିକ ବିଜୁଳି ମାରେ ଏହି ସ୍ଥାନକୁ

ବିଶ୍ୱରେ ଏମିତି ଏକ ସ୍ଥାନ ଅଛି, ଯେଉଁଠାରେ ପ୍ରତ୍ୟେକ ରାତିରେ ଶହ ଶହ ଥର ବିଜୁଳି ମାରିଥାଏ। ଏହି ସ୍ଥାନଟି ହେଉଛି କେଟାଟୁମ୍ବୋ ଲାଇଟ୍‌ନିଂ। ଏହା ଭେନେଜୁଏଲାର ଜୁଲିଆ ରାଜ୍ୟରେ ଅବସ୍ଥିତ। ଏଠାରେ କେଟାଟୁମ୍ବୋ ନଦୀର ସଙ୍ଗମ ବା ମିଳନ ମିରାକାଇବୋ ହ୍ରଦ ସହ ହୋଇଛି। ଏହି ଅଞ୍ଚଳର ଭୌଗୋଳିକ ସଂରଚନା ଏବଂ ଜଳବାୟୁ ଏତେ ନିଆରା ଯେ, ଏହି ସ୍ଥାନ ବିଜୁଳି ଓ ବଜ୍ରପାତ ଲାଗି ପରିଚିତ। ସେହିପରି ଏଠାକାର ଦୃଶ୍ୟ କୌଣସି ଫିଲ୍ମ ସେଟ୍‌ଠାରୁ କମ୍ ନୁହେଁ। କେଟାଟୁମ୍ବୋ ଲାଇଟ୍‌ନିଂ ଅଞ୍ଚଳରେ ବର୍ଷକୁ ପ୍ରାୟ ୨୮୦ ରାତି ବିଜୁଳି ମାରେ ବୋଲି ବିଶେଷଜ୍ଞମାନେ କହନ୍ତି। କେବଳ ସେତିକି ନୁହେଁ, ଗୋଟିଏ ରାତିରେ ପ୍ରାୟ ୧୦ ଘଣ୍ଟା ବିଜୁଳି ମାରିବାର ଦୃଶ୍ୟ ମଧ୍ୟ ଦେଖିବାକୁ ମିଳେ। ତେଣୁ ଏଥିରୁ ଏକ ପ୍ରକାର ଏହି କଥା ସ୍ପଷ୍ଟ ହେଉଛି ଯେ, ଏଠାକାର ଆକାଶ କେବେ ବି ସମ୍ପୂର୍ଣ୍ଣ ଅନ୍ଧକାରମୟ ହୋଇ ନ ଥାଏ। ଗୋଟିଏ ରାତିରେ ଏଠାରେ ୨୦୦ରୁ ୩୦୦ ଥର ବିଜୁଳି ମାରିବାର ନଜିର ରହିଛି। ଏହି କାରଣରୁ ଏହାକୁ ବିଶ୍ୱର ସର୍ବାଧିକ ବିଜୁଳି ମାରିବା ସ୍ଥାନ ଭାବେ ଗିନିଜ୍ ବିଶ୍ୱ ରେକର୍ଡ ସ୍ୱୀକୃତି ପ୍ରଦାନ କରିଛି। ସେହିପରି ଏଠାକାର ବିଜୁଳି ମାରିବା ଦୃଶ୍ୟ ଏତେ ବେଶୀ ଉଜ୍ଜ୍ୱଳ ଯେ, ଏହାକୁ ୫୦ କିଲୋମିଟର ଦୂରରୁ ଦେଖିବା ସମ୍ଭବ। ଏ ଦୃଶ୍ୟ କେବଳ ବୈଜ୍ଞାନିକଙ୍କ ଲାଗି କେବଳ ଗବେଷଣାର ବିଷୟ ନୁହେଁ, ବରଂ ସ୍ଥାନୀୟ ଲୋକ ଓ ପର୍ଯ୍ୟଟକଙ୍କ ପାଇଁ ଆକର୍ଷଣର କେନ୍ଦ୍ର। ରାତିର ଅନ୍ଧାରରେ ନିରନ୍ତର ବିଜୁଳି ମାରିବାର ଚମକ ଆକାଶକୁ ଏକ ବିଶାଳ ଆଲୋକ ପ୍ରଦର୍ଶନୀ ବା ଲାଇଟ୍ ଶୋ'ରେ ରୂପାନ୍ତରିତ କରିଥାଏ। ଏଠାରେ ପ୍ରତି ସମୟରେ ବିଜୁଳି କାହିଁକି ଗର୍ଜେ, ତାର ରହସ୍ୟ କାହାକୁ ଜଣା ନାହିଁ। ସାଧାରଣତଃ ଗୋଟିଏ ସ୍ଥାନରେ ଏକା ସାଙ୍ଗରେ ଏକରୁ ଅଧିକ ବିଜୁଳି ଗର୍ଜି ନ ଥାଏ। କିନ୍ତୁ ଏଠାରେ ଗୋଟିଏ ସ୍ଥାନରେ ହଜାର ହଜାର ବିଜୁଳି ଏକା ସମୟରେ ଗର୍ଜିଥାଏ। ୧୯୬୦ ମସିହାରେ ଏକ ରିପୋର୍ଟରେ କୁହାଯାଇଥିଲା ଯେ, ଏହି ସ୍ଥାନରେ ୟୁରାନିୟମର ମାତ୍ରା ଅଧିକ ରହିଛି, ତେଣୁ ଏଭଳି ଘଟଣା ଘଟୁଛି। ବୈଜ୍ଞାନିକମାନେ ଏହାକୁ ନେଇ ଅନେକ ଗବେଷଣା ମଧ୍ୟ କରିଛନ୍ତି। ଏଠାରେ ମିଥେନର ମାତ୍ରା ଅଧିକ କାରଣରୁ ଏମିତି ଘଟୁଛି ବୋଲି ବୈଜ୍ଞାନିକମାନେ କହିଛନ୍ତି। କିନ୍ତୁ ଏବେବି ଏହି ୨ଟି ତଥ୍ୟକୁ ନେଇ କୌଣସି ସଠିକ ପ୍ରମାଣ ମିଳିନାହିଁ। ତେଣୁ ଏବେ ବି ଏହା ରହସ୍ୟ ଘେରରେ ରହିଛି।



## 'ନୋ ଏଣ୍ଟ୍ରି ୨' ଛାଡ଼ିଲେ ବରୁଣ




'ନୋ ଏଣ୍ଟ୍ରି ୨'ରେ ବରୁଣ ଧୱନ୍, ଦିଲଜିତ୍ ଦୋସାଞ୍ଜ, ଅର୍ଜୁନ୍ କପୁର ଲିଡ୍ ରୋଲରେ ନଜର ଆସିଥାନ୍ତେ। କିନ୍ତୁ ଏବେ ଏହାର ଦୁଇ ଜଣ କଳାକାର ଫିଲ୍ମ ଛାଡ଼ି ଦେଇଛନ୍ତି। କିଛି ଦିନ ପୂର୍ବରୁ ଦିଲଜିତ୍ ଏଥିରୁ ବାହାରି ଯାଇଥିଲେ। ଏବେ ବରୁଣ ମଧ୍ୟ ଫିଲ୍ମ ଛାଡ଼ି ଦେଇଥିବା କିଛି ରିପୋର୍ଟରେ ପ୍ରକାଶ ପାଉଛି। 'ନୋ ଏଣ୍ଟ୍ରି ୨' ୨୦୦୫ରେ ଆସିଥିବା ଫିଲ୍ମ 'ନୋ ଏଣ୍ଟ୍ରି'ର ସିକ୍ୱେଲ। ମୂଳ ଫିଲ୍ମରେ ସଲମାନ୍ ଖାନ୍, ଫରଦିନ ଖାନ୍, ଅନିଲ କପୁର ଦେଖାଯାଇଥିଲେ। ଏହାର ସିକ୍ୱେଲ ନିର୍ମାଣ ବିଷୟରେ ଫିଲ୍ମ ନିର୍ମାତା ଘୋଷଣା କରିବାରୁ ଏଥିରେ ପୁଣିଥରେ ମୂଳ କଳାକାରମାନେ ନଜରଆସିବେ ବୋଲି ଦର୍ଶକେ ଭାବୁଥିଲେ। କିନ୍ତୁ ଏଥିରେ ବରୁଣ, ଦିଲଜିତ୍ ଓ ଅର୍ଜୁନଙ୍କୁ ବ୍ରେକ୍ ମିଳିଥିଲା। ବରୁଣ ଏବେ 'ଭେଡିୟା ୨'ର ସୁଟିଂରେ ବ୍ୟସ୍ତ ଅଛନ୍ତି। ୨୦୨୭ ଜୁନ୍ ମାସ ବେଳକୁ ସେ ଫ୍ରି ହେବେ। ବରୁଣଙ୍କ ଯୋଗୁଁ 'ନୋ ଏଣ୍ଟ୍ରି ୨'ର ସୁଟ୍ ଅବେକିୟିତ ଅନୁଭବ କରି ସେ ଫିଲ୍ମ ଛାଡ଼ି ଦେଇଛନ୍ତି। ଇତିମଧ୍ୟରେ ଦିଲଜିତ୍ ଓ ବରୁଣ ଫିଲ୍ମ ଛାଡ଼ି ଦେଇଥିବାରୁ ଏବେ ଫିଲ୍ମ ନିର୍ମାତା ଦୁଇଜଣ ନୂଆ କଳାକାରଙ୍କ ସନ୍ଧାନରେ ଅଛନ୍ତି। ଅନୀସ ବଜ୍‌ମୀ ଏହାର ନିର୍ଦ୍ଦେଶନା ଦାୟିତ୍ୱରେ ଅଛନ୍ତି। ସେହିପରି ବରୁଣ ଓ ଦିଲଜିତ୍ ଏକାସଙ୍ଗେ 'ବର୍ଡର ୨' ଫିଲ୍ମରେ ନଜର ଆସିବେ।

## ସଞ୍ଜୀବନୀ

## ବିଶ୍ୱ ଆଘାତ ଦିବସ

**ବର୍ତ୍ତମାନ ସମୟରେ ଟ୍ରମା ବା ମାନସିକ ଆଘାତ ଏକ ପ୍ରମୁଖ ସ୍ୱାସ୍ଥ୍ୟ ସମସ୍ୟା। ଏହା ଅକସ୍ମାତ୍ ହୃତ୍‌ପିଣ୍ଡ ଏବଂ ମସ୍ତିଷ୍କ ଉପରେ ଗଭୀର ପ୍ରଭାବ ପକାଇଥାଏ। ଏହି ରୋଗ ପ୍ରତି ସଚେତନତା ସୃଷ୍ଟି କରିବାକୁ ପ୍ରତିବର୍ଷ ଅକ୍ଟୋବର ୧୭ ତାରିଖକୁ ବିଶ୍ୱ ଟ୍ରମା ଦିବସ ଭାବେ ପାଳନ କରାଯାଇଆସୁଛି। ଟ୍ରମା ପୀଡ଼ିତଙ୍କୁ ସମର୍ଥନ କରିବା ତଥା ଉପଯୁକ୍ତ ଚିକିତ୍ସା ଯୋଗାଇବା ସମ୍ବନ୍ଧରେ ଶିକ୍ଷା ପ୍ରଦାନ କରିବା ଏହି ଦିବସର ମୂଳ ଲକ୍ଷ୍ୟ।**



ଟ୍ରମା ଯେକୌଣସି ବୟସରେ ହୋଇପାରେ। ଟ୍ରମାଟିକ୍ ଆଘାତ ପାଇ ଅଧିକାଂଶ ଦିବ୍ୟାଙ୍ଗ ହୋଇଯାଆନ୍ତି। ଏଥିରେ ମସ୍ତିଷ୍କ ଆଘାତ ମୁଖ୍ୟ ସମସ୍ୟା। ସଡ଼କ ଦୁର୍ଘଟଣା, ହିଂସା, ପ୍ରାକୃତିକ ବିପର୍ଯ୍ୟୟ ଆଦି ଜଣଙ୍କୁ ଆଘାତ ଦେଇଥାଏ। ଆଘାତର ପ୍ରଭାବ ପ୍ରତ୍ୟେକଙ୍କଠାରେ ଭିନ୍ନ ଭିନ୍ନ ଲକ୍ଷଣ ଭାବେ ଦେଖାଯାଇଥାଏ। ଶରୀର ଯନ୍ତ୍ରଣା ହେବା, ଅବସାଦ, ଚିନ୍ତା, କ୍ରୋଧ, ଅନିଦ୍ରା ଆଦି ଏହି ରୋଗର ଲକ୍ଷଣ ହୋଇଥାଏ। ରୋଗର ଚିହ୍ନଟ ପାଇଁ ଡାକ୍ତରଙ୍କ ପରାମର୍ଶରେ ସିଟି ଏବଂ ଏମ୍‌ଆରଆଇ ସ୍କାନ କରାଯାଏ। ଅଭିଜ୍ଞ ଟ୍ରମା ସ୍ପେଶାଲିଷ୍ଟ, ନ୍ୟୁରୋସର୍ଜନ, ହୃଦ୍‌ରୋଗ ବିଶେଷଜ୍ଞ, ଅର୍ଥୋପେଡିକ୍‌ଙ୍କ ତତ୍ତ୍ୱାବଧାନରେ ଚିକିତ୍ସା ଯୋଗାଇ ହୁଏ। ବିଶ୍ୱ ଆଘାତ ଦିବସରେ ସ୍କୁଲ, କଲେଜ ତଥା ବିଭିନ୍ନ ସଂଗଠନରେ ଟ୍ରମା ପୀଡ଼ିତଙ୍କୁ ମାନସିକସ୍ତରରେ କିପରି ସାହାଯ୍ୟ ଯୋଗାଇ ହେବ ସେନେଇ ଜାଗ୍ରତ କରାଯାଏ। ଏନେଇ ସରକାରୀସ୍ତରରେ ବିଭିନ୍ନ ଉନ୍ନୟନମୂଳକ ପଦକ୍ଷେପ ସହିତ ଅଧିକ ଟ୍ରମା କେୟାର ସେଣ୍ଟରମାନ ରହିଛି।

## ସ୍ମାର୍ଟ ଡେଣ୍ଟାଲ ମେସିନ୍
## ଦୁଇ ମିନିଟ୍‌ରେ ମିଳିବ ଦାନ୍ତ ରିପୋର୍ଟ



ଦାନ୍ତବିନ୍ଧା ଏକ ସାଧାରଣ ସମସ୍ୟା। ଦାନ୍ତ ପୋକ ଖାଇଲେ, ଅଧା ଭାଙ୍ଗିଗଲେ, ମାଢ଼ି ସଂକ୍ରମଣ ଆଦି କାରଣରୁ ଦାନ୍ତ ବିନ୍ଧା ହୋଇଥାଏ। ଦାନ୍ତ ବିନ୍ଧା ଯୋଗୁଁ କାନ, ବେକରେ ଯନ୍ତ୍ରଣା ହୁଏ। ତେଣୁ ଦାନ୍ତର ସଠିକ୍ ଯତ୍ନ ନେବା ସହ ଡାକ୍ତରଙ୍କ ପରାମର୍ଶରେ ନିୟମିତ ଦାନ୍ତ ପରୀକ୍ଷା କରାଯାଏ। ହେଲେ ଏବେ ଦିଲ୍ଲୀ, ମୌଲାନା ଆଜାଦ୍ ଇନଷ୍ଟିଚ୍ୟୁଟ୍ ଅଫ୍ ଡେଣ୍ଟାଲ ସାଇନ୍ସରେ ଏକ ସ୍ମାର୍ଟ ଡେଣ୍ଟାଲ ମେସିନ୍ ଲଗାଯାଇଛି। ଯାହାଦ୍ୱାରା ଜଣେ ବ୍ୟକ୍ତି ନିଜେ ନିଜର ଦାନ୍ତ ସ୍କାନ କରି ଏହାର ସୁସ୍ଥତା ବିଷୟରେ ଜାଣିପାରିବେ। ଏହି ମେସିନ୍‌ଟି ଏଆଇ ଆଧାରିତ ସ୍କାନ୍‌ର ଏହାର ପରୀକ୍ଷା କରାଯାଏ। ଏହି ଏଆଇ ଆଧାରିତ ଦାନ୍ତ ରୋବଟ ଏହି ଯାଞ୍ଚରେ ସାହାଯ୍ୟ କରିବ। ଏଥିପାଇଁ ଜଣେ ମେସିନ୍ ପାଖେ ଛିଡା ହୋଇ ନିଜର ମୋବାଇଲ ନମ୍ବର, ନାଁ, ଲିଙ୍ଗ, ବୟସ ଆଦିର ସୂଚନା ଦିଅନ୍ତି। ମେସିନ୍‌ରେ ଲାଗିଥିବା କ୍ୟାମେରା ବ୍ୟକ୍ତିଙ୍କ ଦାନ୍ତକୁ ସ୍କାନ କରି ଫଟୋ ନେଇଥାଏ। ସ୍କାନ ହୋଇଥିବା ଫଟୋ ଆଧାରରେ ଏକ୍ସରେ ରିପୋର୍ଟର ମୂଲ୍ୟାଙ୍କନ ହୁଏ। ଦୁଇ ମିନିଟ୍‌ରେ ରିପୋର୍ଟ ଦିଏ। ରିପୋର୍ଟଟି ପୀଡ଼ିତଙ୍କ ହ୍ୱାଟସଆପ୍‌କୁ ପଠାଯାଏ। ରିପୋର୍ଟ ଆଧାରରେ ଜଣେ ଡାକ୍ତରଙ୍କ ପରାମର୍ଶ ନେଇ ଚିକିତ୍ସା ପାଆନ୍ତି। ଏହି ମେସିନ୍ ସାହାଯ୍ୟରେ ଦାନ୍ତଜନିତ ରୋଗ ତଥା ମୁଖ ଗହ୍ୱର କର୍କଟର ପ୍ରାରମ୍ଭିକ ଅବସ୍ଥାରେ ଜଣାପଡ଼ିବ।

## ଶରୀରକୁ ସୁସ୍ଥ ରଖେ ସଜନା ପତ୍ର ଚୂର୍ଣ୍ଣ

**ଆୟୁର୍ବେଦରେ ସଜନା ପତ୍ରକୁ ସବୁଠୁ ଶକ୍ତିଶାଳୀ ଔଷଧ ଭାବେ ବିବେଚନା କରାଯାଏ। ଏହି ପତ୍ରରେ ଭିଟାମିନ୍, ଆଣ୍ଟି ଅକ୍ସିଡାଣ୍ଟ, ପ୍ରୋଟିନ୍ ଆଦି ପ୍ରଚୁରମାତ୍ରାରେ ରହିଛି। ତେଣୁ ଏହାକୁ ସେବନ କରିବା ଦ୍ୱାରା ଶରୀରରେ ବିଭିନ୍ନ ରୋଗ ଦୂର ହୋଇଥାଏ।**

- ସଜନା ପତ୍ରକୁ ଛାୟା ଶୁଷ୍କ କରି ଚୂର୍ଣ୍ଣ କରି ସେବନ କଲେ, ରୋଗ ପ୍ରତିରୋଧକ ଶକ୍ତି ବୃଦ୍ଧି ପାଏ। ଅବସାଦ ଦୂର ହୁଏ। ଏଥିରେ ଭିଟାମିନ୍-ଏ ଥିବାରୁ ଏହା ଦୃଷ୍ଟିଶକ୍ତି ବୃଦ୍ଧି କରାଏ। ଶରୀରକୁ ସୁସ୍ଥ ରଖେ।
- ସଜନା ପତ୍ରରେ ଆଣ୍ଟି ଇନ୍‌ଫ୍ଲାମେଟୋରୀ ଗୁଣ ରହିଛି। ଏହା ଶରୀରକୁ ବିଭିନ୍ନ ସଂକ୍ରମଣରୁ ସୁରକ୍ଷା ଦିଏ। ଜ୍ୱର, ଥଣ୍ଡା, ଅନ୍ୟାନ୍ୟ ରୋଗରୁ ମୁକ୍ତି ମିଳିଥାଏ।
- ସଜନାପତ୍ର ଚୂର୍ଣ୍ଣ ନିୟମିତ ଖାଇଲେ ମାଂସପେଶୀ ଶକ୍ତ ହୋଇଥାଏ। ଏହା ରକ୍ତରେ ଶର୍କରାକୁ ନିୟନ୍ତ୍ରଣ କରେ। ମଧୁମେହ ରୋଗୀଙ୍କ ପାଇଁ ଏହା ଭଲ। ଏହି ଚୂର୍ଣ୍ଣ ପାଚନକ୍ରିୟାକୁ ସକ୍ରିୟ କରି କୋଷ୍ଠକାଠିନ୍ୟ, ଗ୍ୟାସ୍ ଆଦି ଦୂର କରେ।
- ଆୟୁର୍ବେଦ ଚିକିତ୍ସକଙ୍କ ପରାମର୍ଶ ନେଇ ଏହି ଚୂର୍ଣ୍ଣକୁ ଅନୁମୋଦିତ ହାରରେ ଦୁଗ୍ଧ, ପାଣି କିମ୍ବା ଜୁସ୍‌ରେ ମିଶାଇ ସକାଳୁ ଖାଲି ପେଟରେ କିମ୍ବା ଖାଇବା ପରେ ସେବନ କରିପାରିବେ। କୌଣସି ସ୍ୱାସ୍ଥ୍ୟ ସମସ୍ୟା ଥିଲେ ଡାକ୍ତରଙ୍କ ପରାମର୍ଶରେ ଏହାକୁ ସେବନ କରିବା ଆବଶ୍ୟକ।



## ଶିଶୁ କର୍କଟ
## ପ୍ରାରମ୍ଭିକ ଅବସ୍ଥାରୁ ଚିହ୍ନଟ ଜରୁରି

**ଦୈନନ୍ଦିନ ଜୀବନଚର୍ଯ୍ୟା, ଖାଦ୍ୟପେୟ ଶୈଳୀ, ଶାରୀରିକ ନିଷ୍କ୍ରିୟତା, ବଂଶାନୁଗତ ଆଦି କାରଣରୁ କର୍କଟ ରୋଗ ହୋଇଥାଏ। ଏହି ରୋଗ ସାଧାରଣତଃ ବୟସ୍କଙ୍କ ସହିତ ଅଧିକ ଜଡିତ । ହେଲେ ଏବେ ଶିଶୁ କର୍କଟ ବୈଶ୍ୱିକସ୍ତରରେ ଚିନ୍ତା ସୃଷ୍ଟି କରୁଛି। ଛୋଟ ପୁଅ-ଝିଅଙ୍କ ମଧ୍ୟରେ ଭିନ୍ନ ଭିନ୍ନ ପ୍ରକାର କର୍କଟ ଦେଖାଯାଉଛି। ତେଣୁ ଏହି କର୍କଟର ପ୍ରାରମ୍ଭିକ ଅବସ୍ଥାକୁ ଚିହ୍ନଟ କରି ଚିକିତ୍ସା କରିବା ଜରୁରି।**



ଶିଶୁ କର୍କଟ ଏକ ବିରଳ ରୋଗ । ମୁଖ୍ୟତଃ ପ୍ରଦୂଷଣ, ପରିବେଶଗତ ସମସ୍ୟା, ବଂଶାନୁଗତ, ମା'ମାନେ ନିଶାସେବନ ବା ଧୂମପାନ କରିବା, ଗର୍ଭାବସ୍ଥାରେ ମାତୃସ୍ୱାସ୍ଥ୍ୟ ସଂକ୍ରମଣ ଏବଂ ନିର୍ଦ୍ଦିଷ୍ଟ ଜେନେଟିକ୍ ଅବସ୍ଥା ପରି କାରଣଗୁଡ଼ିକ ଶିଶୁ କର୍କଟର ରୋଗର ବିପଦକୁ ପ୍ରଭାବିତ କରିପାରେ।

**ପୁଅଙ୍କୁ ଲ୍ୟୁକେମିଆ ଓ ଝିଅଙ୍କୁ ୱିଲମ୍ସ ଟ୍ୟୁମରର ବିପଦ**

ପୁଅ ଓ ଝିଅଙ୍କ ମଧ୍ୟରେ କର୍କଟ ବିପଦର ସାମାନ୍ୟ ପାର୍ଥକ୍ୟ ଦେଖାଯାଏ। ସ୍ୱାସ୍ଥ୍ୟ ଗବେଷଣାରୁ ଜଣାପଡ଼ିଛି ଯେ, ପୁଅଙ୍କୁ ଲ୍ୟୁକେମିଆ, ଲିମ୍ଫୋମା, ମସ୍ତିଷ୍କ ଟ୍ୟୁମର ଏବଂ ନ୍ୟୁରୋବ୍ଲାଷ୍ଟୋମା ଭଳି କର୍କଟ ବିପଦ ଅଧିକ ଥିବାବେଳେ ଝିଅଙ୍କ କ୍ଷେତ୍ରରେ ୱିଲମ୍ସ ଟ୍ୟୁମର(ବୃକ୍‌କ ଟ୍ୟୁମର) ଅଧିକ ଦେଖାଯାଏ। ଏହି ଲିଙ୍ଗଗତ ପାର୍ଥକ୍ୟ ପଛରେ କାରଣକୁ ଏବେବି ବିଶେଷଜ୍ଞମାନେ ଅନୁସନ୍ଧାନ କରୁଛନ୍ତି।

**ଲକ୍ଷଣକୁ ବୁଝନ୍ତୁ:** ଶିଶୁଙ୍କଠାରେ ଲଗାତାର ଅସାଧାରଣ ଲକ୍ଷଣ ଯେପରିକି ବିନା କାରଣରେ ଓଜନ କମ୍ ହେବା, ଥକ୍କାପଣ, ଦୀର୍ଘ ସମୟ ଧରି ଜ୍ୱର ରହିବା, ଲସିକା ଗ୍ରନ୍ଥି ଫୁଲି ରହିବା, ତ୍ୱଚା ହଳଦିଆ ପଡ଼ିବା, ହାଡ଼ ଯନ୍ତ୍ରଣା ଆଦି ଲକ୍ଷଣ ଦେଖାଦେଲେ ଡାକ୍ତରଙ୍କ ପରାମର୍ଶ ନିଅନ୍ତୁ। ତେବେ ଶିଶୁ କର୍କଟର ବିପଦ ବୟସ୍କ କର୍କଟ ରୋଗ ପରି ନୁହେଁ। ଡାଉନସିଣ୍ଡ୍ରୋମ, ଏଚ୍‌ଆଇଭି, ଏପଷ୍ଟିନ୍-ବାର ଭୂତାଣୁ, କିମ୍ବା ବଂଶାନୁଗତ ସମସ୍ୟା ଥିଲେ ଗର୍ଭାବସ୍ଥା ସମୟରେ ବି ମା' ମାନେ ସ୍କ୍ରିନିଂ କରାଇ ପାରିବେ।

**କର୍କଟ ଆଶଙ୍କାକୁ କମ୍ କରିବାର ଉପାୟ:** ତେଲ ଛଣା, ରାଗ ଓ ମସଲା ଖାଦ୍ୟ ବଦଳରେ ଶିଶୁଙ୍କୁ ବିଭିନ୍ନ ପ୍ରକାର ଫଳ, ପନିପରିବାଯୁକ୍ତ ସନ୍ତୁଳିତ ଖାଦ୍ୟ ଖାଇବାକୁ ଦିଅନ୍ତୁ। ମା'ମାନେ ଫୋଲିକ ଏସିଡ୍ ଯୁକ୍ତ ପ୍ରିନାଟାଲ ଭିଟାମିନ୍ ଗ୍ରହଣ କରିବା ଦ୍ୱାରା ଲ୍ୟୁକେମିଆ ଏବଂ ମସ୍ତିଷ୍କଟ୍ୟୁମର ବିପଦ ହ୍ରାସ ହୋଇଥାଏ। ପିଲାଙ୍କୁ ଖେଳକୁଦ ତଥା ଶାରୀରିକ ସକ୍ରିୟ ରହିବାକୁ ପ୍ରୋତ୍ସାହିତ କରନ୍ତୁ। ସ୍କ୍ରିନ୍ ସମୟ କମ୍ କରିବା ସହ ଧୂଆଁ, ବାୟୁ ପ୍ରଦୂଷଣ, ଏକ୍ସରେ କିମ୍ବା ସିଟିସ୍କାନ ଭଳି ଅନାବଶ୍ୟକ ପରୀକ୍ଷା ଆଦିଠୁ ପିଲାଙ୍କୁ ଦୂରେଇ ରଖନ୍ତୁ। ଭିଟାମିନ୍ ଡି ସେବନ କର୍କଟ ଆଶଙ୍କାକୁ ହ୍ରାସ କରିବାରେ ମଧ୍ୟ ସହାୟକ ହୋଇଥାଏ।

ଶିଶୁଙ୍କୁ ହେପାଟାଇଟିସ୍ ବି (ଏଚ୍‌ବିଭି) ଏବଂ ହ୍ୟୁମାନ୍ ପାପିଲୋମା ଭୂତାଣୁ (ଏଚ୍‌ପିଭି) ପରି ଟିକାକରଣ କରିବାକୁ ଭୁଲନ୍ତୁନି। ଏହା ଯକୃତ କର୍କଟ ତଥା ଅନ୍ୟାନ୍ୟ କର୍କଟରୁ ସୁରକ୍ଷା ଦେବାରେ ସାହାଯ୍ୟ କରେ। ଅସ୍ୱାଭାବିକ ଲକ୍ଷଣ ଦୀର୍ଘ ସମୟ ଧରି ଦେଖାଗଲେ ଶିଶୁ ବିଶେଷଜ୍ଞଙ୍କୁ ପରାମର୍ଶ କରନ୍ତୁ। ନିୟମିତ ଶିଶୁଙ୍କ ସ୍ୱାସ୍ଥ୍ୟ ପରୀକ୍ଷା ଦ୍ୱାରା ଗମ୍ଭୀର ସ୍ୱାସ୍ଥ୍ୟ ସମସ୍ୟା ବିଷୟରେ ପ୍ରାଥମିକ ଅବସ୍ଥାରୁ ଜଣାପଡ଼ିଥାଏ।

■ ମହିଳା ବିଶ୍ୱକପ୍ କ୍ରିକେଟ

## ଅଷ୍ଟ୍ରେଲିଆ ୧୦ ୱିକେଟରେ ବିଜୟୀ



ବିଶାଖାପାଟଣା,୧୬।୧୦(ଏଜେନ୍ସି): ବାଂଲାଦେଶକୁ ୧୦ ୱିକେଟରେ ପରାସ୍ତ କରି ଡିଫେଣ୍ଡିଂ ଚାମ୍ପିଅନ ଅଷ୍ଟ୍ରେଲିଆ ଏଠାରେ ଚାଲିଥିବା ମହିଳା ବିଶ୍ୱକପ୍ କ୍ରିକେଟ ପ୍ରତିଯୋଗିତା ପଏଣ୍ଟ ଟେବଲର ଶୀର୍ଷ ସ୍ଥାନରେ ପହଞ୍ଚିଛି। ଏହି ମ୍ୟାଚ୍‌ରେ ପ୍ରଥମେ ବ୍ୟାଟିଂ କରି ବାଂଲାଦେଶ ନିର୍ଦ୍ଧାରିତ ୫୦ ଓଭରରେ ୯ ୱିକେଟ ହରାଇ ୧୯୮ ରନ୍ କରିଥିଲା। ଜବାବରେ ଅଷ୍ଟ୍ରେଲିଆ ଏହାର ଅଧା ବା ୨୪.୫ ଓଭରରେ କୌଣସି ୱିକେଟ ନ ହରାଇ ବିଜୟୀ ହୋଇଥିଲା। ବିଜୟୀ ଦଳ ପକ୍ଷରୁ ଓପନର, ୱିକେଟ ରକ୍ଷକ ତଥା ଅଧିନାୟକ ଅଲିସା ହିଲି ୭୭ ବଲ୍‌ରେ ୨୦ ଚୌକା ସହ ୧୧୩ ଏବଂ ତାଙ୍କ ପାର୍ଟନର ଫୋଏବ୍ ଲିଚ୍‌ଫିଲ୍ଡ ୭୨ ବଲ୍‌ରୁ ୧୨ ଚୌକା ଓ ୧ ଛକା ସହ ୮୪ ରନ୍‌ରେ ଅପରାଜିତ ରହିଥିଲେ। ଏମାନେ ପ୍ରଥମ ୱିକେଟ ଭାଗୀଦାରିରୁ ୨୦୨ ରନ୍ ଉଠାଇଥିଲେ। ଏହି ବିଜୟ ଫଳରେ ଅଷ୍ଟ୍ରେଲିଆ ୫ମ ମ୍ୟାଚ୍‌ରୁ ଚତୁର୍ଥ ବିଜୟ ଓ ଗୋଟିଏ ବାତିଲ ମ୍ୟାଚ୍‌ରୁ ୯ ପଏଣ୍ଟ ସଂଗ୍ରହ କରି ଟେବଲର ଶୀର୍ଷସ୍ଥାନରେ ରହିଛି। ପ୍ରଥମ ଦଳ ଭାବେ ଅଷ୍ଟ୍ରେଲିଆ ମଧ୍ୟ ସେମିଫାଇନାଲରେ ପ୍ରବେଶ କରିଛି। ଅଷ୍ଟ୍ରେଲିଆ ୧୦ ୱିକେଟରେ ଜିତିଥିଲେ ମଧ୍ୟ ବାଂଲାଦେଶ ଇନିଂସରେ ୧୦ ଓଭର ବୋଲିଂ କରି ମାତ୍ର ୧୮ ରନ୍ ଦେଇ ୨ଟି ୱିକେଟ ନେଇଥିବା ଆଲାନ କିଙ୍ଗଙ୍କୁ ମ୍ୟାଚ୍‌ର ଶ୍ରେଷ୍ଠ ଖେଳାଳି ବିବେଚିତ କରାଯାଇଛି। ପୂର୍ବରୁ ବାଂଲାଦେଶ ଇନିଂସରେ ଶୋଭନା ମୋସ୍ତାରି ଅପରାଜିତ ୬୬ ଓ ରୁବେୟା ହାଇଦର ୪୪ ରନ୍‌ର ଉପଯୋଗୀ ଇନିଂସ ଖେଳିଥିଲେ। ଅଷ୍ଟ୍ରେଲିଆ ପକ୍ଷରୁ ଆଶ୍‌ଲେ ଗାର୍ଡନର, ଆନାବେଲ ସଦରଲାଣ୍ଡ, କିଙ୍ଗ୍ ଓ ଜର୍ଜିଆ ୱେରହାମ୍ ୨ଟି ଲେଖାଏଁ ୱିକେଟ ନେଇ ବାଂଲା ବ୍ୟାଟିଂର ମେରୁଦଣ୍ଡ ଭାଙ୍ଗିଦେଇଥିଲେ।

| |
|---|
| ଆଜିର ମ୍ୟାଚ୍ |
| ଦକ୍ଷିଣ ଆଫ୍ରିକା-ଶ୍ରୀଲଙ୍କା |
| ସ୍ଥାନ- କଲମ୍ବୋ |
| ଖେଳ ଆରମ୍ଭ- ଅପରାହ୍ଣ ୩ଟା |
| ପ୍ରସାରଣ- ଷ୍ଟାରସ୍ପୋର୍ଟ୍ସ |

## ସୁପର କପ୍‌ରୁ ଓହରିଲା ରିଅଲ କାଶ୍ମୀର

ନୂଆଦିଲ୍ଲୀ,୧୬।୧୦(ଏଜେନ୍ସି): ଦଳର ବିଦେଶୀ ଖେଳାଳିଙ୍କୁ ଭିସା ମିଳିବାରେ ବିଳମ୍ବ ହେବାରୁ ଶ୍ରୀନଗର ଭିତ୍ତିକ ଫୁଟବଲ କ୍ଲବ୍ ରିଅଲ କାଶ୍ମୀର ୨୦୨୫-୨୬ ଏଆଇଏଫ୍ଏଫ୍ ସୁପର କପ୍‌ରୁ ଓହରିଯାଇଛି। ଗ୍ରୁପ୍-ଏ'ରେ ସ୍ଥାନ ପାଇଥିବା ଏହି ଦଳ ଟୁର୍ଣ୍ଣାମେଣ୍ଟର ଆରମ୍ଭ ହେବାର ଅଳ୍ପଦିନ ପୂର୍ବରୁ ଓହରିଯାଇଛି। ରିଅଲ କାଶ୍ମୀର ଏଫ୍‌ସି ସ୍ଥାନରେ ଡେମ୍ପୋ ସ୍ପୋର୍ଟ୍ସ କ୍ଲବ୍ ଖେଳିବ ବୋଲି ଏଆଇଏଫ୍ଏଫ୍ ପକ୍ଷରୁ ଆଜି ଘୋଷଣା କରାଯାଇଛି। ଗ୍ରୁପ୍-ଏ'ରେ ଡେମ୍ପୋ ସହ ଚେନ୍ନାଇନ୍ ଏଫ୍‌ସି, ମୋହନ ବାଗାନ ସୁପର ଜାଏଣ୍ଟ ଓ ଇଷ୍ଟ ବେଙ୍ଗଲ ଏଫ୍‌ସିକୁ ସ୍ଥାନ ମିଳିଛି। ୨୫ରେ ଇଷ୍ଟ ବେଙ୍ଗଲ ସହ ଡେମ୍ପୋ ତାହାର ପ୍ରଥମ ମ୍ୟାଚ୍ ଖେଳିବ।

■ ସିକେ ନାଇଡୁ ଟ୍ରଫି

## ଓଡ଼ିଶା ୧୫୯ ରନରେ ଅଲଆଉଟ୍

କଟକ,୧୬।୧୦(ସମିସ): ୨୩ ବର୍ଷରୁ କମ୍ ପୁରୁଷ ବର୍ଗର ଜାତୀୟ କ୍ରିକେଟ ଟୁର୍ଣ୍ଣାମେଣ୍ଟ ସିକେ ନାଇଡୁ ଟ୍ରଫି ଗୁରୁବାର ଠାରୁ ଆରମ୍ଭ ହୋଇଛି। ହାଇଦ୍ରାବାଦର ରାଜୀବ ଗାନ୍ଧୀ ଅନ୍ତର୍ଜାତୀୟ ଷ୍ଟାଡିୟମରେ ଘରୋଇ ହାଇଦ୍ରାବାଦକୁ ଭେଟିଛି ଓଡ଼ିଶା ଦଳ। ପ୍ରଥମ ଦିବସରେ ଓଡ଼ିଶା ବ୍ୟାଟିଂ ବିପର୍ଯ୍ୟୟର ସମ୍ମୁଖୀନ ହୋଇ ୧୫୯ ରନରେ ଅଲଆଉଟ ହୋଇଛି। ଜବାବରେ ହାଇଦ୍ରାବାଦ ୪ ୱିକେଟ ହରାଇ ୧୦୯ ରନ ସଂଗ୍ରହ କରିଛି। ଓଡ଼ିଶା ଅଧିନାୟକ ସାଇଦୀପ ମହାପାତ୍ର ଟସ୍ ଜିତି ପ୍ରଥମେ ବ୍ୟାଟିଂ ନିଷ୍ପତ୍ତି ନେଇଥିଲେ। ୨୦ରନରେ ପ୍ରଥମ ୱିକେଟ ହରାଇଥିବା ଓଡ଼ିଶାର ମଧ୍ୟକ୍ରମ ବ୍ୟାଟିଂ ଲାଇନଅପ ଭୁଷୁଡ଼ି ପଡ଼ିଥିଲା। ଓପନର ପାନକଜ ଶଶାଙ୍କ ସର୍ବାଧିକ ୩୭ରନ କରିଥିଲେ। ହାଇଦ୍ରାବାଦର ଏମ ଶଶାଙ୍କ ଓ ପ୍ରଣବ ବର୍ମା ୪ଟି ଲେଖାଏ ୱିକେଟ ଅକ୍ତିଆର କରିଥିଲେ। ନିଜସ୍ୱ ଗ୍ରାଉଣ୍ଡରେ ଓଡ଼ିଶାକୁ କଡ଼ା ଜବାବ ଦେବାରେ ହାଇଦ୍ରାବାଦ ସଫଳ ହୋଇଛି। ଅମନ ରାଓ ୫୫ରନ ଏବଂ ନାଇଟ ୱାଚମ୍ୟାନ ଶଶାଙ୍କ ଶୂନରେ ଅପରାଜିତ ଅଛନ୍ତି। ଓଡ଼ିଶାର ଆୟୁଷ ବାରିକ ୨ଟି ୱିକେଟ ଦଖଲ କରିଛନ୍ତି।

୩ ଦିନିକିଆ ଓ ୫ ଟି-୨୦ ଅନ୍ତର୍ଜାତୀୟ ମୁକାବିଲା

# ୧୯ରୁ ଭାରତର ଅଷ୍ଟ୍ରେଲିଆ ଅଭିଯାନ

ନୂଆଦିଲ୍ଲୀ,୧୬।୧୦(ଏଜେନ୍ସି):

ଅନ୍ତର୍ଜାତୀୟ କ୍ରିକେଟରେ ଅଷ୍ଟ୍ରେଲିଆ ଏବେ ଭାରତର ନୂଆ ପ୍ରତିଦ୍ୱନ୍ଦ୍ୱୀ। ଏକଦା ଅଷ୍ଟ୍ରେଲିଆକୁ ହରାଇବା ଭାରତ ଲାଗି କଷ୍ଟକର ହେଉଥିଲାବେଳେ ଏବେ ସ୍ଥିତି ଭିନ୍ନ ହୋଇଛି। ଅଷ୍ଟ୍ରେଲିଆ ମାଟିରେ ମଧ୍ୟ ଭାରତ ପ୍ରଭାବୀ ଖେଳ ପ୍ରଦର୍ଶନ କରିଛି। ଦୁଇଦେଶ ମଧ୍ୟରେ ଅନୁଷ୍ଠିତ ଦ୍ୱିପାକ୍ଷିକ ସିରିଜ୍‌ରେ ଅଷ୍ଟ୍ରେଲିଆର ବିଜୟ ପ୍ରତିଶତକୁ ପ୍ରତିହତ କରିବାରେ ଭାରତ ସମର୍ଥ ହୋଇ ନ ଥିଲେ ମଧ୍ୟ ଲଢୁଆ ଖେଳ ପ୍ରଦର୍ଶନ କରି ବେଶ ଲୋକପ୍ରିୟତା ହାସଲ କରିଛି। ଟେଷ୍ଟ ଓ ଟି-୨୦ ଫର୍ମାଟରେ ଉଭୟଙ୍କ ମଧ୍ୟରେ ଅଧିକ କଡ଼ା ମୁକାବିଲା ହୋଇଛି। ମୋଟାମୋଟି କହିବାକୁ ଗଲେ ଭାରତ ଓ ଅଷ୍ଟ୍ରେଲିଆ କ୍ରିକେଟ ଖେଳରେ ଏବେ ନୂଆ ପ୍ରତିଦ୍ୱନ୍ଦ୍ୱୀ ସାଜିଛନ୍ତି। ଦିନିକିଆ ବିଶ୍ୱକପ୍ ଫାଇନାଲ ପରେ ଭାରତ ଓ ଅଷ୍ଟ୍ରେଲିଆ ମଧ୍ୟରେ ପ୍ରଥମଥର ଆସନ୍ତା ୧୯ରୁ ଏକ ୩ ମ୍ୟାଚ୍ ବିଶିଷ୍ଟ ଦିନିକିଆ ସିରିଜ୍ ଆରମ୍ଭ ହେବ। ଏହା ପରେ ୫ ମ୍ୟାଚ୍ ବିଶିଷ୍ଟ ଟି-୨୦ ସିରିଜ୍ ମଧ୍ୟ ଖେଳାଯିବ। ଏଥିଲାଗି ଉଭୟ ଦଳ ପ୍ରସ୍ତୁତି ଶେଷ କରିଥିଲେ ମଧ୍ୟ ଆହତ ସମସ୍ୟା ଯୋଗୁଁ ଅଷ୍ଟ୍ରେଲିଆର ନିୟମିତ ଅଧିନାୟକ ପ୍ୟାଟ କମିନ୍ସ ଏହି ସିରିଜ୍‌ରେ ଖେଳିବେ ନାହିଁ। ମିଚେଲ ମାର୍ଶ ଦଳର ନେତୃତ୍ୱ ନେବେ। ଉଭୟ ଦେଶ ମଧ୍ୟରେ ନେତୃତ୍ୱ କିଏ ନେଉଛି, କିଏ ଉପସ୍ଥିତ ବା ଅନୁପସ୍ଥିତ ରହୁଛି ତାହା ବଡ଼ କଥା ନୁହେଁ, ପଡ଼ିଆରେ କିଏ କେତେ ସଫଳ ହେଉଛି ତାହା ହେଉଛି ଗୁରୁତ୍ୱପୂର୍ଣ୍ଣ। ଏଭଳି ସ୍ଥିତିରେ ବିଶ୍ୱର ସବୁଠାରୁ ଅଭିଜ୍ଞ ଦୁଇ ଖେଳାଳି ଭାରତର ପୂର୍ବତନ ଅଧିନାୟକ ରୋହିତ ଶର୍ମା ଓ ବିରାଟ କୋହଲି ସମ୍ଭବତଃ ଶେଷଥର ଲାଗି ଅଷ୍ଟ୍ରେଲିଆରେ ଖେଳିବେ। ଉଭୟ ଖେଳାଳି ଟେଷ୍ଟ ଓ ଟି-୨୦ ଫର୍ମାଟରୁ ଅବସର ନେଇସାରିଛନ୍ତି। ଏଣୁ ଏହି ସିରିଜ୍ ଉଭୟଙ୍କ ଲାଗି ଅଷ୍ଟ୍ରେଲିଆରେ ଶେଷ ସିରିଜ୍ ହେବ ଓ ଉଭୟ ଭାରତୀୟ ଦଳରେ ରହିବେ କି ନାହିଁ ତାହା ମଧ୍ୟ ସ୍ପଷ୍ଟ ହେବ। ସମସ୍ତ ଦୃଷ୍ଟି କୋଣରୁ ତର୍ଜମା କଲେ ଏହି ସିରିଜ୍ ଅଷ୍ଟ୍ରେଲିଆ ଅପେକ୍ଷା ଭାରତ ଲାଗି ବେଶ ମହତ୍ତ୍ୱ ରଖୁଛି। ରୋହିତ ଶର୍ମାଙ୍କ ସ୍ଥାନରେ ଶୁବମନ ଗିଲ୍ ଏବେ ଭାରତର ଉଭୟ ଟେଷ୍ଟ ଓ ଦିନିକିଆ ଅଧିନାୟକ ଦାୟିତ୍ୱରେ ରହିଛନ୍ତି।



| |
|---|
| ଖେଳ ଆରମ୍ଭ (ଭାରତୀୟ ସମୟ) |
| ଦିନିକିଆ : ସକାଳ ୯ଟା<br>ଟି-୨୦ : ଅପରାହ୍ଣ ୧ଟା ୪୫ ମିନିଟ୍ |
| ପ୍ରସାରଣ<br>ଷ୍ଟାର ସ୍ପୋର୍ଟ୍ସ ନେଟ୍‌ୱର୍କ, ଜିଓ ହଟ୍‌ଷ୍ଟାର |

ଚଳିତ ୩ ମ୍ୟାଚ୍ ବିଶିଷ୍ଟ ସିରିଜ୍ ଅଷ୍ଟ୍ରେଲିଆରେ ଖେଳାଯିବ। ଏହି ସିରିଜ୍‌ର ପ୍ରଥମ ମୁକାବିଲା ପର୍ଥର ଫାଷ୍ଟ ପିଚ୍‌ରେ ଅକ୍ଟୋବର ୧୯ ତାରିଖ ବା ଆସନ୍ତା ରବିବାର ଖେଳାଯିବ। ଶୁବମନ ଗିଲ୍‌ଙ୍କ ନେତୃତ୍ୱରେ ଭାରତୀୟ ଦଳ ଏବେ ଅଷ୍ଟ୍ରେଲିଆରେ ପହଞ୍ଚିସାରିଛି। ପିଚ୍ ଓ ପରିବେଶ ସହ ଖାପ୍ ଖୁଆଇବା ପରେ ଲଢ଼େଇ ଲାଗି ପ୍ରସ୍ତୁତ ହେବ। ଅଷ୍ଟ୍ରେଲିଆରେ ଭାରି ଶେଷଥର ୨୦୧୮-୧୯ରେ ୩ ମ୍ୟାଚ୍ ବିଶିଷ୍ଟ ଦିନିକିଆ ସିରିଜ୍‌କୁ ୨-୧ରେ ଜିତିଥିଲା। ଏହା ପରେ ଆଉ ଗୋଟିଏ ସିରିଜ୍ ଖେଳାଯାଇଛି ଓ ଏହାକୁ ଅଷ୍ଟ୍ରେଲିଆ ବିଜୟୀ ହୋଇଛି। ଏବେ ନୂଆ ଖେଳାଳିଙ୍କୁ ନେଇ ଭାରତୀୟ ଦଳ ଅଷ୍ଟ୍ରେଲିଆର ମୁକାବିଲା କରିବାକୁ ଯାଉଛି। ଅଷ୍ଟ୍ରେଲିଆ ଦଳରେ ସ୍ଥାନ ପାଇଥିବା ପ୍ରାୟ ସମସ୍ତ ଖେଳାଳି ଆଇପିଏଲ୍‌ରେ ଖେଳିଛନ୍ତି। ଏଣୁ ଉଭୟ ଦଳର ଖେଳାଳିମାନେ ପରସ୍ପର ଖେଳ ଓ ରଣନୀତି ସମ୍ପର୍କରେ ବେଶ ଅବଗତ ଅଛନ୍ତି। ଏଣୁ ପିଚ୍ ଓ ପରିବେଶକୁ ଭାରତୀୟ ଦଳ କିପରି ଖାପ୍ ଖୁଆଇବ ତାହା ଉପରେ ଖେଳର ସ୍ଥିତି ନିର୍ଭର କରୁଛି। ଶେଷଥର ଉଭୟଙ୍କ ମଧ୍ୟରେ ଏକ ସିରିଜ୍ ୨୦୨୩-୨୪ ସିଜନରେ ଭାରତରେ ଖେଳାଯାଇଥିଲା। ଘରୋଇ ମାଟିରେ ଭାରତ ଏହାକୁ ଜିତିବାରେ ସମର୍ଥ ହୋଇଥିଲା। ଏବେ ନୂଆ ଖେଳାଳି ଓ ନୂଆ ନେତୃତ୍ୱରେ ଏକ ଭିନ୍ନ ଲଢ଼େଇ ଦେଖିବାକୁ ମିଳିବ ବୋଲି ଆଶା କରାଯାଉଛି।

ରୋହିତ, କୋହଲି ଓ ଗିଲ୍‌ଙ୍କ ଉପରେ ନଜର: ଚାମ୍ପିଅନ୍ସ ଟ୍ରଫି ପରେ ବିରାଟ କୋହଲି ଓ ରୋହିତ ଶର୍ମାଙ୍କର ଏହା ପ୍ରଥମ ପ୍ରତିଯୋଗିତାମୂଳକ କ୍ରିକେଟ ହେବ। ଏହି ଦୁଇ ଖେଳାଳି ଏବେ କେବଳ ଦିନିକିଆ ଫର୍ମାଟରେ ଅନ୍ତର୍ଜାତୀୟ କ୍ରିକେଟ ଖେଳୁଛନ୍ତି। ଦିନିକିଆ ବିଶ୍ୱକପ୍ ୨୦୨୭ରେ ଖେଳାଯିବ। ଏହା ମଧ୍ୟରେ ଟିମ୍ ସଜାଡିନେବାକୁ ସମସ୍ତ ଉଦ୍ୟମ କରିବ ଟିମ୍ ଇଣ୍ଡିଆ। ରୋହିତ ଓ କୋହଲିଙ୍କ ନେଇ ଭାରତ ବିଶ୍ୱକପ୍ ଖେଳିବ କିମ୍ବା ସେମାନଙ୍କୁ ବାଦ୍ ଦେବ ତାହାର ପୂର୍ବାନୁମାନ କରିବା କଷ୍ଟକର। କିନ୍ତୁ ଏହି ସିରିଜ୍‌ରୁ ସେମାନଙ୍କ ଭବିଷ୍ୟତ ସମ୍ପର୍କରେ ନିଶ୍ଚିତ କିଛି ସ୍ପଷ୍ଟ ସୂଚନା ମିଳିବ। ସେହିପରି ଶୁବମନ ଗିଲଙ୍କ ନେତୃତ୍ୱରେ ଭାରତ ଦିନିକିଆ ସିରିଜ୍ ଖେଳିବାକୁ ଯାଉଛି। ଇଂଲଣ୍ଡରେ ଟେଷ୍ଟ ଦଳର ନେତୃତ୍ୱ ନେଇ ଗିଲ ଉଭୟ ବ୍ୟାଟିଂ ଓ ନେତୃତ୍ୱରେ ବେଶ ସଫଳତା ଲାଭ କରିଥିଲେ। ଏବେ ଆଉ ଏକ ପରୀକ୍ଷାର ସମ୍ମୁଖୀନ ହୋଇଛନ୍ତି ଗିଲ୍। ଏଣୁ ଭାରତର ଏହି ସିରିଜ୍‌ରେ ୩ ତାରକା ଖେଳାଳିଙ୍କ ଉପରେ ନିଶ୍ଚିତ ନଜର ରହିବ।

| ଖେଳ ସୂଚୀ- ଦିନିକିଆ | | |
|---|---|---|
| ତାରିଖ | ମ୍ୟାଚ୍ | ଭେନ୍ୟୁ |
| ୧୯।୧୦ | ପ୍ରଥମ ଦିନିକିଆ | ପର୍ଥ |
| ୨୩।୧୦ | ଦ୍ୱିତୀୟ ଦିନିକିଆ | ଆଡିଲେଡ୍ |
| ୨୫।୧୦ | ତୃତୀୟ ଦିନିକିଆ | ସିଡନୀ |
| **ଖେଳ ସୂଚୀ- ଟି-୨୦ ଅନ୍ତର୍ଜାତୀୟ** | | |
| ତାରିଖ | ମ୍ୟାଚ୍ | ଭେନ୍ୟୁ |
| ୨୯।୧୦ | ପ୍ରଥମ ଟି-୨୦ | କାନବେରା |
| ୩୧।୧୦ | ଦ୍ୱିତୀୟ ଟି-୨୦ | ମେଲବୋର୍ଣ୍ଣ |
| ୨।୧୧ | ତୃତୀୟ ଟି-୨୦ | ହୋବାର୍ଟ |
| ୬।୧୧ | ଚତୁର୍ଥ ଟି-୨୦ | ଗୋଲ୍ଡ କୋଷ୍ଟ |
| ୮।୧୧ | ପଞ୍ଚମ ଟି-୨୦ | ବ୍ରିସ୍‌ବେନ୍ |

**ଭାରତର ଖେଳାଳି ଦଳ**

**ଦିନିକିଆ ଦଳ:** ଶୁବମନ ଗିଲ୍ (ଅଧିନାୟକ), ରୋହିତ ଶର୍ମା, ବିରାଟ କୋହଲି, ଶ୍ରେୟସ ଆୟର (ଉପଅଧିନାୟକ), ଲୋକେଶ ରାହୁଲ, ଯଶସ୍ୱୀ ଜୟସ୍ୱାଲ, ନୀତୀଶ କୁମାର ରେଡ୍ଡୀ, ଧ୍ରୁବ ଜୁରେଲ, ଅକ୍ଷର ପଟେଲ, ୱାଶିଂଟନ ସୁନ୍ଦର, କୁଲଦୀପ ଯାଦବ, ମହମ୍ମଦ୍ ସିରାଜ, ଅର୍ଶଦୀପ ସିଂହ, ପ୍ରସିଦ୍ଧ କ୍ରିଷ୍ଣା, ହର୍ଷିତ ରାଣା।

**ଟି-୨୦ ଦଳ:** ସୂର୍ଯ୍ୟକୁମାର ଯାଦବ (ଅଧିନାୟକ), ଶୁବମନ ଗିଲ୍ (ଉପଅଧିନାୟକ), ଅଭିଷେକ ଶର୍ମା, ତିଳକ ବର୍ମା, ସଞ୍ଜୁ ସାମସନ (ୱିକେଟରକ୍ଷକ), ନୀତୀଶ କୁମାର ରେଡ୍ଡୀ, ଶିବମ ଦୁବେ, ରିଙ୍କୁ ସିଂ, ଜିତେଶ ଶର୍ମା (ୱିକେଟରକ୍ଷକ), ଅକ୍ଷର ପଟେଲ, ୱାଶିଂଟନ ସୁନ୍ଦର, କୁଲଦୀପ ଯାଦବ, ବରୁଣ ଚକ୍ରବର୍ତ୍ତୀ, ଯଶପ୍ରୀତ ବୁମ୍‌ରା, ଅର୍ଶଦୀପ ସିଂହ, ହର୍ଷିତ ରାଣା।

## ଭାଇଙ୍କୁ ଗୁରୁଗ୍ରାମ ସମ୍ପତ୍ତି ହସ୍ତାନ୍ତର କଲେ କୋହଲି

ଗୁରୁଗ୍ରାମ୍, ୧୬।୧୦ (ଏଜେନ୍ସି): ଭାରତୀୟ ବ୍ୟାଟିଂ ସୁପରଷ୍ଟାର ବିରାଟ କୋହଲି ଗୁରଗ୍ରାମରେ ଥିବା ତାଙ୍କ ସମ୍ପତ୍ତି ଭାଇ ବିକାଶଙ୍କୁ ହସ୍ତାନ୍ତର କରିଛନ୍ତି। ସେ ବିକାଶଙ୍କ ନାମରେ ସବୁ ସମ୍ପତ୍ତି ଲେଖିଛନ୍ତି ଓ ପାୱାର ଅଫ୍ ଆଟର୍ଣ୍ଣି ଭାଇଙ୍କ ନାଁରେ କରିଛନ୍ତି। ଏଥିପାଇଁ ସେ ମଙ୍ଗଳବାର ଗୁରୁଗ୍ରାମ୍‌ର ୱଜିରାବାଦ୍ ତହସିଲ ଅଫିସ୍‌ରେ ପହଞ୍ଚିଥିଲେ। ସେ ତହସିଲ୍‌ରେ ଏକ ଘଣ୍ଟା ରହିଥିଲେ ଓ ଉପସ୍ଥିତ ସବୁ କର୍ମଚାରୀଙ୍କ ସହ ଫଟୋ ଉଠାଇଥିଲେ। ଏହାପରେ ସେ ଦିଲ୍ଲୀ ବିମାନବନ୍ଦରରୁ ଅଷ୍ଟ୍ରେଲିଆ ଗସ୍ତ କରିଥିଲେ। କୋହଲି ପତ୍ନୀ ତଥା ଅଭିନେତ୍ରୀ ଅନୁଷ୍କା ଶର୍ମା ଓ ପୁଅ-ଝିଅଙ୍କ ସହ ସହ ଲଣ୍ଡନରେ ଅବସ୍ଥାନ କରୁଛନ୍ତି। ସେ ଭାରତରେ କମ୍ ସମୟ ରହୁଛନ୍ତି। ସେଥିପାଇଁ ସେ ତାଙ୍କ ସମ୍ପତ୍ତିକୁ ଭାଇ ନାଁରେ କରିଛନ୍ତି। ଗୁରୁଗ୍ରାମ୍‌ରେ ଡିଏଲ୍ଏଫ୍ ସିଟିରେ କୋହଲିଙ୍କ ଏକ ଘର ଓ ଫ୍ଲାଟ ରହିଛି। ଉଲ୍ଲେଖଥାଉ କି, କୋହଲି ଟି-୨୦ ଓ ଟେଷ୍ଟ କ୍ରିକେଟରୁ ଅବସର ଘୋଷଣା କରିସାରିଛନ୍ତି। ସେ ୧୯ରୁ ଆରମ୍ଭ ହେବାକୁ ଯାଉଥିବା ଦିନିକିଆ ସିରିଜ ଖେଳିବାକୁ ଅଷ୍ଟ୍ରେଲିଆ ଗସ୍ତ କରିଛନ୍ତି।



## ଅଭିଷେକ, ମନ୍ଧାନା ସେପ୍ଟେମ୍ବରର ଶ୍ରେଷ୍ଠ ଆଇସିସି କ୍ରିକେଟର

ଦୁବାଇ, ୧୬।୧୦ (ଏଜେନ୍ସି): ଭାରତୀୟ ବିସ୍ଫୋରକ ବ୍ୟାଟର ଅଭିଷେକ ଶର୍ମା ଓ ସ୍ମୃତି ମନ୍ଧାନା ଯଥାକ୍ରମେ ପୁରୁଷ ଓ ମହିଳା ବିଭାଗରେ ସେପ୍ଟେମ୍ବର ମାସର ଅନ୍ତର୍ଜାତୀୟ କ୍ରିକେଟ ପରିଷଦ (ଆଇସିସି) ପ୍ଲେୟର ଅଫ୍ ଦି ମ୍ୟାଚ୍ ବିବେଚିତ ହୋଇଛନ୍ତି। ଗତମାସରେ ୟୁଏଇରେ ଅନୁଷ୍ଠିତ ଟି-୨୦ ଏସିଆକପ୍‌ରେ ସେ ଭାରତ ପାଇଁ ଇନିଂସ ଓପନ କରି ଧୂଆଁଧାର ବ୍ୟାଟିଂ କରିବା ସହ ୭ରୁ ୬ଟି ମ୍ୟାଚ୍‌ରେ ଜବରଦସ୍ତ ଆରମ୍ଭ ପ୍ରଦାନ କରିଥିଲେ। ଟୁର୍ଣ୍ଣାମେଣ୍ଟରେ ସେ ମୋଟ୍ ୩୧୪ ରନ ସଂଗ୍ରହ କରି ଏହି ପୁରସ୍କାର ହାସଲ କରିଛନ୍ତି। ଏହିକ୍ରମରେ ଅଭିଷେକ ନିଜର ଦେଶର ତାରକା ସ୍ପିନର କୁଲଦୀପ ଯାଦବ ଓ ଜିମ୍ବାୱେରେ ଓପନିଂ ବ୍ୟାଟର ବ୍ରାଏନ ବେନେଟଙ୍କୁ ପଛରେ ପକାଇଛନ୍ତି। କୁଲଦୀପ ଏସିଆକପ୍‌ରେ ୧୭ଟି ୱିକେଟ ଅକ୍ତିଆର କରି ଭାରତକୁ ଚାମ୍ପିଅନ କରାଇବାରେ ପ୍ରମୁଖ ଭୂମିକା ଗ୍ରହଣ କରିଥିଲେ। ସେହିପରି ବେନେଟ ଟି-୨୦ ବିଶ୍ୱକପ୍ କ୍ୱାଲିଫାୟରରେ ଶତକ ହାସଲ କରିଥିଲେ। ଏସିଆକପ୍‌ରେ ଅଭିଷେକ ୭ଟି ମ୍ୟାଚ୍ ଖେଳିଥିଲେ। ସେ ୨୦୦ ଷ୍ଟ୍ରାଇକ୍‌ରେଟ୍ ୬ଟି ମ୍ୟାଚ୍‌ରେ ୩୦ରୁ ଉର୍ଦ୍ଧ୍ୱ ରନ୍ ସଂଗ୍ରହ କରିଥିଲେ। ସେ ୩ଟି ଅର୍ଦ୍ଧଶତକ ହାସଲ କରିଥିଲେ। ସୁପର-୪ ପର୍ଯ୍ୟାୟରେ ସେ ପାକିସ୍ତାନ ବିପକ୍ଷରେ ୭୪ ଓ ବାଂଲାଦେଶ ବିପକ୍ଷରେ ୭୫ ରନର ଇନିଂସ ଖେଳିଥିଲେ। ଟୁର୍ଣ୍ଣାମେଣ୍ଟରେ ସର୍ବାଧିକ ରନ୍ ସଂଗ୍ରହ କରିବା ସହ ସେ ସର୍ବାଧିକ ବାଉଣ୍ଡାରୀ ମାରିଥିଲେ।





ଅନ୍ୟପଟେ ମହିଳା କ୍ରିକେଟରେ ଭରତୀୟ ବାହହାତୀ ବ୍ୟାଟର ସ୍ମୃତି ମନ୍ଧାନା ମଧ୍ୟ ଆଇସିସି ପ୍ଲେୟର ଅଫ୍ ଦି ମନ୍ଥ ବିବେଚିତ ହୋଇଛନ୍ତି। ସେ ପାକିସ୍ତାନର ସିଦ୍ରା ଅମିନ ଓ ଦକ୍ଷିଣ ଆଫ୍ରିକାର ତାଜମିନ ବ୍ରିଟ୍‌ଜଙ୍କୁ ପଛରେ ପକାଇ ସେପ୍ଟେମ୍ବର ଶ୍ରେଷ୍ଠ ମହିଳା କ୍ରିକେଟର ବିବେଚିତ ହୋଇଛନ୍ତି।

## ୨୫ରୁ ମହିଳା କାୟାକିଂ ଓ କାନୋଇଂ ଲିଗ୍

କଟକ, ୧୬।୧୦ (ସମିସ): ଜଗତପୁରସ୍ଥିତ ଜଳକ୍ରୀଡ଼ା କେନ୍ଦ୍ରରେ ଆସନ୍ତା ୨୫ରୁ ଖେଲୋ ଇଣ୍ଡିଆ ମହିଳା କାୟାକିଂ ଓ କାନୋଇଂ ଲିଗ୍ ଆରମ୍ଭ ହେବ। କେବଳ ମହିଳା ପ୍ରତିଯୋଗୀଙ୍କୁ ନେଇ ହେବାକୁ ଥିବା ଏହି ପ୍ରତିଯୋଗିତା ଦୁଇ ଦିନ ଧରି ଚାଲିବ। ସମସ୍ତ ବୟସ ବର୍ଗର ଖେଳାଳି ଏଥିରେ ଅଂଶ ଗ୍ରହଣ କରିବେ। ଏପରିକି ଓଡ଼ିଶାରେ ଚାକିରି କରିଥିବା ଅନ୍ୟ ରାଜ୍ୟର ଜଳକ୍ରୀଡ଼ାବିତ୍ ମାନେ ମଧ୍ୟ ଭାଗ ନେଇ ପାରିବେ। ରାଜ୍ୟ ସଂଘର ସମସ୍ତ ଅନୁବନ୍ଧିତ ୟୁନିଟକୁ ଏ ବାବଦରେ ସୂଚନା ଦିଆଯାଇଛି। ଏଭଳି ଲିଗ୍ ଆୟୋଜନ ଦ୍ୱାରା ଓଡ଼ିଶାରୁ କାୟାକିଂ ଓ କାନୋଇଂ ପ୍ରତିଭା ଚିହ୍ନଟ ହେବେ ବୋଲି ରାଜ୍ୟ ସଂଘ ସମ୍ପାଦକ ବିପିନ ଦାଶ ପ୍ରେସବିବୃତ୍ତି ମାଧ୍ୟମରେ ଜଣାଇଛନ୍ତି।

ବାରବାଟୀ ରଣଜୀ

# ରାଜେଶ ଧୂପର୍ ଶତକରୁ ବଞ୍ଚିତ

କଟକ,୧୬।୧୦(ସମିସ):

ବାରବାଟୀ ଷ୍ଟାଡିୟମର ଘରୋଇ ପରିବେଶରେ ବରୋଦାକୁ ଟକ୍କର ଦେବାରେ ଓଡ଼ିଶା ବିଫଳ ହୋଇଛି। ଓଡ଼ିଶାର ପାଳି ୨୭୧ରନରେ ସୀମିତ ରହିବା ପରେ ବରୋଦା ୨ ୱିକେଟ ହରାଇ ୧୨୭ରନ କରିଛି। ଓପନର ଶିବାଲିକ ଶର୍ମା ୭୫ରନରେ ଅପରାଜିତ ରହିଛନ୍ତି। ହାତରେ ୮ ୱିକେଟ ବାକି ରଖି ୧୪୪ରନରେ ପଛୁଆ ଥିବା ବରୋଦା ଏଠାରେ ଇନିଂସ ଅଗ୍ରଣୀ ଦିଗରେ ଅଗ୍ରସର ହେଉଛି। ଶୁକ୍ରବାର ଖେଳର ୩ୟ ଦିବସ। ବରୋଦାର ପ୍ରଥମ ଇନିଂସକୁ ଯଥାଶୀଘ୍ର ସମାପ୍ତ କରିବାକୁ ଓଡ଼ିଶା ଲକ୍ଷ୍ୟ ରଖିବ। ଓଡ଼ିଶାର ବୋଲିଂ ଆଗରେ ଅତ୍ୟନ୍ତ ଧୈର୍ଯ୍ୟର ସହ ଖେଳି ବରୋଦା ପ୍ରଥମ ଇନିଂସ ଅଗ୍ରଣୀ ଲକ୍ଷ୍ୟରେ ରହିଛି। ଓଡ଼ିଶା ଇନିଂସରେ ରାଜେଶ ଧୂପର ସର୍ବାଧିକ ୯୪ ରନ୍‌ରେ ଆଉଟ ହୋଇଥିଲାବେଳେ ମାତ୍ର ୬ ରନ୍ ଲାଗି ଶତକରୁ ବଞ୍ଚିତ ହୋଇଛନ୍ତି।

**ଓଡ଼ିଶା ୨୭୧/୧୦;**
**ବରୋଦା ୧୨୭/୨**



ଓଡ଼ିଶାର ଅସମାପ୍ତ ପ୍ରଥମ ପାଳି ୨୦୫/୫ରୁ ଗୁରୁବାର ଖେଳ ଆରମ୍ଭ ହୋଇଥିଲା। ୭୬ରନରେ ଅପରାଜିତ ଥିବା ରାଜେଶ ଧୂପରଙ୍କ ସହ କ୍ରିଜରେ ଯୋଗ ଦେଇଥିଲେ ୱିକେଟକିପର ଆଶୀର୍ବାଦ ସ୍ୱାଇଁ। ଉଭୟଙ୍କ ଭିତରେ ୪୫ରନର ଭାଗିଦାରୀ ସୃଷ୍ଟି ହୋଇଥିଲା। ତେବେ ୯୪ରନରେ ପହଞ୍ଚିଥିବା ରାଜେଶଙ୍କୁ ଏଲବିଡବ୍ଲ୍ୟୁ କରି ଅତୀତ ସେଠ୍ ଓଡ଼ିଶାକୁ ବଡ ଝଟ୍‌କା ଦେଇଥିଲେ। ୨୫୨ବଲ ସମ୍ମୁଖୀନ ହୋଇ ୭ଟି ଚୌକା ଓ ୨ଟି ଛକା ବଳରେ ରାଜେଶ ଏହି ଲଢୁଆ ଅର୍ଦ୍ଧଶତକୀୟ ପାଳି ଖେଳିଥିଲେ। ଦଳୀୟସ୍କୋରରେ ଆଉ ୩ରନ୍ ଯୋଡ଼ି ହେବା ପରେ ଆଶୀର୍ବାଦ (୨୨ରନ) ପ୍ୟାଭିଲିୟନ ଫେରିଥିଲେ। ରାଜେଶ ମହାନ୍ତି ୮ରନ, ସୁନୀଲ ରାଉଳ ୯ରନ, ସୁମିତ ଶର୍ମା ଶୂନରେ ଆଉଟ ହେବା ସହ ଓଡ଼ିଶା ପାଳିର ପରିସମାପ୍ତି ଘଟିଥିଲା। ବରୋଦାର ଅତୀତ ୪ଟି ୱିକେଟ ହାସଲ କରିଥିବା ବେଳେ ରସିକ ସଲାମ ୩ଟି ଓ ଭାର୍ଗବ ଭଟ୍ଟ ୨ଟି ୱିକେଟ ଅକ୍ତିଆର କରିଛନ୍ତି। ରସିକ୍ ଓଡ଼ିଶାର ଶେଷ ୩ଟି ୱିକେଟ ନେବାରେ ସଫଳ ହୋଇଥିଲେ। ଜ୍ୟୋସ୍ନିଲ ସିଂହ ଓ ଶିବାଳିକ ଶର୍ମା ଓପନିଂ ଭାଗିଦାରୀରେ ୩୭ରନ ସଂଗ୍ରହ କରିଥିଲେ। ଅତ୍ୟନ୍ତ ଧୀମା ଗତିରେ ଖେଳୁଥିବା ଜ୍ୟୋସ୍ନିଲ ୧୨ରନ କରିଥିବା ବେଳେ ରନଆଉଟ ହୋଇ କ୍ରିଜ ଛାଡ଼ିଥିଲେ। ପରେ କ୍ରିଜକୁ ଆସିଥିବା ଶାଶ୍ୱତ ରାଉତ ଗୋବିନ୍ଦ ପୋଦ୍ଦାରଙ୍କ ସ୍ପିନ ଜାଲରେ ଫସିଥିଲେ। ମାତ୍ର ୮ରନରେ ସେ ୱିକେଟକିପର ଆଶୀର୍ବାଦଙ୍କ ହାତରେ ଧରା ପଡ଼ିଥିଲେ। ୫୧ରନରେ ପ୍ରଥମ ଦୁଇ ୱିକେଟ ହରାଇଥିବା ବରୋଦା ଦଳ ଓଡ଼ିଶା ବୋଲରଙ୍କୁ ଆଉ ସୁଯୋଗ ନଦେଇ ଦଳୀୟସ୍କୋରକୁ ୧୨୭ରେ ପହଞ୍ଚାଇଛି। ଶିବାଲିକ ୭୫ରନ ଏବଂ ସୁକୀର୍ତ୍ତ ପାଣ୍ଡେ ୩୨ରନରେ ଅପରାଜିତ ଅଛନ୍ତି। ଶିବାଲିକ୍ ଏହି ସ୍କୋର କରିବାକୁ ୧୬୬ଟି ଓ ସୁକୀର୍ତ୍ତ ୧୧୪ଟି ବଲ୍‌ର ସମ୍ମୁଖୀନ ହୋଇଥିଲେ। ଉଭୟ ବୋଲର ଗୋଟିଏ ଲେଖାଏଁ ଛକା ମାରିଥିଲାବେଳେ ଶିବାଲିକ ୬ଟି ଓ ସୁକୀର୍ତ୍ତ ତାଙ୍କ ଇନିଂସରେ ୩ଟି ଚୌକା ମାରିଥିଲେ। ଓଡ଼ିଶାର ପ୍ରମୁଖ ବୋଲର ରାଜେଶ ମହାନ୍ତି, ସୁନୀଲ ରାଉଳ, ସୁମିତ ଶର୍ମା ଏବଂ ବାଦଲ ବିଶ୍ୱାଳଙ୍କ ୱିକେଟ ଖାତା ଖାଲି ରହିଛି। କାମଚଲା ସ୍ପିନର ଗୋବିନ୍ଦ ପୋଦ୍ଦାରଙ୍କୁ ୨ଟି ଯାକ ୱିକେଟ ମିଳିଛି।

ୟୁନିଲାଇଟ୍ କପ୍

## ସେମିରେ ଓଡିଏମ୍ ଗ୍ଲୋବାଲ୍ ସ୍କୁଲ୍

ଭୁବନେଶ୍ୱର, ୧୬।୧୦ (ସମିସ): ଭୁବନେଶ୍ୱର ଭେଟେରାନ ଫୁଟବଲ ଖେଳାଳି ସଂଘ ଆନୁକୂଲ୍ୟରେ ସ୍ଥାନୀୟ ୟୁନିଟ୍-୧ ଫୁଟବଲ ଏକାଡେମୀ ପଡିଆରେ ଚାଲିଥିବା ୟୁନିଲାଇଟ୍ ଆନ୍ତଃସ୍କୁଲ ଫୁଟବଲ ଟୁର୍ଣ୍ଣାମେଣ୍ଟରେ ଓଡ଼ିଏଲ୍ ଗ୍ଲୋବାଲ ସ୍କୁଲ ସେମିଫାଇନାଲରେ ପ୍ରବେଶ କରିଛି। ଗୁରୁବାର ଅନୁଷ୍ଠିତ କ୍ୱାର୍ଟରଫାଇନାଲ ମୁକାବିଲାରେ ଓଡ଼ିଏମ୍ ଟାଇବ୍ରେକରରେ ୬-୫ ଗୋଲରେ ଗଣ୍ଡରପୁରର ଅରବିନ୍ଦ ହାଇସ୍କୁଲକୁ ପରାସ୍ତକରି ସେମିକୁ ଉଠିଛି। ନିର୍ଦ୍ଧାରିତ ସମୟ ସୁଦ୍ଧା ମ୍ୟାଚ୍ ୧-୧ ଗୋଲ୍‌ରେ ଅମୀମାଂସିତ ରହିଥିଲା। ଗଣ୍ଡରପୁରର ଓମ୍ ସାଇ ସତ୍ୟଜିତ ଦଳାଇ ପେନାଲ୍ଟି ଜରିଆରେ ଗୋଲ ଦେଇ ଦଳକୁ ଅଗ୍ରଣୀ କରାଇଥିଲେ। ଦ୍ୱିତୀୟାର୍ଦ୍ଧରେ ଗ୍ଲୋବାଲର ଆୟୁଷ ଖୋଗେ ଗୋଲ ଦେଇ ମ୍ୟାଚ୍‌କୁ ବରାବର ସ୍ଥିତିକୁ ଆଣିଥିଲେ। ମ୍ୟାଚ୍ ଅମୀମାଂସିତ ରହିବା ଫଳରେ ଟାଇବ୍ରେକରର ସହାୟତା ନିଆଯାଇଥିଲା। ଅତିଥି ଭାବେ ରାଜକୁମାର ମଣ୍ଡଳ ଓ ଅରୁଣ କୁମାର ବଳିୟାରସିଂ ମ୍ୟାନ ଅଫ୍ ଦି ମ୍ୟାଚ୍ ପୁରସ୍କାର ଗଣ୍ଡରପୁର ଗୋଲରକ୍ଷକ ସତ୍ୟଜିତ ପଡିହାରୀଙ୍କୁ ପ୍ରଦାନ କରିଥିଲେ। ପୁରସ୍କାର ବିତରଣୀ ଉତ୍ସବରେ ସଭାପତି ନବରଞ୍ଜନ ପଟ୍ଟନାୟକ, ଆଶୋକ କୁମାର ପଟ୍ଟନାୟକ ଉପସ୍ଥିତ ଥିଲେ। ରାଜୁ ମହାନ୍ତି, ସରୋଜ ମହରାଣା, ଶେଖାଓତ ଖାନ୍, ଅମିତ ନାୟକ ଖେଳ ପରିଚାଳନା କରିଥିବା ବେଳେ ମ୍ୟାଚ୍ କମିଶନର ଭାବେ ଟି ମୋହନରାଓ ଦାୟିତ୍ୱ ସମ୍ପାଦନ କରିଥିଲେ। ଶୁକ୍ରବାର ଗ୍ଲୋବାଲ ହାଇସ୍କୁଲ ପଟିଆ ଓ ଜଟଣୀ ସରକାରୀ ସ୍କୁଲ ପରସ୍ପରକୁ ଭେଟିବେ।




PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, SWOTI VILLAGE, PANIKOILI-755043, DIST: JAJPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS